ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ 25

PARYABEKHYAK पर्यवेक्षक

Vol.26 . No.26 Bhubaneswar Friday March 03 2023 | ୨୬ତମ ବର୍ଷ ସଂଖ୍ୟା–୨୬ ଭୁବନେଶ୍ୱର, ଶୁକ୍ରବାର, ମାର୍ଚ୍ଚ ୦୩, ୨୦୨୩ | (୮ ପୃଷ୍ଠା) | ମୂଲ୍ୟ–୧.୫୦ ₹ 1.50 | (Air Surcharge - 0.50P) | Member-INS


# କାହାର କଟିବ ଟିକେଟ୍ : ବିଜେଡି କରୁଛି ସର୍ଭେ, ପରଖୁଛି ଲୋକଙ୍କ ମୁଡ୍

ଭୁବନେଶ୍ୱର, ୨।୩(ପି.ଏନ): ସାଧାରଣ ନିର୍ବାଚନକୁ ଦୃଷ୍ଟିରେ ରଖି ରାଜ୍ୟର ୩ ପ୍ରମୁଖ ରାଜନୀତିକ ଦଳ ବିଜେଡି, ବିଜେପି ଓ କଂଗ୍ରେସ ମଧ୍ୟରେ ଛକାପଞ୍ଝା ଓ ଉଷ୍ମତା ବୃଦ୍ଧି ସହ ବିଭିନ୍ନ ସାଂଗଠନିକ କାର୍ଯ୍ୟକ୍ରମ ଆରମ୍ଭ ହୋଇଛି । ଆଉ ଏସବୁ ଭିତରେ ଗତ ୨୩ ବର୍ଷ ଧରି କ୍ଷମତାସୀନ ବିଜେଡି ରାଜ୍ୟର ଭୋଟରଙ୍କ ମୁଡ୍ ପରଖିବାକୁ ଏବେ ରାଜ୍ୟ ବାହାରର ସଂସ୍ଥା ମାଧ୍ୟମରେ 'ସର୍ଭେ ' କାର୍ଯ୍ୟକ୍ରମ ଜାରି ରଖିଛି । ଏହି ସର୍ଭେ ରିପୋର୍ଟ ଆଧାରରେ ଦଳ ଆଗାମୀ ସାଧାରଣ ନିର୍ବାଚନରେ କାହାକୁ ପୁଣି ଥରେ ବିଧାୟକ ଓ ସାଂସଦ ଭାବେ ରିପିଟ୍ କରିବ ତଥା କେଉଁଠି ନୂଆ ମୁହଁ ଦେବ ତା'ର ନିଷ୍ପତ୍ତି ନେବ ବୋଲି ସୂଚନା ମିଳିଛି। ଏବେ ବାଲେଶ୍ୱର ଜିଲ୍ଲାରେ ଏହି ସର୍ଭେ ଟିମ୍ ଭୋଟର ତାଲିକା ଧରି ଗାଁକୁ ଗାଁ ବୁଲି ପ୍ରାୟ ୨୧ଟି ପ୍ରଶ୍ନ ମାଧ୍ୟମରେ ଭୋଟରଙ୍କ ମୁଡ୍ ପରଖୁଥିବା ଜଣାପଡିଛି ।ମିଳିଥିବା ସୂଚନା ଅନୁସାରେ, ଦିଲ୍ଲୀର ଏକ ସଂସ୍ଥା ଏବେ ଓଡିଶାରେ ବିଜେଡି ନିମନ୍ତେ ସର୍ଭେ କାର୍ଯ୍ୟ ଚ଼ଳାଇଛି । ବାଲେଶ୍ୱର ଜିଲ୍ଲାରୁ ଏହି ସର୍ଭେ ? କାର୍ଯ୍ୟ ଆରମ୍ଭ ହୋଇଛି । ଜିଲ୍ଲାର ବିଭିନ୍ନ ନିର୍ବାଚ଼ନମଣ୍ଡଳୀକୁ ଭୋଟର ତାଲିକା ଧରି ଯାଉଥିବା ଏହି ଟିମ୍ ଏକ ନିର୍ଦ୍ଦିଷ୍ଟ ଫର୍ମାଟରେ ଲୋକଙ୍କ ମତାମତ ସଂଗ୍ରହ କରୁଛି। ପ୍ରାୟ ୨୧ଟି ପ୍ରଶ୍ନର ଉତ୍ତର ଏହି ଟିମ୍



ସଂଗ୍ରହ କରୁଥିବା ଜଣାପଡିଛି ।ଏ ସମ୍ପର୍କରେ ବାଲେଶ୍ୱର ବିଜେଡି ବିଧାୟକ ସ୍ୱରୂପ ଦାସ 'ଓଡିଶା ରିପୋର୍ଟର'କୁ ପ୍ରତିକ୍ରିୟା ଦେଇ ତାଙ୍କ ନିର୍ବାଚ଼ନମଣ୍ଡଳୀରେ ଏଭଳି ସର୍ଭେ ? ଚ଼ାଲିଥିବାକୁ ସ୍ୱୀକାର କରିଛନ୍ତି । କିନ୍ତୁ କିଏ ଓ କାହିଁକି ଏଭଳି ସର୍ଭେ କରୁଛି ତାହା ସେ ଜାଣନ୍ତି ନାହିଁ । ଗତ ୬–୭ଦିନ ହେଲା ତାଙ୍କ ନିର୍ବାଚ଼ନମଣ୍ଡଳୀରେ ଏହି ସର୍ଭେ ? ହେଉଥିବା ନେଇ ତାଙ୍କ ଦଳର କର୍ମୀମାନେ ତାଙ୍କୁ ଜଣାଇଛନ୍ତି । ଏନେଇ ସେ ମଧ୍ୟ ଦଳର ଜିଲ୍ଲା ପର୍ଯ୍ୟବେକ୍ଷକଙ୍କୁ ଅବଗତ କରାଇଛନ୍ତି ବୋଲି କହିଛନ୍ତି ।ବିଜେଡି ସୂତ୍ର ଅନୁସାରେ ଦଳ ଆଗାମୀ ସାଧାରଣ ନିର୍ବାଚ଼ନରେ ଦଳର ନବାଗତ ବିଧାୟକମାନଙ୍କ ମଧ୍ୟରୁ ପ୍ରାୟ ୫୦% ବିଧାୟକଙ୍କ ଟିକେଟ୍ କାଟିବା ସହ କିଛି ପୁରୁଖା ନେତାଙ୍କୁ ମଧ୍ୟ ଟିକେଟ୍ ନଦେବାକୁ ନିଷ୍ପତ୍ତି ନେଇଛି । ବରିଷ୍ଠ ନେତା ପ୍ରଫୁଲ୍ଲ ସାମଲ, ଅନନ୍ତ ଦାସ, ବଦ୍ରିନାରାୟଣ ପାତ୍ର, ଅଶ୍ୱିନୀ ପାତ୍ର, ନୃସିଂହ ସାହୁ, ଶଶୀଭୂଷଣ ବେହେରା, ପଦ୍ମନାଭ ବେହେରା, ଉଷା ଦେବୀ, ପ୍ରମୋଦ ମଲ୍ଲିକ, ଜିତୁ ମିତ୍ର , ପ୍ରଫୁଲ୍ଲ ମଲ୍ଲିକ, ଦେବୀ ପ୍ରସାଦ ମିଶ୍ର, ରଣେନ୍ଦ୍ର ପ୍ରତାପ ସ୍ୱାଇଁ , ଭୂପିନ୍ଦର ସିଂ ଆଦିଙ୍କୁ ଦଳୀୟ ଟିକେଟ୍ ଦେବାର ସମ୍ଭାବନା କ୍ଷୀଣ ଥିବାବେଳେ ମହିଳା ପ୍ରାର୍ଥୀଙ୍କ ସଂଖ୍ୟା ବୃଦ୍ଧି କରିବ ବୋଲି ଜଣାପଡିଛି । ଦଳର ୪୬ଜଣ ନୂଆ ବିଧାୟକ(ପ୍ରଥମଥର ନିର୍ବାଚ଼ିତ)ଙ୍କ ମଧ୍ୟରୁ ପ୍ରାୟ ୫୦ ପ୍ରତିଶତଙ୍କୁ ପୁଣି ଟିକେଟ୍ ଦେଇନପାରେ । ଦଳ ପାଖରେ ଏବେ ୧୬ଜଣ ମହିଳା ବିଧାୟିକା ଥିବାବେଳେ ସେମାନଙ୍କ ସଂଖ୍ୟା ବୃଦ୍ଧି ପାଇଁ ଅଧିକ ସଂଖ୍ୟକ ମହିଳାଙ୍କୁ ଟିକେଟ୍ ଦେବା ଉପରେ ବିଜେଡି ନେତୃତ୍ୱ ବିଚ଼ାରବିମର୍ଶ କରୁଥିବା ଜଣାପଡିଛି । ତେବେ ଏହି ସର୍ଭେ ? ରିପୋର୍ଟ ଆଧାରରେ ଦଳ ନିଜର ରଣନୀତିକୁ ଚୂଡାନ୍ତ କରିବ ବୋଲି ସୂଚ଼ନା ମିଳିଛି।


ORGANIZATION OF UNITED WORKING JOURNALISTS (OUWJ)

ସମ୍ମିଳିତ କର୍ମଜୀବୀ ସାମ୍ବାଦିକ ସଂଘ

REGD. NO : 1155/CTC/2016

୭ମ ପ୍ରତିଷ୍ଠା ଉତ୍ସବ

ସ୍ଥାନ – ଉତ୍କଳ କରାଟେ ସ୍କୁଲ୍ ପ୍ରେକ୍ଷାଳୟ

ତାରିଖ – ୩ ମାର୍ଚ୍ଚ ୨୦୨୩, ପୂର୍ବାହ୍ନ – ୧୦.୩୦ ମି.

ମହାଶୟା / ମହାଶୟ,

ଆମ ସାମ୍ବାଦିକ ସଂଘର "୭ମ ପ୍ରତିଷ୍ଠା ଉତ୍ସବ" ଉତ୍କଳ କରାଟେ ସ୍କୁଲ୍ ସଭାଗୃହରେ ମାର୍ଚ୍ଚ ୩ ତାରିଖ ଶୁକ୍ରବାର ଦିନ ପୂର୍ବାହ୍ନ ଘ୧୦:୩୦ ମିନିଟ୍ ରେ ଅନୁଷ୍ଠିତ ହେବା ସହିତ ଗ୍ରାମୀଣ ସାମ୍ବାଦିକ କଲ୍ୟାଣ ଯୋଜନାର ଶୁଭାରମ୍ଭ କରାଯିବ ।

ଏହି ଉତ୍ସବରେ ବହୁ ବିଶିଷ୍ଟ ରାଜନେତା ମନ୍ତ୍ରୀ, ବୁଦ୍ଧିଜୀବୀ, ସାମ୍ବାଦିକ ଓ ବହୁ ବିଶିଷ୍ଟ ବ୍ୟକ୍ତି ବକ୍ତା ଭାବରେ ଯୋଗଦେବାର କାର୍ଯ୍ୟକ୍ରମ ରହିଅଛି ।

ଆପଣମାନଙ୍କୁ ସାଦର ନିମନ୍ତ୍ରଣ ।

ହୃଷିକେଶ ମହାନ୍ତି
ରାଜ୍ୟ ସାଧାରଣ ସମ୍ପାଦକ

ସଂଜୟ ଦାସ
ରାଜ୍ୟ ସଭାପତି

ORGANIZATION OF UNITED WORKING JOURNALISTS (OUWJ)

REGD. NO : 1155/CTC/2016

7TH

FOUNDATION DAY CELEBRATION

Gramina Sambadika Kalyan Yojana
Felicitation Programme :

Utkal Karate School Auditorium
Sachivalaya Marg, Unit-9,
(Near Krushak Samaj), Bhubaneswar

3rd March 2023 at 10.30 am.

Admn off : Plot No. 445, Sahid Nagar, Bhubaneswar-751007
Mob. No. +91-7978561039, 9937156936, 7873831073
E-mail : ouwjallodisha@gmail.com


## ନକଲି ଔଷଧର ଉତର ପ୍ରଦେଶ ଲିଙ୍କ୍

ଭୁବନେଶ୍ୱର, ୨।୩(ପି.ଏନ): ନକଲି ଔଷଧ କାରବାର ବିରୁଦ୍ଧରେ ଅନ୍ୟ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ ଭାବେ ଉତ୍ତର ପ୍ରଦେଶ ଲିଙ୍କ୍ ସଙ୍କେତ ଉପରେ ଠୋସ୍ କାର୍ଯ୍ୟାନୁଷ୍ଠାନ ଆରମ୍ଭ ହୋଇଛି । ଓଡ଼ିଶା ସରକାର ଉତର ପ୍ରଦେଶ ସରକାରଙ୍କୁ ଦେଇଥିବା ସୂଚନା ଓ ତଥ୍ୟ ଭିତିରେ ଉତର ପ୍ରଦେଶ ଷ୍ଟେଟ୍ ଟାସ୍କ ଫୋର୍ସ ସନ୍ଦେହ ଜନକ ସ୍ଥାନରେ ଗତକାଲି ଚଢାଉ କରିଥିଲେ । ଓଡ଼ିଶାର ବରଗଡ଼ ଓ ଝାରସୁଗୁଡ଼ା ଜିଲ୍ଲାରୁ ମିଳିଥିବା ସମସ୍ତ ଔଷଧ ଉତ୍ତର ପ୍ରଦେଶରୁ ଅଣାଯାଇଥିବାର ଏହି ଚଢାଉରୁ ଜଣାପଡିଥିଲା । ସିକନ୍ଦରାବାଦ ପୋଲିସ ଷ୍ଟେସନ୍ ଅନ୍ତର୍ଗତ ବୁଲନ୍ଦସହରର ଅଶୋକ କୁମାରଙ୍କର ଏକ ଘର ଚଢାଉରୁ ସେ ସମସ୍ତ ଔଷଧର ମହଜୁଦି ବିଷୟ ଜଣାପଡିଥିଲା । ତାଙ୍କୁ ଗିରଫ୍ କରାଯାଇ ତାଙ୍କର ସ୍ୱୀକାରୋକ୍ତି ଭିତିରେ ଲହତାରା ଥାନା ଅନ୍ତର୍ଗତ ଅନ୍ୟ ଏକ ଗୋଦାମ ଉପରେ ମଧ୍ୟ ଚଢାଉ କାରଯାଇଥିଲା । ସେଠାରୁ ବହୁ ପରିମାଣର ନକଲି ଔଷଧ ଓ ନଗଦ ଟଙ୍କା ଜବତ ହୋଇଥିଲା । ଜବତ ହୋଇଥିବା ଔଷଧର ମୂଲ୍ୟ ପ୍ରାୟ ୭.୩୫ କୋଟି ଟଙ୍କା ହେବ ବୋଲି ଆକଳନ କରାଯାଇଛି । ନଗଦ ଆକାରରେ ଚଢଉସ୍ଥାନରୁ ୪ ଲକ୍ଷ ଟଙ୍କା ମିଳିଛି । ଏହି ଚଢାଉ ଏକ ବଡ଼ଧରଣର ନକଲି ଔଷଧ ରାକେଟର ପର୍ଦ୍ଦାଫାଶ୍ କରିଛି । ସୂଚନାଯୋଗ୍ୟ, ଚଳିତ ବର୍ଷ ଫେବୃଆରୀ ମଧ୍ୟ ଭାଗରେ ଆନ୍ତଃରାଜ୍ୟ ନକଲି ଔଷଧ ଅନୁସନ୍ଧାନ ପାଇଁ ଓଡ଼ିଶା ସରକାର ସ୍ୱତନ୍ତ୍ର ଟିମ୍ ଗଠନ କରି ଉତର ପ୍ରଦେଶ ପଠାଇଥିଲେ ।

## ନାଗାଲାଣ୍ଡ ଓ ତ୍ରିପୁରାରେ ପୁଣି ବିଜେପି, ମେଘାଳୟରେ କାହାକୁ ମିଳିଲାନି ମ୍ୟାଜିକ ନମ୍ବର

ନାଗାଲାଣ୍ଡ, ୨।୩(ପି.ଏନ): ବିଜେପି ଓ ତା'ର ସହଯୋଗୀ ଦଳ ଗୁଡିକ ମିଳିତ ଭାବେ ତ୍ରିପୁରା ଓ ନାଗାଲାଣ୍ଡରେ ବିଜୟ ବାନା ଉଡାଇଛନ୍ତି। ତ୍ରିପୁରାରେ ବିଜେପି ଅଳ୍ପକେ ବାଜିମାତ କରିଥିବା ବେଳେ ନାଗାଲ୍ୟାଣ୍ଡରେ ଦଳ ଏନଡିପିପି ସହ ମିଶି ନିର୍ବାଚ଼ନ ବୈତରଣୀ ପାର ହୋଇଛି। ତେବେ ମେଘାଳୟବାସୀ କୌଣସି ଦଳକୁ ସରକାର ଗଠନ ପାଇଁ ପୂର୍ଣ୍ଣ ସଂଖ୍ୟାଗରିଷ୍ଠତା ଦେଇ ନାହାନ୍ତି। ଅର୍ଥାତ ଏଠାରେ ଝୁଲା ବିଧାନସଭା ଦେଖିବାକୁ ମିଳିଛି। ତେବେ କନରାଡ ସାଙ୍ଗମାଙ୍କ ଦଳ ଏନପିପି ସର୍ବାଧିକ ୨୫ଟି ଆସନ ଜିତିଛି। ଏଠାରେ ସରକାର ଗଠନ ପାଇଁ ମ୍ୟାଜିକ ନମ୍ବର ହେଉଛି ୩୧। ତେଣୁ ସାଙ୍ଗମା ପୁଣି ବିଜେପି



ସହ ମେଣ୍ଟ କରୁଛନ୍ତି ନା କଂଗ୍ରେସ ଆଡକୁ ଢଳୁଛନ୍ତି, ତା' ଉପରେ ସମସ୍ତଙ୍କ ନଜର ରହିଛି। ଏନପିପି ରାଜ୍ୟରେ ୨୫ଟି ଆସନ ଜିତିଥିବା ବେଳେ ବିଜେପି ୪ଟି, କଂଗ୍ରେସ ୫ଟି ଓ ଅନ୍ୟାନ୍ୟ ଦଳ ୨୫ଟି ଆସନ ଜିତିଛନ୍ତି। ତେଣୁ ସାଙ୍ଗମା ଏବେ ଅନ୍ୟ ଦଳ ଜିତିଥିବା ୨୫ଟି ଆସନରୁ କିଛି ବିଧାୟକଙ୍କୁ ନିଜ ପାଖକୁ ଆଣିବାକୁ ଯୋଜନା କରିପାରନ୍ତି। ତ୍ରିପୁରାରେ ବିଜେପି ଓ ତା'ର ସହଯୋଗୀ ଦଳ ଆଇପିଏଫଟି ମିଳିତ ଭାବେ ୩୩ଟି ଆସନ ଜିତିଛନ୍ତି। ଏଠାରେ ମଧ୍ୟ ସରକାର ଗଠନ ପାଇଁ ମ୍ୟାଜିକ ନମ୍ବର ହେଉଛି ୩୧। ତେଣୁ ମ୍ୟାଜିକ ନମ୍ବର ଠାରୁ ବିଜେପି ମେଣ୍ଟ ମାତ୍ର ୨ଟି ଆସନ ଅଧିକ ଜିତିଛି। ୨୦୧୮ରେ ଏଠାରେ ବିଜେପି ମେଣ୍ଟ ୪୪ଟି ଆସନ ଜିତିଥିଲେ। ବିଜେପି ଏକାକୀ ୩୬ଟିରେ ଜିତିଥିବା ବେଳେ ଆଇପିଏଫଟି ୮ଟିରେ ବାଜିମାତ କରିଥିଲା।ନିର୍ବାଚ଼ନ ପୂର୍ବରୁ ତ୍ରିପୁରାରେ ବିଜେପିର ସୁନାମି ଦେଖିବାକୁ ମିଳିବ ବୋଲି ମୁଖ୍ୟମନ୍ତ୍ରୀ ମାନିକ ଶାହ ଦମ୍ଭୋକ୍ତି କରିଥିଲେ। ହେଲେ ଏବେ ଦଳ ଅଳ୍ପକେ ସରକାର ଗଠନ କରିବାକୁ ସକ୍ଷମ ହୋଇଛି। କ'ଣ ପାଇଁ ଦଳର ଆସନ ସଂଖ୍ୟା କମିଲା, ତା'ର ସମୀକ୍ଷା ହେବ ବୋଲି ବିଜୟ ପରେ ମୁଖ୍ୟମନ୍ତ୍ରୀ ମାଣିକ ଶାହ କହିଛନ୍ତି।



ନବନିଯୁକ୍ତ ମୁଖ୍ୟ ଶାସନ ସଚ଼ିବ ପ୍ରଦୀପ ଜେନାଙ୍କୁ ସମ୍ବର୍ଦ୍ଧନା ଜ୍ଞାପନ ଅବସରରେ ବରିଷ୍ଠ ସାମ୍ବାଦିକ ବିବେକାନନ୍ଦ ଜେନା ଓ ସାମ୍ବାଦିକ ପାର୍ଥସାରଥୀ ଜେନା ପୁଷ୍ପଗୁଚ୍ଛ ପ୍ରଦାନ କରି ଅଭିନନ୍ଦନ ଜଣାଇଛନ୍ତି ।

## ବିଜୟ ଉତ୍ସବ ପାଳିଲେ ମୋଦି, ସମସ୍ତଙ୍କୁ ବିଜେପି ବିଜୟର ୩ ସୂତ୍ରୀ କାରଣ କହିଲେ

ଭୁବନେଶ୍ୱର, ୨।୩(ପି.ଏନ): ଉତ୍ତରପୂର୍ବ ବିଜୟ ପରେ ଦିଲ୍ଲୀ ସ୍ଥିତି ମୁଖ୍ୟାଳୟରେ ବିଜେପି କର୍ମୀ ଓ ନେତାଙ୍କୁ ସମ୍ବୋଧନ କରିଛନ୍ତି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି। ବିଜୟ ଉତ୍ସବ ପାଳନ କରି ସେ କର୍ମୀମାନଙ୍କୁ ଉତ୍ସାହିତ କରିଛନ୍ତି। ଗଣତନ୍ତ୍ର ଓ ଗଣତାନ୍ତ୍ରିକ ପ୍ରକ୍ରିୟା ଉପରେ ଲୋକଙ୍କ ବିଶ୍ୱାସ ରହିଥିବା ୩ ରାଜ୍ୟର ନିର୍ବାଚ଼ନ ଫଳାଫଳ ଦର୍ଶାଉଛି। ଉତ୍ତରପୂର୍ବ ଅଞ୍ଚଳ ଏବେ ଦିଲ୍ଲୀ କିମ୍ବା ଦିଲ୍(ହୃଦୟ) ଠାରୁ ଦୂରରେ ନାହିଁ ବୋଲି ମୋଦି କହିଛନ୍ତି। ଏଥିସହ ୩ ରାଜ୍ୟର ହୋଇଥିବା ବିଜୟର ସମସ୍ତ ଶ୍ରେୟ ସେ ସ୍ଥାନୀୟ ବିଜେପି କର୍ମୀ ଓ ନେତାମାନଙ୍କୁ ଦେଇଛନ୍ତି। ଏହି ସମୟରେ ସେ ବିରୋଧୀଙ୍କୁ ସମାଲୋଚ଼ନା କରିବାକୁ ମଧ୍ୟ ପଛାଇ ନାହାନ୍ତି।ବିଜେପି ବେଶ ଆରାମରେ ତ୍ରିପୁରାରେ ଜିତିଥିବା ବେଳେ ନାଗାଲାଣ୍ଡରେ ଏନଡିପିପି ସହ ମିଶି ସରକାର ଗଠନ କରିବ। ସେହିପରି ମେଘାଳୟରେ କାହାକୁ ବି ସରକାର ଗଠନ ପାଇଁ ମ୍ୟାଜିକ ନମ୍ବର ନ ମିଳିବାରୁ କନରାଡ ସାଙ୍ଗମାଙ୍କ ଦଳ ବିଜେପିର ସହଯୋଗ ମାଗିଛି।



ବିଜେପି ମଧ୍ୟ ତାଙ୍କ ସହ ସାମିଲ ହୋଇ ସରକାର ଗଠନ କରିବାକୁ ଅଣ୍ଟା ଭିଡିଛି ।୩ଟି ଯାକ ରାଜ୍ୟର ବିଧାନସଭା ନିର୍ବାଚ଼ନରେ ବିଜେପି ବାଜିମାତ କରିଥିବାରୁ ଦିଲ୍ଲୀ ସ୍ଥିତ ଦଳର ମୁଖ୍ୟାଳୟରେ ବିଜୟ ଉତ୍ସବ ଆୟୋଜନ କରାଯାଇଛି। ଏଥିରେ ପ୍ରଧାନମନ୍ତ୍ରୀ ମୋଦିଙ୍କ ସମେତ ରାଷ୍ଟ୍ରୀୟ ଅଧ୍ୟକ୍ଷ ଜେପି ନଡ୍ଡା, ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହଙ୍କ ଠାରୁ ଆରମ୍ଭ କରି ଅନେକ କେନ୍ଦ୍ରମନ୍ତ୍ରୀ ଓ ଦଳୀୟ ନେତା ଉପସ୍ଥିତ ଥିଲେ ।ସେମାନଙ୍କୁ ସମ୍ବୋଧନ କରି ମୋଦି କହିଛନ୍ତି, "ଏହି ଫଳାଫଳ ଏହା ଦର୍ଶାଉଛି ଯେ ଲୋକଙ୍କ ଦୃଢ଼ ବିଶ୍ୱାସ ଗଣତନ୍ତ୍ର ଓ ଦେଶର ଗଣତାନ୍ତ୍ରିକ ସଂସ୍ଥାଗୁଡିକ ଉପରେ ରହିଛି। ଯେଉଁଭଳି ଭାବରେ ଉତ୍ତରପୂର୍ବ ରାଜ୍ୟର ଫଳାଫଳ ସାମ୍ନାକୁ ଆସିଲା, ସେଥିରୁ ସ୍ପଷ୍ଟ ହୋଇଛି ଯେ ଏହି ଅଞ୍ଚଳ ଦିଲ୍ଲୀ କିମ୍ବା ଦିଲ ଠାରୁ ଆଉ ଦୂରରେ ନାହିଁ। ଉତ୍ତରପୂର୍ବ ରାଜ୍ୟରେ ଥିବା ଆମ କର୍ମୀମାନେ ଆମେ ଏଠାରେ ଥିବା ସମସ୍ତଙ୍କ ଠାରୁ ଅଧିକ ପରିଶ୍ରମ କରିଛନ୍ତି। ସେମାନେ ଅନେକ ଚ଼୍ୟାଲେଞ୍ଜର ସମ୍ମୁଖୀନ ହୋଇଛନ୍ତି।"

## ୮ହଜାର ସହଭାଗୀଙ୍କୁ ସାଇକେଲ ବଂଟନ କରିଲେ ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର, ୨।୩(ପି.ଏନ): ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଗୁରୁବାର ଦିନ ଜଳସାଥୀ, ଆହାର ସାଥୀ, ସ୍ୱଚ୍ଛସାଥୀ ଓ ସୁପରଭାଇଜର୍ ଆଦିଙ୍କୁ ସାଇକେଲ ବଂଟନ କରିଛନ୍ତି। ଲୋକସେବା ଭବନରେ ଆୟୋଜିତ ଉତ୍ସବରେ ଉଦବୋଧନ ଦେଇ ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ମା ମାନଙ୍କ ସଫଳତାରେ ମୁଁ ଖୁସି। ଆପଣମାନଙ୍କ ଆତ୍ମବିଶ୍ୱାସ ହି ମିଶନ ଶକ୍ତିକୁ ନଂ୧ କରିଛି ।ସେ କହିଛନ୍ତି ଯେ ଓଡ଼ିଶାର ବିଭିନ୍ନ ଅଂଚଳ ଯାଇ ମିଶନ ଶକ୍ତି ମାଆମାନଙ୍କୁ ଭେଟୁଛି । ନବୀନ ନିବାସ ଆସି ମାଆମାନେ ମୋତେ ଭେଟୁଛନ୍ତି । ମାଆମାନଙ୍କ ସଫଳତାରେ ମୁଁ ବହୁତ ଖୁସି ବୋଲି ସେ କହିଛନ୍ତି ।

## ୪୦ ଲକ୍ଷ ଲାଞ୍ଚ ନେଉଥିବା ବେଳେ ଧରା ପଡିଲେ ବିଜେପି ବିଧାୟକଙ୍କ ପୁଅ

ଭୁବନେଶ୍ୱର, ୨।୩(ପି.ଏନ): ଜଣଙ୍କ ଠାରୁ ୪୦ ଲକ୍ଷ ଟଙ୍କା ଲାଞ୍ଚ ନେଉଥିବା ବେଳେ ଧରାପଡିଛନ୍ତି କର୍ଣ୍ଣାଟକା ବିଜେପି ବିଧାୟକଙ୍କ ପୁଅ। ଦୁର୍ନୀତି ରୋକିବାକୁ କର୍ଣ୍ଣାଟକା ସରକାର ଗଠନ କରିଥିବା ଲୋକାୟୁକ୍ତ ହିଁ ବିଧାୟକଙ୍କ ପୁଅକୁ ରଙ୍ଗେ ହାତ ଧରିଛି। ବିଧାୟକଙ୍କ ପୁଅ ତାଙ୍କ ବେଙ୍ଗାଲୁରୁ ସ୍ଥିତ ଘରୋଇ ଅଫିସରେ ନଗଦ ୪୦ ଲକ୍ଷ ଟଙ୍କା ଲାଞ୍ଚ ନେଉଥିବା ବେଳେ ଲୋକାୟୁକ୍ତ ଅଧିକାରୀମାନେ ରେଡ କରିଥିଲେ। ଏହାପରେ ଟଙ୍କା ସହ ବିଧାୟକଙ୍କୁ ପୁଅଙ୍କୁ ସେମାନେ ଧରିଛନ୍ତି ।ଲାଞ୍ଚ ନେବା ବେଳେ ଧରା ପଡିଥିବା ବ୍ୟକ୍ତି ଜଣଙ୍କ ହେଉଛନ୍ତି ପ୍ରଶାନ୍ତ। ତାଙ୍କ ବାପା ମାଦାଲ ବିରୁପ୍ରକାଶପ୍ପା ବର୍ତ୍ତମାନ କର୍ଣ୍ଣାଟକାର ବିଧାୟକ ଭାବେ କାର୍ଯ୍ୟ କରୁଛନ୍ତି। ବିଜେପି ଟିକେଟରୁ ସେ ନିର୍ବାଚ଼ିତ ହୋଇଥିଲେ। ବିଧାୟକ ବ୍ୟତୀତ ବିରୁପ୍ରକାଶପ୍ପା କର୍ଣ୍ଣାଟକା ସାବୁନ ଓ ଡିଟର୍ଜେ ?ଣ୍ଟସ ଲିଃର ଅଧ୍ୟ



ମଧ୍ୟ ଅଛନ୍ତି। ହେଲେ ତାଙ୍କ ପୁଅ ନିଜ ଅଫିସ ଭିତରେ ୪୦ ଲକ୍ଷ ଟଙ୍କା ଲାଞ୍ଚ ନେଉଥିବା ବେଳେ ଧରାପଡିଛନ୍ତି। ଲୋକାୟୁକ୍ତ ଅଧିକାରୀ କହିଛନ୍ତି ଯେ ପ୍ରଶାନ୍ତ ନିୟମିତ ଲାଞ୍ଚ ନେଉଥିବା ଗୁରୁବାର ସକାଳେ ଜଣେ ବ୍ୟକ୍ତି ଅଭିଯୋଗ କରିଥିଲେ। ଏହି ଅଭିଯୋଗ ପାଇବା ପରେ ଲୋକାୟୁକ୍ତର ଅଧିକାରୀମାନେ ଆକ୍ସନ ମୋଡକୁ ଆସିଥିଲେ ଓ ତାଙ୍କୁ ରଙ୍ଗେ ହାତ ଧରିବା ପାଇଁ ଜାଲ ବିଛାଇ ଥିଲେ। ଯୋଜନା ଅନୁସାରେ ଜଣେ ବ୍ୟକ୍ତି ପ୍ରଶାନ୍ତଙ୍କ ଅଫିସରେ ପହଞ୍ଚିବା ସହ ନଗଦ ୪୦ ଲକ୍ଷ ଟଙ୍କା ଦେଇଥିଲେ। ସେ ଏହାକୁ ଗ୍ରହଣ କରୁଥିବା ବେଳେ ଲୋକାୟୁକ୍ତ ଅଧିକାରୀମାନେ ତାଙ୍କୁ ଧରିଥିଲେ। ତେବେ ଏତେ ପରିମାଣର ଟଙ୍କା କେଉଁ କାମ ପାଇଁ ନେଉଥିଲେ, ସେକଥା ଜଣାପଡିନି।

## ଖରାଦିନ ପୂର୍ବରୁ ଜଳକଷ୍ଟ, ଲୋକେ ପାଣି ପାଇଁ ଉହଳ ବିକଳ

କନ୍ଧମାଳ, ୨।୩(ପି.ଏନ): ଦୀର୍ଘ ଦିନରୁ କନ୍ଧମାଳ ଜିଲ୍ଲା ବାଲିଗୁଡ଼ା ବିଜ୍ଞାପିତ ଅଂଚଳ ପରିଷଦର ଅନେକ ୱାର୍ଡରେ ଜଳ ସଂକଟ ଲାଗି ରହିଛି । ହେଲେ ଏନଏସି କାର୍ଯ୍ୟନିର୍ବାହୀ ଅଧିକାରୀ କିମ୍ବା ଜଳ ଯୋଗାଣ ଅଧିକାରୀ ଏଥିପ୍ରତି ଦୃଷ୍ଟି ଦେଉନଥିବା ଅଭିଯୋଗ ହେଉଛି । ଅନେକ ୱାର୍ଡରେ ପାଇପ୍ ଲାଇନ୍ ସଂଯୋଗ ହୋଇଥିବା ସତ୍ତ୍ୱେ ଲୋକଙ୍କୁ ପାଣି ମିଳୁନଥିବା ବେଳେ ଏବେ ବି ଅନେକ ୱାର୍ଡରେ ଲୋକଙ୍କ ଘରକୁ ପାଇପ୍ ପାଣି ସଂଯୋଗ ହୋଇନଥିବା ବିଶ୍ୱସ୍ତ ସୂତ୍ରରୁ ଜଣାପଡ଼ିଛି । ରାଜ୍ୟ ସରକାର ଗାଁ ଠୁ ସହର ସବୁ ଅଂଚଳରେ ଘରକୁ ଘର ପାଇପ୍ ଯୋଗେ ବିଶୁଦ୍ଧ ପାନୀୟ ଜଳ ଯୋଗାଣ ପାଇଁ ବ୍ୟବସ୍ଥା କରିଥିବା ବେଳେ କନ୍ଧମାଳ ଜିଲ୍ଲା ବାଲିଗୁଡ଼ା ଏନଏସିର ଅନେକ ପରିବାର ଏଥିରୁ ବଂଚିତ ଅଛନ୍ତି । ତେବେ ଗ୍ରାମାଚଂଳରେ କଣ ବ୍ୟବସ୍ଥା ଥିବ ଏଥିରୁ ସ୍ପଷ୍ଟ ଅନୁମେୟ । କିନ୍ତୁ, ଜଳ ଯୋଗାଣ ପ୍ରକଳ୍ପ ଦାୟିତ୍ୱରେ ଥିବା ସଂସ୍ଥା କର୍ମଚାରୀଙ୍କୁ ଘରକୁ ଘର ପଠାଇ ହିତାଧିକାରୀଙ୍କ ଠିକଣା ଯୋଗାଡ଼ କରୁଥିବା ବେଳେ ଜନସାଧାରଣଙ୍କୁ ଉପଯୁକ୍ତ ଜଳ ଯୋଗାଣ ନକରି ହିତାଧିକାରୀଙ୍କ ନିକଟରୁ ବିଭାଗ ପକ୍ଷରୁ ଟିକସ ଆଦାୟ ପାଇଁ ଜୁଲମ୍ କରାଯାଉଛି । ବାଲିଗୁଡ଼ାରେ ସହରାଚଂଳ ଜଳଯୋଗାଣ କାର୍ଯ୍ୟାଳୟ ନଥିବା ହେତୁ ଲୋକେ ନିଜ ସମସ୍ୟା ବିଷୟରେ କାହାକୁ ଜଣାଇ ପାରୁନାହାନ୍ତି । ଅନ୍ୟପଟେ ବିଜ୍ଞାପିତ ଅଂଚଳ ପରିଷଦ ସହରର ସମସ୍ତ ସୁବିଧା ଅସୁବିଧା ବୁଝିବା କଥା, କିନ୍ତୁ କେହି ଏଥିପ୍ରତି ଦୃଷ୍ଟି ଦେଉନଥିବା ଅଂଚଳବାସୀଙ୍କ ମଧ୍ୟରେ ଆଲୋଚନା ହେଉଛି । ଜଣେ ଅନ୍ୟ ଜଣକ ମୁଣ୍ଡରେ ଦୋଷ ଲଦି ଚାଲିଛନ୍ତି, ହେଲେ ଅଂଚଳବାସୀଙ୍କ ସମସ୍ୟାକୁ କେହି ଧ୍ୟାନ ଦେଉନାହାନ୍ତି । ଏବେ ଖରାଦିନ ଆସିଲାଣି । ରାଜ୍ୟ ସରକାର ପ୍ରତି ଘରକୁ ଦିନ ରାତି ବିଶୁଦ୍ଧ ପାନୀୟ ଜଳ ଯୋଗାଣର ବ୍ୟବସ୍ଥା କରିଛନ୍ତି । ହେଲେ ଆମେ କ'ଣ ପାଇଁ ସରକାରୀ ଯୋଜନାରୁ ବଂଚିତ ରହିବୁ ବୋଲି ଲୋକେ ପ୍ରଶ୍ନ କଲେଣି । ଯଦି ଏଥିରେ ବ୍ୟତିକ୍ରମ ଘଟେ ତେବେ ଜନ ଆନ୍ଦୋଳନ ହେବ ଏବଂ ଏଥିପାଇଁ ବିଭାଗୀୟ ଅଧିକାରୀ ସମ୍ପୂର୍ଣ୍ଣ ଦାୟୀ ରହିବେ ବୋଲି ଅଂଚଳବାସୀ ଚେତାବନୀ ଦେଇଛନ୍ତି । ଏଣୁ ଜିଲ୍ଲା ପ୍ରଶାସନ ଏବଂ ବିଭାଗୀୟ ଅଧିକାରୀ ଏଥିପ୍ରତି ଦୃଷ୍ଟି ଦେଇ ସମସ୍ୟାର ସମାଧାନ କରିବା ଜରୁରୀ ହୋଇପଡ଼ିଛି।









# ଟି ଟାଇମ୍

## ଇତିହାସରେ ଆଜି ଦିନ

ଆଜି ହେଉଛି ଡିସେମ୍ବର ୦୧ ତାରିଖ । ଆଜିର ଦିନରେ ବିଶ୍ୱ ଇତିହାସରେ ଅନେକ ଘଟଣା ଓ ଦୁର୍ଘଟଣାମାନ ଘଟିଛି । ବହୁ ବରପୁତ୍ର ତଥା ପ୍ରଖ୍ୟାତ କଳାକାର ମଧ୍ୟ ଆଜି ଜନ୍ମ ହୋଇଛନ୍ତି । ଆଜିର ଦିନରେ ଇତିହାସ ପୃଷ୍ଠାରେ କ’ଣକ’ଣ ଘଟଣା ଘଟିଥିଲା ଆସନ୍ତୁ ଜାଣିବା :

- ବିଶ୍ୱ ଏଡ୍‌ସ ଦିବସ
- ଭାରତୀୟ ସୀମା ସୁରକ୍ଷା ବାହିନୀ (ବିଏସ୍‌ଏଫ୍ ପ୍ରତିଷ୍ଠା ହୋଇଥିଲା (୧୯୬୫)
- ବିହାରର-ଲକ୍ଷ୍ମଣପୁର ବାଥେଠାରେ ରଣବୀର ସେନା ରଚାଇଲା ନରସିଂହାର (୧୯୯୭)
- ନାଗାଲାଣ୍ଡ ଭାରତର ୧୬ତମ ରାଜ୍ୟରେ ପରିଣତ ହେଲା (୧୯୬୩)
- ୟୁନାଇଟେଡ୍ ନେଶନ୍‌ରେ ଯୋଗଦେଲା ଆଙ୍ଗୋଲା (୧୯୬୭)
- ବେନଜୀର ଭୁଟ୍ଟୋଙ୍କୁ ପାକିସ୍ତାନର ପ୍ରଧାନମନ୍ତ୍ରୀ ରୂପେ ନିଯୁକ୍ତି କରାଗଲା (୧୯୮୮)

## ପ୍ଲାଷ୍ଟିକ୍ ବେବି



ଏହି ବ୍ୟସ୍ତ ବହୁଳ ଜୀବନରେ ଜଣେ ସାଧାରଣ ବ୍ୟକ୍ତି ଠିକ୍ ଭାବରେ ଖାଦ୍ୟ ଖାଇବାକୁ ସମୟ ପାଉନଥିବା ବେଳେ ୮ବର୍ଷୀୟ ପିଲା ଖାଦ୍ୟ ଖାଇବା ଛାଡ଼ି ପ୍ଲାଷ୍ଟିକ୍ ଜିନିଷ ଖାଇ ଯାଉଛି । ୮ବର୍ଷର ଝିଅ ଜେସିକା ୱାକର, ପିକା ନାମକ ରୋଗରେ ପୀଡ଼ିତ । ଏହି ରୋଗରେ ଜେସିକା ପୌଷ୍ଟିକ ଆହାରକୁ ଛାଡ଼ି ଅନ୍ୟ ସବୁ କିଛି ଖାଇବାକୁ ଇଚ୍ଛା ହୋଇଥାଏ ଯାହା ଜଣେ ସାଧାରଣ ବ୍ୟକ୍ତି କେବେ ଖାଇନଥାଏ । ଜେସିକାର ମା’ ଲିଣ୍ଡସେ କହନ୍ତି ଯେତେବେଳେ ଜେସିକା ଛୋଟଥିଲେ ବାଲି, ମାଟି ଓ ମହମବତୀ ଖାଇଦେଉଥିଲେ । ଯଦି ପ୍ଲେଟରେ ମାଂସ ତରକାରି କିମ୍ବା ଅନ୍ୟ କୌଣସି ବ୍ୟଞ୍ଜନ ରଖାଯାଇଥାଏ ତେବେ ଜେସିକା ତାକୁ କେବେବି ଛୁଅନ୍ତି ନାହିଁ । ଝିଅର ଏଭଳି ସମସ୍ୟା ଦେଖି ତାଙ୍କ ମା’ ତାକୁ ବାଳ ସୁରକ୍ଷା ଗୃହରେ ଛାଡ଼ିଥିଲେ କିନ୍ତୁ ସେଠାରେ ମଧ୍ୟ ଏକା ପରିସ୍ଥିତି ଉପୁଜିଥିଲା । ଜେସିକା କଞ୍ଚା ପରିବା ଖାଆନ୍ତି, ଜିନିଷ ପତ୍ର ଉପରେ ଲାଗିଥିବା ର୍‍ୟାପ୍ ବା ଜରିକୁ ଖାଆନ୍ତି । ଡାକ୍ତରଙ୍କ କହିବା ଅନୁସାରେ ଜେସିକାଙ୍କର ଏହି ରୋଗ ଭିଟାମିନ୍‌ର ଅଭାବ କାରଣରୁ ହୋଇଥାଏ । ପାଞ୍ଚ ବର୍ଷ ହେବ ଜେସିକାଙ୍କର ଏହି ରୋଗ ହୋଇଥିଲେ ହେଁ ତାଙ୍କର ଚିକିତ୍ସା ଠିକ୍ ଭାବେ କରାଯାଇପାରୁନାହିଁ । ଏଥିପାଇଁ ଜେସିକାର ମା’ ବହୁତ ଚିନ୍ତିତ ଅଛନ୍ତି ।

## ଚର୍ଚ୍ଚାରେ ‘ହରାମ୍‌ଖୋର’



ନୱାଜଉଦ୍ଦିନ ସିଦ୍ଦିକି ଓ ଶ୍ୱେତା ତ୍ରିପାଠୀଙ୍କ ଅଭିନୀତ ଫିଲ୍ମ ‘ହରାମ୍‌ଖୋର’ର ଟ୍ରେଲର ରିଲିଜ କରାଯାଇଛି । ପୂର୍ବରୁ ଫିଲ୍ମକୁ ନେଇ କିଛି ସମସ୍ୟା ଦେଖାଦେଇଥିଲା । ମାତ୍ର ଫିଲ୍ମଟି ସମାଜକୁ ଏକ ସୁନ୍ଦର ବାର୍ତ୍ତା ପ୍ରଦାନ କରୁଥିବାରୁ ଏହାର ବ୍ୟାନକୁ ହଟାଇଦିଆଯାଇଛି । ଗୁଜୁରାଟର ଏକ ଛୋଟ ଗାଁରେ ସୁଟିଂ କରାଯାଇଛି ସମ୍ପୂର୍ଣ୍ଣ ଫିଲ୍ମ । ଶ୍ଲୋକ ଶର୍ମାଙ୍କ ନିର୍ଦ୍ଦେଶନାରେ ମାତ୍ର ୧୬ଦିନରେ ଶେଷ ହୋଇଛି ପୂରା ଫିଲ୍ମର ସୁଟିଂ । ଫିଲ୍ମର କାହାଣୀରେ ଜଣେ ୧୪ବର୍ଷର ଝିଅର ନିଜ ପ୍ରଫେସରଙ୍କ ସହ ପ୍ରେମକାହାଣୀକୁ ଦର୍ଶାଯାଇଛି । ନିଛକ ଗାଁର ଛବି ଓ ଏହାର ସଙ୍ଗୀତ ଟ୍ରେଲରଟିକୁ ଅଧିକ ଆକର୍ଷଣୀୟ କରିଛି ।

## ପୁରାଣ କାହାଣୀ

# କୁଟୁମ୍ବେଶ୍ୱର ମହାଦେବଙ୍କ ମହାତ୍ମ୍ୟ



ସଂସାର ହିତ ଲାଗି ସୋମବତୀ ଅମାବାସ୍ୟା କୁଟୁମ୍ବେଶ୍ୱର ଲିଙ୍ଗଙ୍କୁ ଦର୍ଶନ କଲେ କୁଟୁମ୍ବ ବୃଦ୍ଧି ପାଇବା ସହ ସମସ୍ତ ପାପ ଦୂର ହୋଇଥାଏ । ରବିବାର, ସୋମବାର, ଅଷ୍ଟମୀ, ଚତୁର୍ଦ୍ଦଶୀ ତଥା ସୋମବତୀ ଦିନ ଶିପ୍ରା ନଦୀରେ ସ୍ନାନ କରି କୁଟୁମ୍ବେଶ୍ୱରଙ୍କୁ ଦର୍ଶନ କଲେ ସୁଫଳ ମିଳିଥାଏ । ଏହାସହ ସ୍କନ୍ଦ ପୁରାଣରେ କୁଟୁମ୍ବେଶ୍ୱରଙ୍କ ମହାତ୍ମ୍ୟ ବର୍ଣ୍ଣନା କରାଯାଇଛି । ଏକଦା ଦେବତା ଓ ରାକ୍ଷସ ସମୁଦ୍ର ମନ୍ଥନ କରୁଥିବା ବେଳେ ବିଷ ଉତ୍ପନ୍ନ ହେଲା । ଏହାଦେଖି ରାକ୍ଷସ ଓ ଦେବତାମାନେ ବିଚଳିତ ହୋଇ ଉଠିଲେ । ସେମାନେ ଭଗବାନ ଶିବଙ୍କ ନିକଟକୁ ଯାଇ ସମସ୍ତ କଥା ପ୍ରକାଶ କରି ବିଷକୁ ଦୂର କରିବା ଲାଗି ପ୍ରାର୍ଥନା କଲେ । ମହାଦେବ ସମସ୍ତ କଥା ଶୁଣିବା ପରେ ମୟୂର ରୂପ ଧାରଣ କରି ସେହି ବିଷକୁ ପାନ କରିବା ଦ୍ୱାରା ତାଙ୍କ କଣ୍ଠ ନୀଳ ପଡିଗଲା । କିନ୍ତୁ ମହାଦେବ ଏହି ବିଷକୁ ଦୂର କରିବା ଲାଗି ଶିପ୍ରା ନଦୀକୁ ଆଦେଶ ଦେଲେଯେ ଏହି ବିଷକୁ ନେଇ ସେ ମହାକାଳ ବଣରେ ଥିବା କାମେଶ୍ୱରସ୍ଥିତ ଏକ ଲିଙ୍ଗ ଉପରେ ଚଢ଼ାଇ ଦିଅ । ମା’ ଶିପ୍ରା ନଦୀ ଉକ୍ତ ବି:କୁ ନେଇ ଲିଙ୍ଗ ଉପରେ ଢ଼ାଳିଦେଲେ । ବିଷର ପ୍ରଭାବରେ ଯେଉଁ ପ୍ରାଣୀ ତାଙ୍କୁ ଦର୍ଶନ କରୁଥିଲେ ସେମାନେ ମୋକ୍ଷ ପ୍ରାପ୍ତ କରୁଥିଲେ । କିଛି ବ୍ରାହ୍ମଣ ତୀର୍ଥ ଯାତ୍ରା କରିବା ଲାଗି ଏହି ଲିଙ୍ଗ ନିକଟକୁ ଆସି ଦର୍ଶନ କଲେ । ଦର୍ଶନ ଫଳରେ ସମସ୍ତ ବ୍ରାହ୍ମଣ ଦେହତ୍ୟାଗ କଲେ ଏହାଦ୍ୱାରା ତାଙ୍କ କୁଟୁମ୍ବ ଲୋପ ପାଇବାକୁ ଲାଗିଲା । ଏହା ଦେଖି କିଛି ବ୍ରାହ୍ମଣ ତାଙ୍କ କୁଟୁମ୍ବକୁ ବଞ୍ଚାଇବା ଲାଗି ଭଗବାନ ଶିବଙ୍କୁ ପ୍ରାର୍ଥନା କଲେ ଉକ୍ତ ପ୍ରାର୍ଥନାକୁ ସ୍ୱୀକାର କରି ମହାଦେବ କହିଲେ ରାଜା ଲକୁଳିଶ ଏହି ଲିଙ୍ଗକୁ ଦର୍ଶନ କଲେ ବିଷର ପ୍ରଭାବ ଆପେ ଆପେ ଦୂର ହୋଇଯିବ । ଏହି ଲିଙ୍ଗକୁ କୁଟୁମ୍ବେଶ୍ୱର କୁହାଯିବ କହି ମହାଦେବ ଅନ୍ତର୍ଦ୍ଧାନ ହୋଇଗଲେ ସେବେଠାରୁ ଏହି ଲିଙ୍ଗର ନାମ କୁଟୁମ୍ବେଶ୍ୱର ରହି ଆସିଛି ।

# ୫୦୦ କୋଟି ବନାମ ୫୦୦ଟଙ୍କା



ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ବିମୁଦ୍ରାକରଣ ନୀତି ସତ୍ତ୍ୱେ ଦେଶବାସୀ ଦେଖିଥିଲେ କର୍ଣ୍ଣାଟକର ପୂର୍ବତନ ମନ୍ତ୍ରୀ ତଥା ଖଣି ମାଲିକ ଜନାର୍ଦ୍ଦନ ରେଡ୍ଡୀଙ୍କ ଝିଅ ବ୍ରାହ୍ମଣୀଙ୍କ ୫୦୦ କୋଟିର ବିବାହ । ବିବାହ କାର୍ଡ, ପୋଷାକଠାରୁ ଆରମ୍ଭ କରି ଭୋଜିଭାତରେ ଖର୍ଚ୍ଚ ହୋଇଥିଲା କୋଟି କୋଟି ଟଙ୍କା । ଏବେ କିନ୍ତୁ ଦେଶବାସୀ ଏହି ନୀତିର ଅପରପାର୍ଶ୍ୱ ଦେଖିବାକୁ ପାଇଛନ୍ତି । ସାଧାରଣ ଜନତା ଏହି ନୀତି ଦ୍ୱାରା କେତେମାତ୍ରାରେ ପ୍ରଭାବିତ ହୋଇଛନ୍ତି ତାହାର ଜ୍ୱଳନ୍ତ ଉଦାହରଣ ସାଜିଛି ସୁରଟର ଦକ୍ଷା ପରମାର୍ ଓ ଭାରତ ମାରୁଙ୍କ ମାତ୍ର ୫୦୦ ଟଙ୍କାର ବିବାହ । ସୁରଟର ଏକ ଇଲେକଟ୍ରିସିଟି କମ୍ପାନୀରେ ଟେକ୍ନିସିଆନ ଭାବେ କାର୍ଯ୍ୟ କରୁଥିବା ରାଜ୍ ପରମାର୍ ନିଜ ଝିଅ ଦକ୍ଷାଙ୍କ ବିବାହ ଠିକ୍ କରିଥିଲେ କମ୍ପ୍ୟୁଟର ଇଞ୍ଜିନିୟର ଭାରତ ମାରୁଙ୍କ ସହ । ଦୀପାବଳି ପୂର୍ବରୁ ଉଭୟ ପରିବାରର ମିଳାମିଶା ପରେ ବିବାହ ତାରିଖ ଦୀପାବଳି ପରେ ତଥା ନଭେମ୍ବର ୨୪କୁ ନିର୍ଦ୍ଧାରଣ କରାଯାଇଥିଲା । ଏହା ମଧ୍ୟ ସ୍ଥିର କରାଯାଇଥିଲା କି ଖୁବ୍ ଧୂମ୍‌ଧାମରେ ବିବାହ କରାଯିବ । ମାତ୍ର ୮ ତାରିଖରେ ୫୦୦ ଓ ୧୦୦୦ ଟଙ୍କିଆ ଅଚଳ ଉପରେ ଭାଷଣ ଶୁଣିବା ପରେ ଚିନ୍ତାରେ ଆସିଯାଇଥିଲେ ଉଭୟ ପରିବାର । ଜାକଜମକରେ କରିବାକୁ ଥିବା ବିବାହ ଆଶା ମଉଳି ଯାଇଥିଲା ସେମାନଙ୍କର । ନିର୍ଦ୍ଧାରିତ ତାରିଖ ପରିବର୍ତ୍ତେ ଅନ୍ୟ ତାରିଖରେ ବିବାହ କରିବା ପାଇଁ ଯୋଜନା କରିବାକୁ ଆରମ୍ଭ କରିଥିଲେ । କିନ୍ତୁ ସେହି ସମୟରେ ଦକ୍ଷା ଏକ ଉପାୟ ଚିନ୍ତା କରିଥିଲେ । ସେ ବିନା ଆଡମ୍ବରରେ ଭୋଜିରେ କେବଳ ଚା ଓ ପାଣିର ବ୍ୟବସ୍ଥା କରି ବିବାହ କରିବାର ପ୍ରସ୍ତାବ ପରିବାର ସଦସ୍ୟଙ୍କୁ ଦେଇଥିଲେ । ପ୍ରଥମେ ପରିବାର ଲୋକଙ୍କୁ ଦକ୍ଷାଙ୍କ ଏହି ପ୍ରସ୍ତାବ ଉଚିତ ଲାଗିନଥିଲା । କିନ୍ତୁ ବାରମ୍ବାର ବୁଝାଇବା ପରେ ସେମାନେ ରାଜି ହୋଇଥିଲେ । ପରେ ଉଭୟ ଦକ୍ଷା ଏବଂ ତାଙ୍କ ପରିବାର ସଦସ୍ୟ ମିଶି ଭାରତଙ୍କ ପରିବାର ଲୋକଙ୍କୁ ପ୍ରସ୍ତାବ ଦେଇଥିଲେ । ପ୍ରଥମେ ମଧ୍ୟ ଭାରତଙ୍କ ପରିବାର ଠାରୁ ଅନୁରୂପ ପ୍ରତିକ୍ରିୟା ମିଳିଥିଲା । ମାତ୍ର ପରେ ସେମାନେ ମଧ୍ୟ ରାଜି ହୋଇଯାଇଥିଲେ । କାରଣ ତାଙ୍କ ପାଇଁ ପିଲାମାନଙ୍କ ବିବାହ ଅଧିକ ଗୁରୁତ୍ୱ ରଖୁଥିଲା ସେଥିରେ ଖର୍ଚ୍ଚର ପରିମାଣ ନୁହେଁ । ଦୁଇ ପରିବାରର ସମ୍ମତିରେ ବିନା ଜାକଜମକରେ ବେଦ୍ ରୋଡ ଠାରେ ଥିବା ଏକ କମ୍ୟୁନିଟି ହଲ୍‌ରେ ଆୟୋଜିତ ହୋଇଥିଲା ବିବାହ । ସେଥିରେ କନ୍ୟାପକ୍ଷରୁ ପ୍ରାୟ ୫୦ ଜଣ ଓ ବର ପକ୍ଷରୁ ପ୍ରାୟ ୧୨୫ ରୁ ୧୫୦ ଜଣ ନିମନ୍ତ୍ରିତ ଅତିଥି ଯୋଗ ଦେଇଥିଲେ । ସମସ୍ତ ଅତିଥିଙ୍କୁ ଭୋଜିରେ ଦିଆଯାଇଥିଲା ଗୋଟିଏ ଗ୍ଲାସ ପାଣି ଓ କପେ ଚା । ଏପରି ବିବାହରେ ଅତିଥି ମାନେ ମଧ୍ୟ ପୂର୍ଣ୍ଣ ସମର୍ଥନ ଜଣାଇଥିଲେ । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଦକ୍ଷା ଓ ଭାରତଙ୍କ ଏହି ବିବାହକୁ ପ୍ରଶଂସା କରିଛନ୍ତି । ମନ୍ କୀ ବାତ୍ କାର୍ଯ୍ୟକ୍ରମରେ ସେ କହିଛନ୍ତି ମୁଁ ଚାଏ ପେ ଚର୍ଚ୍ଚା ଆରମ୍ଭ କରିଥିଲି କିନ୍ତୁ ଏହି ଚା ଏବେ ବିବାହ ମଣ୍ଡପରେ ପହଞ୍ଚି ଗଲାଣି ଜାଣି ଖୁସି ଲାଗୁଛି ।

# ଲାଭଦାୟକ ୱେବ୍‌ସାଇଟ୍



ଅନ୍‌ଲାଇନ୍ ସପିଂର ମଜା ଯିଏ କରିଛି ସିଏ ଜାଣିଛି । ଗୋଟିଏ କ୍ଲିକ୍‌ରେ ଜିନିଷ ପାଖରେ ଆସି ହାଜର ହୋଇଯାଏ । ନା ମୁଲେଇ କରିବାକୁ ପଡ଼ିଥାଏ ନା ଘଣ୍ଟା ଘଣ୍ଟା ଅପେକ୍ଷା କରିବାକୁ ପଡ଼ିଥାଏ । କଥାରେ କହନ୍ତି ବାପାମା’ଙ୍କୁ ଛାଡ଼ି ଦେଇ ସବୁକିଛି ଇଣ୍ଟରନେଟ୍‌ରେ ଉପଲବ୍ଧ । କିନ୍ତୁ ଆଜି ଆପଣଙ୍କୁ ଆମେ ଏପରି ଏକ ୱେବ୍‌ସାଇଟ୍ ବିଷୟରେ ଜଣାଇବୁ ଯେଉଁଥିରୁ ଆପଣ ଯାହା ଚାହିଁବେ ତାହା କିଣିପାରିବେ । ଜାପାନର ଏକ ୱେବସାଇଟ୍ ନ୍ତରେଣ୍ଟଏବୋଇଫଅଟୋବା ଡଟ୍ କମ୍’ରେ ଆପଣଙ୍କୁ ଅନ୍ତଃବସ୍ତ୍ରଠାରୁ ଆରମ୍ଭ କରି ମା-ବାପା, ପତି-ପତ୍ନୀ ଏବଂ ପିଲା ମଧ୍ୟ ଭଡ଼ାରେ ମିଳିଥାନ୍ତି । ବର୍ତ୍ତମାନ ଜାପାନରେ ଏହି ୱେବ୍‌ସାଇଟ୍ ଅନେକ ଲୋକପ୍ରିୟ ହୋଇଗଲାଣି । ଏହି ୱେବ୍‌ସାଇଟ୍‌ଟି ଗ୍ରାହକମାନଙ୍କୁ ସମସ୍ତ ପ୍ରକାରର ସୁବିଧା ଯୋଗାଇବା ପାଇଁ ଗ୍ରାହକମାନଙ୍କଠାରୁ ମୋଟା ପରିମାଣର ଅର୍ଥ ନେଇଥାଏ । ଜାଣିରଖନ୍ତୁ ଏହି ୱେବ୍ ସାଇଟ୍‌ରେ କ’ଣ ସବୁ ମିଳୁଛି ? ଯଦି ଆପଣ ଏକଲା ଅଛନ୍ତି ତେବେ ଏହି ୱେବ୍‌ସାଇଟ୍‌ଟି ଆପଣଙ୍କ ଏକୁଟିଆପଣ ଦୂର କରିବା ପାଇଁ ଗ୍ରାହକଙ୍କ ଇଚ୍ଛା ମୁତାବକ ପୁରୁଷ କିମ୍ବା ସ୍ତ୍ରୀ ବନ୍ଧୁ ମଧ୍ୟ ଉପଲବ୍ଧ କରେଇଥାଏ । ଏଠାରେ ଆପଣଙ୍କୁ ଭଲ ପାଉଥିବା ମାତା-ପିତା ମଧ୍ୟ ମିଳିଥାନ୍ତି । ଏହା ବ୍ୟତୀତ ଏହା ଏପରି ଏକମାତ୍ର ୱେବ୍‌ସାଇଟ୍ ଯାହା ଅନ୍ତଃବସ୍ତ୍ରକୁ ଭଡ଼ାରେ ଦେଇଥାଏ । ଯଦି ଆପଣ ଆପଣଙ୍କର ବୋରିଂନେସ୍‌କୁ ଦୂର କରିବାକୁ ଚାହୁଁଛନ୍ତି ତେବେ ଆବଶ୍ୟକ ହେଲେ ଏକ ଛୋଟ ସୁନ୍ଦର ଶିଶୁ ସହିତ ମଧ୍ୟ ସମୟ ଅତିବାହିତ କରିପାରିବେ । ଯଦି ଆପଣଙ୍କ ପାଖରେ ସମୟ ନାହିଁ କିମ୍ବା ଆପଣ ପିଲାଙ୍କ ସ୍କୁଲ ଘରପାଠ କରିବାରେ ସାହାଯ୍ୟ କରି ପାରୁନାହାନ୍ତି ତେବେ ଏହି ୱେବ୍‌ସାଇଟଟି ଆପଣଙ୍କ ପାଇଁ ଏପରି ଏକ ବ୍ୟକ୍ତି ଠିକ୍ କରିଦେବେ ଯିଏ ଆପଣଙ୍କ ପିଲାର ଘରପାଠ କରିବାରେ ମଧ୍ୟ ସାହାଯ୍ୟ କରିବ ।

## ଆଜିର ଭାଗ୍ୟ

**ମେଷ** — କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ । ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ । ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ । ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ ।

**ବୃଷ** — କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି । ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ । ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ । ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ ।

**ମିଥୁନ** — କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ । ଆନୁଷ୍ଠାନିକ କାମରେ ସଫଳତା ପାଇବେ । ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ । ପରିବହନରେ ଉନ୍ନତି କରିବେ । ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ ।

**କର୍କଟ** — ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ । ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି । ସ୍ଥଗିତ କାମକୁ ତ୍ୱରାନିତ କରିବେ । ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ । ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି ।

**ସିଂହ** — ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ । ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ । ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ ।

**କନ୍ୟା** — ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶ୍ରୃତି ପାଇ ଆସ୍ୱସ୍ତି ଅନୁଭବ କରିବେ । ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ । ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ ।

**ତୁଳା** — ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ । ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ । ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ । ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ ।

**ବିଛା** — ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ । କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି । ବକେୟା ଟଙ୍କା ମିଳିବାର ଯୋଗ ରହିଛି । ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ ।

**ଧନୁ** — ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ । ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ । ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ । ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ ।

**ମକର** — ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ । ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ । ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ । ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ ।

**କୁମ୍ଭ** — କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ । ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ । ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ । ମହିଳାମାନେ ଅଶାନ୍ତି ରହିବେ ।

**ମୀନ** — ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ । ଶାରୀରିକ ଅସୁସ୍ଥତା ଫେରି ପାଇବ । ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ । ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି । ମହିଳାଙ୍କ ମନୋବଳ ଦୃଢ଼ ରହିବ ।

## ମୃତ୍ୟୁକୁ ନେଇ ଆତଙ୍କ



ଭୟଙ୍କର ଗାଁ ନାମ ଶୁଣିବା କ୍ଷଣି ମନରେ ଅନେକ ପ୍ରଶ୍ନ ଉଙ୍କି ମାରେ । କ’ଣ ପାଇଁ ଗାଁର ଏପରି ବିଚିତ୍ର ନାମ ରହିଛି ? ଏହା ପଛରେ ରହସ୍ୟ କ’ଣ ଜାଣିବାକୁ ମଧ୍ୟ ଜିଜ୍ଞାସା ଯାତ ହୋଇଥାଏ । ପଞ୍ଜାପୁରର ବଡଗାଓଁ ଭୟଙ୍କର ଗ୍ରାମ ଭାବେ ପ୍ରସିଦ୍ଧ । ଏହି ଗ୍ରାମରେ ଆଜିକୁ ୨୨ ବର୍ଷ ତଳେ ଜଣେ ବ୍ୟକ୍ତିର ମୃତୁ ଘଟିଥିଲା । ବାଶ୍ ତା’ ପରେ ବିଗତ ୨୨ ବର୍ଷର ଠାରୁ ପ୍ରତି ଦଶ ଦିନ ଅନ୍ତରରେ ପ୍ରତ୍ୟେକଙ୍କ ଘରୁ ଜଣେ ଲେଖାଏଁ ସଦସ୍ୟଙ୍କର ମୃତ୍ୟୁ ହେବାରେ ଲାଗିଛି । ଗ୍ରାମବାସୀମାନେ କେବଳ ଚିନ୍ତାରେ ରହିଥାନ୍ତି ଯେ, କାହାର ମୃତ୍ୟୁ ଘଟିଲା ଏବଂ ଏବେ ଆଉ କାହାର ପାଳି ପଡିବ । ଏହାକୁ ଗ୍ରାମବାସୀଙ୍କ ଦୁର୍ଭାଗ୍ୟ କୁହାଯିବ ନା ଅନ୍ଧବିଶ୍ୱାସ ନା ଆଉ କିଛି ? ବରିଷ୍ଠ ବ୍ୟକ୍ତି, ଡାକ୍ତର ଓ ଶିକ୍ଷକ ଏସବୁ ବିଶ୍ୱାସ କରିବାକୁ ବାଧ୍ୟ । କିଛି ରୋଗ ନଥାଇ ଆଖି ସାମନାରେ ଭଲ ଲୋକଙ୍କର ଏଠାରେ ମୃତ୍ୟୁ ହେବାରେ ଲାଗିଛି ।




# ପାଖର ଛକରେ ଗଳିପୋଲ ଦାବିରେ ରାସ୍ତାରୋକ

ଧର୍ମଶାଳା (ପିଏନ୍): ଧର୍ମଶାଳା ବ୍ଲକ ୫୩ ନମ୍ବର ଜାତୀୟ ରାଜପଥର ପାଖର ଛକରେ ଗଳିପୋଲ ନିର୍ମାଣ ଦାବିରେ ସ୍ଥାନୀୟ ଅଂଚଳବାସୀ ଗତକାଲି ପୂର୍ବାହ୍ନରେ ରାସ୍ତାରୋକ କରିବା ସହିତ ଗଣଧାରଣା ଦେଇଥିଲେ । ପ୍ରାୟ ୪ ଘଣ୍ଟା ପର୍ଯ୍ୟନ୍ତ ଏହି ରାସ୍ତାରେ ଗାଡ଼ି ଚଳାଚଳ ବାଧାପ୍ରାପ୍ତ ହୋଇଥିଲା । ଫଳରେ ରାସ୍ତାର ଉଭୟ ପାର୍ଶ୍ୱରେ




ଶତାଧିକ ଗାଡ଼ିମୋଟର ଅଟକି ରହିଥିଲା । ଗାଡ଼ି ଚାଳକ ଓ ଯାତ୍ରୀମାନେ ବହୁ ଅସୁବିଧାର ସମ୍ମୁଖୀନ ହୋଇଥିଲେ । ବାରମ୍ବାର ଦାବି ସତ୍ୱେ ପାଖର ଛକରେ ଗଳିପୋଲ ନିର୍ମାଣ ହେଲାନାହିଁ । ବାଧ୍ୟହୋଇ ପୂର୍ବ ସୂଚନା ଅନୁସାରେ ଅଂଚଳବାସୀ ଗତକାଲି ରାଜରାସ୍ତାକୁ ଓହ୍ଲାଇଥିଲେ । ଏକ ବ୍ୟସ୍ତବହୁଳ ରାଜପଥ ଭାବେ ପରିଚିତ ଏହି ରାସ୍ତା ପାରାଦୀପ, ଦୈତାରି, କଳିଙ୍ଗନଗର ଶିଳ୍ପାଂଚଳ ଓ ଢେଙ୍କାନାଳ ଜିଲ୍ଲା ସହିତ ସଂଯୋଗ ରହିଛି । ସ୍ଥାନୀୟ ଖଣିଖାଦାନରୁ ଆସୁଥିବା ଭାରୀଯାନ ସମେତ ହଜାର ହଜାର ସଂଖ୍ୟାରେ ଗାଡ଼ିମୋଟର ପ୍ରତିଦିନ ଏହି ରାସ୍ତାରେ ଯାତାୟତ କରୁଛି । ଏଠାରେ ଏକ ଗଳିପୋଲ ନିର୍ମାଣ ହେଲେ ପାଖର, ତରିଆ, ଥାନୁଆଳ, ଆରୁହା, ହରିଦାସପୁର ପ୍ରଭୃତି ପଂଚାୟତବାସୀ ସୁରକ୍ଷିତ ଭାବେ ଯାତାୟତ କରବା ସହ ଦୁର୍ଘଟଣାକୁ ଏଡ଼ାଯାଇ ପାରିବ । ଅଭିଯୋଗ ଅନୁସାରେ, ଏବେ ଏହି ରାଜପଥକୁ ୪ଥାକିଆ କରାଯାଉଛି । ସଂପ୍ରସାରଣ କାର୍ଯ୍ୟ ଶେଷ ହେଲେ ମୁଖ୍ୟତଃ ପାଖର ପଂଚାୟତବାସୀଙ୍କ ଯାତାୟାତରେ ବାଧା ସୃଷ୍ଟି ହେବ । ରାସ୍ତା ଅପର ପାର୍ଶ୍ୱରେ ଥିବା ବିଦ୍ୟାଳୟ ଓ ଅଙ୍ଗନବାଡ଼ି କେନ୍ଦ୍ରକୁ ଛାତ୍ରଛାତ୍ରୀମାନେ ଯାଇପାରିବେ ନାହିଁ । ପଂଚାୟତ କାର୍ଯ୍ୟାଳୟ, ଦୋକାନ ବଜାର, କଲ୍ୟାଣ ମଣ୍ଡପ ଓ ଚାଷଜମିକୁ ଯିବାପାଇଁ କଷ୍ଟକର ହେବ । ରାସ୍ତା ପାର ସମୟରେ ଅନେକ ଛୋଟବଡ଼ ଦୁର୍ଘଟଣା ଘଟି ବହୁ ଧନଜୀବନ ନଷ୍ଟ ହେଉଛି । ଲୋକମାନେ ଉକ୍ତ ରାଜପଥରେ ଯାତାୟାତ କରିବାକୁ ଭୟ କରୁଛନ୍ତି । ସମାଜସେବୀ ବିଜୟ କୁମାର ଦାସଙ୍କ ଆବାହକତ୍ୱରେ ଆୟୋଜିତ ଏହି ଆନ୍ଦୋଳନରେ ଅବସରପ୍ରାପ୍ତ ଶିକ୍ଷକ ଭରତ ଚନ୍ଦ୍ର ଦାସ, ପାଖର ପଂଚାୟତ ସରପଂଚ ସବ୍ୟସାଚୀ ଦାସ, ସମିତିସଭ୍ୟା ମଲିକା ପରିଡ଼ା, ହରିଦାସପୁର ସରପଂଚ ବିକ୍ରମ ବିଶ୍ୱାଳ, ଥାନୁଆଳ ପଂଚାୟତର ପୂର୍ବତନ ସମିତି ସଭ୍ୟ ପ୍ରସନ୍ନ କୁମାର ରାଉତ, ସ୍ମୃତିରେଖା ବେହେରା, ନିରଂଜନ ରାଉତ, ପ୍ରଦୀପ ପରିଡ଼ା, ବିଜେଡ଼ି ନେତା ନକୁଳ ଚରଣ ନାୟକ, ତ୍ରିନାଥ ଜେନା, ମୋହନ ଖିଲାର, ପ୍ରଭନ ମହାନ୍ତି, ଯୁବନେତା ଅନୀଲ କୁମାର ବେହେରା, ଯତିନ୍ଦ୍ର ପ୍ରଧାନ, ହରେଶ ପରିଡ଼ା, କୈଳାସ ପରିଡ଼ା, ଅଜୟ ବେହେରା, ବନବିହାରୀ ଖିଲାର, ନୃସିଂହ ଖିଲାର, ସୁଦାମ ଚରଣ ବାହାଲିଆ, ସ୍ମୃତିରନ ପରିଡ଼ା, ଅମରେନ୍ଦ୍ର ଖିଲାର, ବଳରାମ ଦାସ, ଶଙ୍କର ମଲିକ, ଅବଧୂତ ମଲିକ ଓ ନିରନ ଖିଲାର ଯୋଗଦେଇ ପାଖର ଛକରେ ଗଳିପୋଲ କରିବା ପାଇଁ ଦାବି କରିଥିଲେ । ଖବର ପାଇ ଧର୍ମଶାଳା ତହସିଲଦାର ସ୍ୱାଗତ ଦାସ, ଥାନାଧିକାରୀ ରାକେଶ କୁମାର ତ୍ରିପାଠୀ ଓ ରାଜପଥ ସଂପ୍ରସାରଣ କରୁଥିବା ଏମ୍‌ଡ଼ିଏସ୍ ଠିକାସଂସ୍ଥାର ପ୍ରୋଜେକ୍ଟ ମ୍ୟାନେଜର ପ୍ରିୟବ୍ରତ ପଣ୍ଡା ଘଟଣାସ୍ଥଳରେ ପହଁଚି ଲୋକଙ୍କୁ ବୁଝାସୁଝା କରିବା ସହ ଏ ସଂପର୍କରେ ଜାତୀୟ ରାଜପଥ କର୍ତ୍ତୃପକ୍ଷଙ୍କୁ ଅବଗତ କରି ଦାବିପୂରଣ ପାଇଁ ପ୍ରତିଶୃତି ଦେବା ପରେ ରାସ୍ତା ଅବରୋଧ ହଟିଥିଲା ।

# ଦେଶପ୍ରତି ଇନ୍ଦିରାଜୀଙ୍କ ଅବଦାନ ଅତୁଳନୀୟ



ରାଉରକେଲା (ପିଏନ୍): ପୂର୍ବତନ ପ୍ରଧାନମନ୍ତ୍ରୀ, ଲୌହମାନବୀ, ଭାରତରତ୍ନ ଇନ୍ଦିରା ଗାନ୍ଧୀଙ୍କର ଦେଶପ୍ରତି ଅବଦାନ ଅତୁଳନୀୟ ବୋଲି ରାଉରକେଲା ଜିଲ୍ଲା କଂଗ୍ରେସ ତରଫରୁ କୁହାଯାଇଛି । ସ୍ୱର୍ଗୀୟା ଇନ୍ଦିରାଜୀଙ୍କ ଜନ୍ମଜୟନ୍ତୀ ଅବସରରେ ଜିଲ୍ଲା କଂଗ୍ରେସ ତରଫରୁ ପ୍ଲାଣ୍ଟସାଇଟ୍ ଛକଠାରେ ଅବସ୍ଥିତ ଇନ୍ଦିରାଜୀଙ୍କ ପ୍ରତିମୂର୍ତ୍ତିରେ ସକାଳ ୧୦ ଘଟିକାରେ ମାଲ୍ୟାର୍ପଣ କରାଯାଇଥିଲା । ପରେ ସକାଳ ସାଢେ ୧୦ଟା ସମୟରେ ଜିଲ୍ଲା କଂଗ୍ରେସ କାର୍ଯ୍ୟାଳୟରେ ଇନ୍ଦିରାଜୀଙ୍କ ଫଟୋଚିତ୍ରରେ ମାଲ୍ୟାର୍ପଣ କରାଯାଇ ସ୍ମୃତିଚାରଣ ସଭା ଅନୁଷ୍ଠିତ ହୋଇଥିଲା । ଅନ୍ତରୀଣ ସଭାପତି ଦେବବ୍ରତ ବିହାରୀଙ୍କ ଅଧକ୍ଷତାରେ ଅନୁଷ୍ଠିତ ଏହି ସଭାରେ କଂଗ୍ରେସର ବରିଷ୍ଠ ନେତୃବୃନ୍ଦ ଓ କର୍ମକର୍ତ୍ତାମାନେ ଉପସ୍ଥିତ ରହି ଇନ୍ଦିରାଜୀଙ୍କୁ ଶ୍ରଦ୍ଧାସୁମନ ଅର୍ପଣ କରିବା ସହିତ ଦେଶ ପ୍ରତି ତାଙ୍କର ଅବଦାନ ସମ୍ପର୍କରେ ଆଲୋକପାତ କରିଥିଲେ । ଦେଶର ଏକତା ଓ ଅଖଣ୍ଡତା ପାଇଁ ନିଜ ଜୀବନକୁ ଉତ୍ସର୍ଗ କରିଥିବା ସ୍ୱର୍ଗୀୟା ଇନ୍ଦିରା ଗାନ୍ଧୀ ତାଙ୍କ ଶାସନ କାଳରେ ଦାରିଦ୍ର୍ୟ ଦୂରୀକରଣ, ଶିକ୍ଷା ଓ ସ୍ୱାସ୍ଥ୍ୟସେବାର ବିକାଶ, କୃଷି କ୍ଷେତ୍ରର ବିକାଶ ତଥା ଗମନାଗମନ କ୍ଷେତ୍ରରେ ଉଲ୍ଲେଖନୀୟ ଉନ୍ନତି ଆଣିପାରିଥିଲେ ବୋଲି ନେତୃବୃନ୍ଦ ପ୍ରକାଶ କରିଥିଲେ । ତାଙ୍କ ବରିଷ୍ଠ ନେତୃତ୍ୱରେ ଭାରତରେ ସର୍ବଦା ଅସ୍ଥିରତା ସୃଷ୍ଟି କରୁଥିବା ପାକିସ୍ତାନକୁ ଉଚିତ୍ ଶିକ୍ଷା ଦିଆଯାଇ ବଙ୍ଗଳାଦେଶ ସୃଷ୍ଟି କରାଯାଇଥିଲା ବୋଲି ବକ୍ତାମାନେ ଉଲ୍ଲେଖ କରି ସମଗ୍ର ବିଶ୍ୱରେ ଜଣେ ଅପ୍ରତିଦ୍ୱନ୍ଦ୍ୱୀ ନେତ୍ରୀ ଭାବରେ ନିଜର ପରାକାଷ୍ଠାକୁ ଇନ୍ଦିରାଜୀ ପ୍ରଦର୍ଶନ କରିପାରିଥିଲେ ବୋଲି ନେତୃବୃନ୍ଦ କହିଥିଲେ । ସର୍ବଦା ଗରିବ ଲୋକଙ୍କର ଉନ୍ନତି ଉପରେ ଗୁରୁତ୍ୱାରୋପ କରୁଥିବା ଇନ୍ଦିରାଜୀଙ୍କୁ ଦେଶର କୋଟି କୋଟି ଅବହେଳିତ, ଗରିବ ନିଷ୍ପେଷିତ ଲୋକେ ମା' ବୋଲି ସମ୍ବୋଧନ କରୁଥିଲେ ଏବଂ ତାଙ୍କ ଦ୍ୱାରା ବିଶେଷ ଭାବେ ପ୍ରଭାବିତ ହେଉଥିଲେ ବୋଲି ନେତୃବୃନ୍ଦ ପ୍ରକାଶ କରି ସମ୍ପ୍ରତି ଇନ୍ଦିରାଜୀଙ୍କ ନୀତି ଆଦର୍ଶରେ ଅନୁପ୍ରାଣୀତ ହୋଇ ସାଧାରଣ ଗରିବ ଲୋକଙ୍କ ସେବାରେ ପ୍ରତ୍ୟେକ କଂଗ୍ରେସ କର୍ମୀ ନିଜକୁ ନିୟୋଜତ କଲେ ତାହା ଇନ୍ଦିରାଜୀଙ୍କ ପ୍ରତି ଶ୍ରେଷ୍ଠ ଶ୍ରଦ୍ଧାଂଜଳି ହେବ ବୋଲି ନେତୃବୃନ୍ଦ କହିଥିଲେ । ଏ ସମସ୍ତ କାର୍ଯ୍ୟକ୍ରମରେ କଂଗ୍ରେସର ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ବିରେନ ସେନାପତି ଓ ପ୍ରଶାନ୍ତ ସେଠୀ, ପୂର୍ବତନ ବିଧାୟକ ପ୍ରଭାତ ମହାପାତ୍ର, ପିସିସି ସଭ୍ୟ ସବୀର ହୁସେନ, ରାମାନନ୍ଦ ଶ୍ରୀଚନ୍ଦନ, ପ୍ରଭାତୀ ମିଶ୍ର ଓ ତୁଳସୀ ନାଗ, ରଶ୍ମିରଂଜନ ପାଢୀ, ଉପସଭାପତି କୀର୍ତ୍ତନ ଦାସ ଓ ଉମେଶ ଶରଣ, ଶୋଭା ସିଂହ, ଓବିସି ରାଷ୍ଟ୍ରୀୟ ସଂଯୋଜକ କୈଳାସ ସାହୁ, ମହିଳା ରାଜ୍ୟ ସମ୍ପାଦିକା ଲତା ନାୟକ, ମହିଳା ଜିଲ୍ଲା ସଭାନେତ୍ରୀ ନିରୂପମା ବଳିୟାର ସିଂହ, ଓବିସି ଜିଲ୍ଲା ଅଧକ୍ଷ ତ୍ରୈଲୋଚନ ସାହୁ, ସଂଖ୍ୟାଲଘୁ ଅଧକ୍ଷ ଇଜାଜ ଅଖତର, ମୁଖପାତ୍ର ଗିରିଜା ଶଙ୍କର ମିଶ୍ର ଓ ଇଂ.ଆର୍.ପି. ସିଂହ, ସାଧାରଣ ସମ୍ପାଦକ ଫିରୋଜ ଖାନ ଓ ଧର୍ମେନ୍ଦ୍ର ପରମାର, ବରିଷ୍ଠ ନେତା ଗଣେଶ ପ୍ରଧାନ, ଇନ୍ଦ୍ରମୋହନ ପଣ୍ଡା, ସୁନୀଲ ପଟ୍ଟନାୟକ, ସୌକତ ଖାନ, ଡେଭିଡ ପ୍ରଧାନ, ବାବୁ ଖାନ, ସମ୍ପାଦିକା ପ୍ରତିମା ପାଣିଗ୍ରାହୀ, ଅମ୍ରିତ କୌର, କାର୍ଯ୍ୟନିର୍ବାହୀ ସଦସ୍ୟ ଭାସ୍କର ଖିଲ୍ଲାର, ଦିଲ୍ଲୀପ ଜେନା, ରୁକସାନା ବେଗମ, ସାକିର ହୁସେନ, ସେବାଦଳର ବୁଲୁ ଦାସ, ସାମାଜିକ ଗଣମାଧମର ସୁଧୀର ନାଥ ଓ ବିଶ୍ୱଜିତ ସାହୁ, ଝୁନୁ ପଟ୍ଟନାୟକ, ରେହେମାନ ଖାନ, ଯୁବନେତା ବିଶ୍ୱରଂଜନ ରାଉତ, ଅନୀଲ ଦାସ, ରୁଷି ସାହୁ, ମୁକ୍ତାର ଅହମ୍ମଦ ପ୍ରମୁଖଙ୍କ ସମେତ ବହୁ କଂଗ୍ରେସ କର୍ମୀ ଅଂଶଗ୍ରହଣ କରିଥିବା ବେଳେ ପ୍ରଭାତୀ ମିଶ୍ର କାର୍ଯ୍ୟକ୍ରମର ସଫଳତା ପାଇଁ ସମସ୍ତଙ୍କୁ ଧନ୍ୟବାଦ ଦେଇଥିଲେ ।

# କଂଜୁମର୍ସ ରାଇଟ୍ସ ତରଫରୁ ସଚେତନତା କାର୍ଯ୍ୟକ୍ରମ



ବାଲେଶ୍ୱର (ପିଏନ୍)-ବାଲେଶ୍ୱରର ସିନ୍ଧିଆ ପଞ୍ଚାୟତ ଦୁମୁରିଆଠାରେ କଂଜୁମର୍ସ ରାଇଟ୍ସ ସଂସ୍ଥା ତରଫରୁ ଏକ ଉପଭୋକ୍ତା ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଏଥିରେ ସଂସ୍ଥାର ସଭାପତି ଶ୍ରୀ ଶରତ ସିବାଶିଷ ଦାସ ସମସ୍ତ ଅତିଥି ମାନଙ୍କୁ ସମ୍ବର୍ଦ୍ଧନା ଜଣାଇ କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ଅତିଥି ଭାବେ ଶ୍ରୀ ଜ୍ୟୋତିରଞ୍ଜନ ବଡ଼ଜେନା, ଆଡ଼ଭୋକେଟ କାମିନୀ କାନ୍ତ ଚୌଧୁରୀ ଯୋଗ ଦେଇ ଖାଉଟି ସୁରକ୍ଷା ଏବଂ ଏହାର ସମାଧାନର ବିଶିଷ୍ଟ ବିବରଣୀ ପ୍ରଦାନ କରିବା ସହିତ ବିଭିନ୍ନ ବିଷୟବସ୍ତୁର ବିବରଣୀ ପ୍ରଦାନ କରିଥିଲେ। ଯେମିତିକି ଖାଉଟିର ଅଧିକାର ଓ କର୍ତ୍ତବ୍ୟ, ଇ-କମର୍ସର ଠକେଇ ଓ ସମାଧାନର ବାଟ ଦର୍ଶାଇଥିଲେ ଏବଂ ହଲ ମେକିଂ ଓ ଖାଦ୍ୟର ଶୁଦ୍ଧତା ଉପରେ ସମସ୍ତଙ୍କୁ ସଚେତନ କରାଇଥିଲେ ଏବଂ ସମସ୍ତଙ୍କୁ ଓଜନ ମାପ ଏବଂ ଖାଉଟି କିପରି ଠକାମିରୁ ନିବୃତ ରହିପାରିବେ, ସେ ସମ୍ପର୍କରେ ବିସ୍ତୃତ ବିବରଣୀ ଦେଇଥିଲେ। ଶେଷରେ ଜିଲ୍ଲା ସଭାପତି ଶ୍ରୀ ଶରତ ସିବାଶିଷ ଦାସ ସମସ୍ତଙ୍କୁ ଉପଭୋକ୍ତା ସଚେତନତା ଓ ଲିଫ୍ଲେଟ ପ୍ରଦାନ କରି ଧନ୍ୟବାଦ ଅର୍ପଣ କରିଥିଲେ।

# କାଶି ବିଶାଳକ୍ଷ୍ମୀଙ୍କ ଶକ୍ତିପୀଠ, ବାରଣାସୀ



କାଶୀ ବିଶାଳକ୍ଷ୍ମୀ ମନ୍ଦିର ହିନ୍ଦୁଧର୍ମର ପ୍ରସିଦ୍ଧ ୫୧ଟି ଶକ୍ତିପୀଠ ମଧ୍ୟରେ ଅନ୍ୟତମ। ଏହି ମନ୍ଦିର ଉତରପ୍ରଦେଶର ପ୍ରାଚୀନ ନଗର କାଶୀ (ବାରଣାସୀ)ରେ କାଶୀ ବିଶ୍ୱନାଥ ମନ୍ଦିରରୁ କିଛି ଦୂରରେ ଗଙ୍ଗା ନଦୀ କୂଳ ମୀରଘାଟ (ମଣିକର୍ଣ୍ଣିକା ଘାଟ)ରେ ଅବସ୍ଥିତ। ଶାସ୍ତ୍ର ଅନୁଯାୟୀ ଏହି ଶକ୍ତିପୀଠ ମା'ଦୁର୍ଗାଙ୍କ ଶକ୍ତିର ପ୍ରତୀକ। ହିନ୍ଦୁଶାସ୍ତ୍ର ଅନୁଯାୟୀ ଏଠାରେ ଦେବୀ ସତୀଙ୍କ ଡ଼ାହାଣ କାନର କୁଣ୍ଡଳ ପଡ଼ିଥିଲା।



ବିଶାଳକ୍ଷ୍ମୀ ମନ୍ଦିର ବା ବିଶାଳକ୍ଷ୍ମୀ ଗୌରୀ ମନ୍ଦିର ହିନ୍ଦୁମାନଙ୍କର ପ୍ରସିଦ୍ଧ ମନ୍ଦିରଗୁଡ଼ିକ ମଧ୍ୟରେ ଗୋଟିଏ। ଏହି ମନ୍ଦିର ଦେବୀ ବିଶାଳକ୍ଷ୍ମୀଙ୍କୁ ସମର୍ପିତ। ବିଶାଳକ୍ଷ୍ମୀ ଏକ ସଂସ୍କୃତ ଶବ୍ଦ। ଏହାର ଅର୍ଥ ହେଲା ଯାହାର ବଡ଼ ଆଖି। ବାରଣାସୀର ପୁରାତନ ନାମ କାଶୀ। କାଶୀ ପ୍ରାଚୀନ ଭାରତର ସାଂସ୍କୃତିକ ତଥା ପୁରାତତ୍ୱର ଉତରାଧିକାରୀ। କାଶୀ ବା ବାରଣାସୀ ହିନ୍ଦୁମାନଙ୍କର ପବିତ୍ର ସ୍ଥାନଗୁଡ଼ିକ ମଧ୍ୟରେ ଗୋଟିଏ। ଦେବୀ ପୁରାଣରେ କାଶୀର ବିଶାଳକ୍ଷ୍ମୀ ମନ୍ଦିରର ଉଲ୍ଲେଖ ରହିଛି। ଏହି ମନ୍ଦିରରେ ଶକ୍ତିଙ୍କୁ ଦେବୀ ବିଶାଳକ୍ଷ୍ମୀଙ୍କ ରୂପରେ ପୂଜା କରାଯାଏ ଓ ଭୈରବଙ୍କୁ ସଂହାରକ ବା କାଳଭୈରବ ରୂପରେ ପୂଜା କରାଯାଏ।

ଭାରତ ଏକ ପୁଣ୍ୟଭୂମି, ଖାସ ଏହାର ଦେବୀ ଦେବତାଙ୍କୁ ନେଇ। ସୃଷ୍ଟି ଆରମ୍ଭରୁ



ପ୍ରତ୍ୟେକ ସ୍ଥାନର ନିଜସ୍ୱ ସ୍ୱତନ୍ତ୍ରତା ଅଛି, ଯାହା ଅଜଣା, କେବଳ ଇତିହାସର ରୂପାନ୍ତର। ଶକ୍ତିପୀଠ, ଯାହା ଏକ ରହସ୍ୟପୂର୍ଣ୍ଣ ଗାଥା, ପ୍ରାୟତଃ ଜନମାନସରେ ଅଗୋଚର ହୋଇ ରହିଛି। ହିନ୍ଦୁଶାସ୍ତ୍ର ଅନୁଯାୟୀ ବ୍ରହ୍ମାଣ୍ଡ ସଂରଚନା ପାଇଁ ଭଗବାନ ବ୍ରହ୍ମା, ଭଗବାନ ମହାଦେବ ଓ ଭଗବାନ ବିଷ୍ଣୁ ତାଙ୍କର ତଥାକଥିତ ମାତା ଆଦିଶକ୍ତିଙ୍କୁ ସନ୍ତୁଷ୍ଟି ପାଇଁ ଏକ ଯଜ୍ଞର ଆୟୋଜନ କଲେ। ମା'ଶକ୍ତି ମଧ୍ୟ ଏଥିରେ ବ୍ରହ୍ମାଙ୍କୁ ସହଯୋଗ ଦେଲେ। ତେବେ ବ୍ରହ୍ମାଙ୍କ ପୁତ୍ର ଦକ୍ଷରାଜ ପିତାଙ୍କ ନିର୍ଦ୍ଦେଶରେ ମା' ଶକ୍ତିଙ୍କୁ ନିଜର ଝିଅ ରୂପରେ ପାଇବାକୁ ବିଭିନ୍ନ ଯଜ୍ଞ ଆଦି ଉପାସନା କଲେ। ଶେଷରେ ମା'ଶକ୍ତି ମାନବ ରୂପରେ ଜନ୍ମ ନେଲେ। ଏହାପଛରେ ବ୍ରହ୍ମାଙ୍କର ଉଦ୍ଦେଶ୍ୟ ଥିଲା ଯେ, ଭଗବାନ ଶିବଙ୍କ ସହ ଶକ୍ତିଙ୍କର ମିଶ୍ରଣ କରାଇ ସୃଷ୍ଟି ସଂରଚନା କରିବା ପାଇଁ। ସେଥିପାଇଁ ସେ ତାଙ୍କର ନାମକରଣ କରିଥିଲେ ସତୀ। ମାତ୍ର କୌଣସିପ୍ରକାର ସତୀଙ୍କୁ ଶିବ ବିବାହ କରି କୈଳାଶ ପର୍ବତ ନେଇଗଲେ। ଏହା ଜାଣିପାରି ଦକ୍ଷଙ୍କ ରାଗ ଚରମସୀମାରେ ପହଂଚିଗଲା। ଶିବଙ୍କୁ ସବୁ ଦେବୀ ଦେବତାଙ୍କ ସାମ୍ନାରେ ଅପମାନିତ କରିବା ପାଇଁ ଦକ୍ଷ ମୁନିମଣ୍ଡଳ (ଆନ୍ଧ୍ର ପ୍ରଦେଶର ମୁରାମଲ୍ଲା)ଠାରେ ଏକ ଯଜ୍ଞର ଆୟୋଜନ କଲେ। ଝିଅ ସତୀ ଓ ଜ୍ୱାଇଁ ଶିବଙ୍କୁ ନିମନ୍ତ୍ରଣ କଲେ ନାହିଁ। ଏଥିରେ ନିଜକୁ ଅପମାନିତ ବୋଧ କରି ସତୀ ସ୍ୱଂୟ ବାପାଙ୍କ ଯଜ୍ଞସ୍ଥଳରେ ପହଂଚି ଯାହା ଦେଖିଲେ ଆଖିକୁ ବିଶ୍ୱାସ କଲେ ନାହିଁ। ବାପା ଦକ୍ଷ କିଛି ଆଦର ଗଉର ନକରି ଝିଅ ଜ୍ୱାଇଁଙ୍କୁ ଅପମାନସୂଚକ ଶବ୍ଦ ସବୁ ଶୁଣାଇଲେ। ସେହିକ୍ଷଣି ବାପାଙ୍କ ଅପମାନକୁ ସହ୍ୟ କରି ନପାରି ସତୀ ଅଗ୍ନି କୁଣ୍ଡରେ ଆତ୍ମଦାହ କଲେ। ତ୍ରିକାଳଦର୍ଶୀ ଶିବ ଏ ଖବର ଜାଣି



ସେଠାରେ ପହଂଚିଲେ ଓ ଗଭୀର ଦୁଃଖରେ ସତୀଙ୍କ ମରଶରୀର ଧରି ତାଣ୍ଡବ ନୃତ୍ୟ କରିବାକୁ ଲାଗିଲେ। ସାରା ବ୍ରହ୍ମାଣ୍ଡ ପ୍ରକମ୍ପିତ ହେଲା। ସବୁଆଡ଼େ ଚାଲିଲା ଧ୍ୱଂସଲୀଳା। ଦେବଦେବୀମାନେ ଏହାର ସମାଧାନ ବା ଶିବଙ୍କ କ୍ରୋଧକୁ ଶାନ୍ତ କରିବା ପାଇଁ କିଛି ଉପାୟ ବାହାର କରିବାକୁ ଭଗବାନ ବ୍ରହ୍ମା ଓ ଭଗବାନ ବିଷ୍ଣୁଙ୍କୁ ଅନୁରୋଧ କଲେ। ଧ୍ୱଂସଲୀଳା ବନ୍ଦ କରି ବ୍ରହ୍ମାଣ୍ଡରେ ଶାନ୍ତି ସ୍ଥାପନ ପାଇଁ ବ୍ରହ୍ମା ବିଷ୍ଣୁଙ୍କୁ ଅନୁରୋଧ କଲେ। ଭଗବାନ ବିଷ୍ଣୁ ଅନୁଭବ କଲେ, ଯେପର୍ଯ୍ୟନ୍ତ ଶିବଙ୍କ ହସ୍ତରୁ ସତୀଙ୍କ ମରଶରୀର ଅଲଗା ହୋଇନାହିଁ, ସେପର୍ଯ୍ୟନ୍ତ ଶିବ ଶାନ୍ତ ହେବେନାହିଁ କି ବ୍ରହ୍ମାଣ୍ଡ ଧ୍ୱଂସମୁଖରୁ ବର୍ତିବ ନାହିଁ। ଏଣୁ ବ୍ରହ୍ମାଣ୍ଡ ରକ୍ଷାପାଇଁ ସଙ୍ଗେ ସଙ୍ଗେ ଶିବ ଧରିଥିବା ସତୀଙ୍କ ମରଶରୀରକୁ ଖଣ୍ଡବିଖଣ୍ଡିତ କରି ଆତ୍ମାରହିତ କରିବାକୁ ବିଷ୍ଣୁ ନିଜର ସୁଦର୍ଶନ ଚକ୍ରକୁ ଆଦେଶ ଦେଲେ।

କିଛିକ୍ଷଣ ମଧ୍ୟରେ ସୁଦର୍ଶନ ଚକ୍ର ମା'ସତୀଙ୍କ ଶରୀରକୁ ଖଣ୍ଡବିଖଣ୍ଡିତ କରିଦେଲା ଓ ମା'ଙ୍କ ଶରୀରର ବିଭିନ୍ନ ଅଂଶ ଭାରତୀୟ ଉପମହାଦେଶର ଅନେକ ସ୍ଥାନରେ ବିଂଚିହୋଇ ପଡ଼ିଲା। ଦୁଃଖରେ ମ୍ରିୟମାଣ ଭଗବାନ ଶିବ ସତୀଙ୍କ ବିଖଣ୍ଡିତ ଅଙ୍ଗ ଖୋଜିବା ଆରମ୍ଭ କଲେ। ଏଥିରେ ସହାୟତା କଲେ ଭଗବାନ ଭୈରବ। ସର୍ବଶେଷରେ ସତୀଙ୍କ ଅଙ୍ଗର ମୁଖ୍ୟାଂଶ ସମେତ ସମସ୍ତ



ଖଣ୍ଡକୁ ଖୋଜି ପୂଜାର୍ଚ୍ଚନା ତଥା ଖଣ୍ଡଗୁଡ଼ିକୁ ସୁରକ୍ଷା ଦେବାକୁ ଭଗବାନ ଭୈରବଙ୍କୁ ନିର୍ଦ୍ଦେଶ ଦେଲେ ବ୍ରହ୍ମା। ସେହି ଦୁର୍ଲଭ ସ୍ଥାନଗୁଡ଼ିକୁ ଭଗବାନ ବ୍ରହ୍ମା, ଭଗବାନ ବିଷ୍ଣୁ ଓ ଭଗବାନ ଶିବ ମିଶି ଶକ୍ତିପୀଠର ମାନ୍ୟତା ଦେଲେ। ଏହି ସ୍ଥାନଗୁଡ଼ିକ ଅତି ପବିତ୍ର ତୀର୍ଥସ୍ଥଳ ଭାବେ ବିଖ୍ୟାତ। ସେହି ପୀଠମାନଙ୍କ ମଧ୍ୟରେ କାଶୀ ବିଶାଳକ୍ଷ୍ମୀ ଶକ୍ତିପୀଠ ଅନ୍ୟତମ। ଏଠାରେ ଦେବୀଙ୍କ ଡ଼ାହାଣ କାନର କୁଣ୍ଡଳ ପଡ଼ିଥିଲା। ଏଥିଯୋଗୁ ଏହି ସ୍ଥାନକୁ ମଧ୍ୟ "ମଣିକର୍ଣ୍ଣିକା ଘାଟ" କୁହାଯାଏ।

ଅନ୍ୟ ଏକ କଥାରୁ ଜଣାଯାଏ ଯେ, ମାତା ଅନ୍ନପୂର୍ଣ୍ଣା, ଯାହାଙ୍କ ଆଶୀର୍ବାଦରୁ ସଂସାରର ସମସ୍ତ ଜୀବ ଖାଦ୍ୟ ପାଆନ୍ତି, ସେ ହିଁ "ମା' ବିଶାଳକ୍ଷ୍ମୀ"! ସ୍କନ୍ଦ ପୁରାଣର କଥା ଅନୁସାରେ ଯେତେବେଳେ ଋଷି ବ୍ୟାସଙ୍କୁ ବାରଣାସୀରେ କେହି ବି ଖାଦ୍ୟ ଦେଉ ନ ଥିଲେ, ସେତେବେଳେ ସ୍ୱୟଂ ବିଶାଳକ୍ଷ୍ମୀ ଜଣେ ଗୃହିଣୀ ରୂପରେ ଆସି ଋଷି ବ୍ୟାସଙ୍କୁ ଖାଦ୍ୟ ଦେଇଥିଲେ। ମାତା ବିଶାଳକ୍ଷ୍ମୀଙ୍କ ଭୂମିକା ଏକଦମ୍ ମା' ଅନ୍ନପୂର୍ଣ୍ଣାଙ୍କ ଭଳି ଅବିକଳ ଥିଲା।

ମାତା ବିଶାଳକ୍ଷ୍ମୀଙ୍କ ମନ୍ଦିରରେ ସମସ୍ତ ପର୍ବପର୍ବାଣୀ ପାଳନ ହୋଇଥାଏ। ବିଶେଷତଃ ଦୁର୍ଗାପୂଜା ଓ ନବରାତ୍ର ପର୍ବ ଅବସରରେ ସ୍ୱତନ୍ତ୍ର ପୂଜାର ଆୟୋଜନ ହୋଇଥାଏ। ଏହିଦିନ ମନ୍ଦିରକୁ ଫୁଲ ଓ ଆଲୋକମାଳାରେ ସୁସଜ୍ଜିତ କରାଯାଏ। ମନ୍ଦିରର ଆଧ୍ୟାତ୍ମିକ ପରିବେଶ ଭକ୍ତ ଓ ଶ୍ରଦ୍ଧାଳୁଙ୍କ ମନ ଓ ହୃଦୟକୁ ଅପାର ଶାନ୍ତି ପ୍ରଦାନ କରିଥାଏ।

**ଶରତ କୁମାର ରାଉତ,** ଭୁବନେଶ୍ୱର, ମୋ: ୯୩୩୭୩୬୯୪୪୮

# ସମାଜସେବୀଙ୍କ ପକ୍ଷରୁ ଶୀତକାଳୀନ ବସ୍ତ୍ର କମ୍ବଳ ବଣ୍ଟନ

ଯୋଡା (ପିଏନ୍): ଖଣି ଅଂଚଳରେ ଧିରେ ଧିରେ ଶୀତ ଅନୁଭୂତ ହେଉଥିବା ବେଳେ ଏହାକୁ ଦୃଷ୍ଟିରେ ରଖି ଯୋଡା ବ୍ଲକ ବିରିକଳା ପଂଚାୟତ ବିଲେଇପଦା



ପଂଚାୟତ କାର୍ଯ୍ୟାଳୟଠାରେ ଗତ ରବିବାର ଦିନ କେତେକ ଗରିବ ଅସହାୟ ବ୍ୟକ୍ତିଙ୍କୁ ଶୀତ ଦାଉରୁ ରକ୍ଷାପାଇବା ପାଇଁ ବିଲେଇପଦାର ମା' ମୋବାଇଲ ମାଲିକ ତଥା ସମାଜସେବୀ ରାଜା ସାହୁ ୨୦୦ରୁ ଉର୍ଦ୍ଧ୍ୱ କମ୍ବଳ ବଣ୍ଟନ କରିଥିଲେ । ଏହି କମ୍ବଳ ବଣ୍ଟନ କାର୍ଯ୍ୟକ୍ରମରେ ବିରିକଳା ସରପଂଚ ମୁଖ ନାଏକ, ନାଏବ ସରପଂଚ କୁନ୍ତଳା ଖିଲାର, ୧୪ନଂ ୱାର୍ଡମେମ୍ବର ଚାନ୍ଦମଣି ମୁଣ୍ଡା, ବିଲେଇପଦା ଫାଣ୍ଡି କର୍ମଚାରୀ କ୍ଷୀରୋଦ କୁମାର ଜେନା ଓ କଂଗ୍ରେସ ଚାମିଆ, ପୂର୍ବତନ ନାଏବ ସରପଂଚ ବିଷ୍ଣୁ ଖିଲାର, ନରେଶ ପ୍ରଧାନ, ସାମ୍ବାଦିକ ସଂଜୀତ କୁମାର ବାରିକ, ବିରସିଂ ମୁଣ୍ଡା, ପୁରଷୋତ୍ତମ ସାହୁ, ଦଶରଥ ମୁଣ୍ଡା ପ୍ରମୁଖ ଉପସ୍ଥିତ ରହି ଏହି ଗରିବ ଅସହାୟ ବୃଦ୍ଧ ଓ ବୃଦ୍ଧା ମାନଙ୍କୁ କମ୍ବଳ ବଣ୍ଟନ କରି ମୁହଁରେ ଆନନ୍ଦ ଫୁଟାଇଥିଲେ । ଏହି କମ୍ବଳ ବଣ୍ଟନ କାର୍ଯ୍ୟକ୍ରମ ପ୍ରଥମ ଥର ପାଇଁ କରାଯାଇଥିବା ବେଳେ ଆଗାମୀ ଦିନରେ ୨୮ନଂ ଜୋନ୍‌ରେ ଥିବା ସମସ୍ତ ପଂଚାୟତଗୁଡ଼ିକରେ କମ୍ବଳ ବଣ୍ଟନ କରାଯିବାର କାର୍ଯ୍ୟକ୍ରମ ରହିଛି ବୋଲି ସମାଜସେବୀ ଶ୍ରୀ ସାହୁ ଗଣମାଧମକୁ ସୂଚନା ଦେଇଛନ୍ତି ।

# ଶତାୟୁ ବ୍ୟକ୍ତିଙ୍କ ପରଲୋକ



ଧର୍ମଶାଳା (ପିଏନ୍): ଧର୍ମଶାଳା ବ୍ଲକ ଅନ୍ତର୍ଗତ ଉତରପ୍ରତାପ ଗ୍ରାମର ମୁରବୀ ବିଷ୍ଣୁଚରଣ ମହାନ୍ତି (୧୦୮)ଙ୍କର ପରଲୋକ ହୋଇଯାଇଛି । କିଛିଦିନ ହେଲା ସେ ଅସୁସ୍ଥ ହୋଇ ଚିକିତ୍ସିତ ହେଉଥିଲେ । ମୃତ୍ୟୁଶଯ୍ୟା ନିକଟରେ ପୁଅବୋହୂ, ନାତିନାତୁଣୀ ଓ ଆତ୍ମୀୟସ୍ୱଜନ ଉପସ୍ଥିତ ଥିଲେ । ଧର୍ମଶାଳା ପଂଚାୟତ ସମିତିର ପୂର୍ବତନ ଅଧ୍ୟକ୍ଷ କିଶାନ ପଣ୍ଡା, ଉତରପ୍ରତାପ ପଂଚାୟତ ସରପଂଚ ନିମାଇଁ ମଲିକ, ପୂର୍ବତନ ସରପଂଚ ସୁଧାଂଶୁ ଶେଖର ସାହୁ, ପୂର୍ବତନ ସମିତି ସଭ୍ୟ ନରୋତମ ନାୟକ, ବିଜେଡ଼ି ନେତା ସଂଜୟ କୁମାର ରାଉତ, ଗୋପାଳ ଚନ୍ଦ୍ର ରାଉତ, ରମେଶ ଚନ୍ଦ୍ର ରାଉତ, ରବୀନ୍ଦ୍ର ରାଉଳ, ଗଦାଧର ଦାସ, ନଟବର ପ୍ରଧାନ, ସୁବାସ ଚନ୍ଦ୍ର ମହାରଣାଙ୍କ ସମେତ ବହୁ ବ୍ୟକ୍ତି ତାଙ୍କ ଶେଷଦର୍ଶନ କରିଥିଲେ । ପରେ ଗ୍ରାମ ଶ୍ମଶାନରେ ତାଙ୍କର ଶେଷକୃତ୍ୟ ସଂପନ୍ନ ହୋଇଥିଲା । ବଡ଼ପୁଅ ଭାଗ୍ୟଧର ମୁଖାଗ୍ନି ଦେଇଥିବା ବେଳେ ସାନପୁଅ ହରେକୃଷ୍ଣ ଉପସ୍ଥିତ ଥିଲେ ।

# କୋଣାର୍କରେ ବିଶ୍ୱଐତିହ୍ୟ ସପ୍ତାହ ପାଳିତ




ଭୁବନେଶ୍ୱର (ପିଏନ୍)-ଭାରତୀୟ ପ୍ରତ୍ନତାତ୍ତ୍ୱିକ ସର୍ବେକ୍ଷଣ ସଂସ୍ଥା(ଏଏସଆଇ) ପକ୍ଷରୁ ସମଗ୍ର ବିଶ୍ୱରେ ଥିବା ଐତିହ୍ୟ ପୀଠଗୁଡ଼ିକର ସୁରକ୍ଷା ଓ ଜନସଚେତନ ସୃଷ୍ଟି କରିବା ନିମନ୍ତେ ପ୍ରତ୍ୟେକ ବର୍ଷ ନଭେମ୍ବର ମାସ ୧୯ରୁ ୨୫ ତାରିଖ ପର୍ଯ୍ୟନ୍ତ ବିଶ୍ୱ ଐତିହ୍ୟ ସପ୍ତାହ ପାଳନ କରାଯାଇଥାଏ । ଏହି ଅବସରରେ ଏଏସଆଇ ଭୁବନେଶ୍ୱର ଉପଖଣ୍ଡ ପକ୍ଷରୁ ସୂର୍ଯ୍ୟମନ୍ଦିର ପରିସରରେ ବିଶ୍ୱ ଐତିହ୍ୟ ସପ୍ତାହ ଓ ବିଶ୍ୱ ଐତିହ୍ୟ ସମ୍ପର୍କିତ ଫଟୋଚିତ୍ର ପ୍ରଦର୍ଶନୀକୁ ପୁରୀର ଜଗନ୍ନାଥ ସଂସ୍କୃତ ବିଶ୍ୱ ବିଦ୍ୟାଳୟର ଅଧକ୍ଷ ସୁରେନ୍ଦ୍ର କୁମାର ମିଶ୍ର ଓ କୋଣାର୍କ ଜବାହର ନବୋଦୟ ବିଦ୍ୟାଳୟର ଅଧକ୍ଷ ନୃଶିଂହ ଚରଣ କର ଯୋଗଦେଇ ଉଦ୍‌ଘାଟନ କରିଥିଲେ । ସୂର୍ଯ୍ୟମନ୍ଦିର ପରିସରରେ ଆୟୋଜିତ ସଭାରେ ଏସ୍‌ଆଇର ଭୁବନେଶ୍ୱର ସର୍କଲର ଅନ୍ୟ ଅଧିକାରୀମାନେ ଯୋଗଦେଇ ବିଶ୍ୱ ଐତିହ୍ୟ ସୂର୍ଯ୍ୟମନ୍ଦିର ଓ ଏହାର ଆଖପାଖ ଅଞ୍ଚଳରେ ଥିବା ଐତିହ୍ୟଗୁଡ଼ିକର ସୁରକ୍ଷା ଦିଗରେ ସ୍ଥାନୀୟ ଜନସାଧାରଣ ଓ ଛାତଛାତ୍ରୀଙ୍କର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି ଏବଂ ଆଗାମି ପିଢ଼ି ଏ ଦିଗରେ ଅଧିକରୁ ଅଧିକ ସଚେତନ ଓ ଯତ୍ନବାନ ହେବା ଅପରିହାର୍ଯ୍ୟ ହୋଇପଡ଼ିଛି ବୋଲି ମତପୋଷଣ କରିଥିଲେ। ଏହି ଅବସରରେ ଯୋଗଦେଇଥିବା ଛାତ୍ରଛାତ୍ରୀମାନଙ୍କ ମଧରେ ସାଧାରଣଜ୍ଞାନର ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା । ବିଶ୍ୱ ଐତିହ୍ୟ ସପ୍ତାହ ଉପଲକ୍ଷେ ସୂର୍ଯ୍ୟମନ୍ଦିର ମଧକୁ ପ୍ରବେଶ ଶୁଳ୍କ ଛାଡ଼ କରାଯାଇଥିବାରୁ ମନ୍ଦିର ପରିସରରେ ପର୍ଯ୍ୟଟକଙ୍କ ଉତ୍ସାହ ଦେଖିବାକୁ ମିଳିଥିଲା । ଏହି କାର୍ଯ୍ୟକ୍ରମକୁ ଏଏସଆଇର ସୂର୍ଯ୍ୟମନ୍ଦିର ସଂରକ୍ଷଣ ଦାୟିତ୍ୱରେ ଥିବା ସମସ୍ତ କର୍ମଚାରୀ ପରିଚାଳନା କରିଥିଲେ ।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ର ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍ ।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...

ଋଗ୍ ବେଦ ୧୦/୧୯୧-୨-୪

ପର୍ଯ୍ୟବେକ୍ଷକ
ସମ୍ପାଦକୀୟ
ଭୁବନେଶ୍ୱର, ୨୦୨୩, ମାର୍ଚ୍ଚ ୦୩

# ଟିକେ ଶୁଣିବା ଆସନ୍ତୁ !!

ବର୍ତ୍ତମାନର ସମୟରେ ଆମ କାନ ସୂଚନା ପ୍ରଯୁକ୍ତିର ଆଗ୍ରାସୀ ଦୌଡ଼ ଭିତରେ ଅଧିକ କଷ୍ଟ ବି ପାଉଛି । ଅତ୍ୟାଧୁନିକ ମିଡ଼ିଆ, ଯୋଗାଯୋଗ, ହାତ ପାହାନ୍ତାର ମୋବାଇଲ, ଗାଡ଼ିମଟରର କର୍କଶ ଧ୍ୱନୀ, ଧୂଳି, ଧୂଆଁ ସବୁକିଛି ତ ଆମ କାନର ପରିବେଶକୁ ସେତିକି ବିଷାକ୍ତ କଲାଣି ତଦୋଧିକ କ୍ଷତି କରିସାରିଲାଣି । ଏହି ଲେଖକ ଚିକିତ୍ସା ସେବା ଭିତରେ ଆଶ୍ଚର୍ଯ୍ୟକର ଭାବେ ଯୁବକ ମାନଙ୍କ ଠାରେ ଶ୍ରବଣହାନୀର ମାତ୍ରାଧିକ ସଂଖ୍ୟା ଦେଖୁଛନ୍ତି ଯାହାକି ତାଙ୍କ କର୍ମବୃତ୍ତି ଜୀବନର ପାଞ୍ଚ ବର୍ଷ ତଳେ ସେ ସାମ୍ନା କରିନଥିଲେ । ମୋବାଇଲ ଓ ବ୍ଲୁଟୁଥ ବହୁଳ ବ୍ୟବହାର ହେଉଛି ଏହାର ପ୍ରମୁଖ କାରଣ ପ୍ରଥମ ବିଶ୍ୱ ଶ୍ରବଣ ଦିବସ (ୱାର୍ଲ୍ଡ ହିୟରିଂ ଡେ) ଡବ୍ଲ୍ୟୁଏଚ୍‌ଓ ଦ୍ୱାରା ୨୦୦୭ ମସିହାରୁ ଆରମ୍ଭ ହୋଇଥିଲା । ୨୦୧୬ ମସିହା ପର୍ଯ୍ୟନ୍ତ ଏହି ଦିବସଟିକୁ ଅନ୍ତର୍ଜାତୀୟ କର୍ଣ୍ଣସ୍ୱତ୍ୱ ଦିବସ (ଇଣ୍ଟର ନ୍ୟାସନାଲ ଇୟର କେୟାର ଡେ) ହିସାବରେ ପାଳନ କରାଯାଉଥିଲା । ମାର୍ଚ୍ଚ ୩ (୩.୩) ପ୍ରତୀକାତ୍ମକ ଭାବରେ ଜଣଙ୍କର ଦୁଇଟି କାନକୁ ବୁଝାଇଥାଏ । ବିଶ୍ୱ ସ୍ୱାସ୍ଥ୍ୟ ସଙ୍ଗଠନର ଏକ ହିସାବ ଅନୁଯାୟୀ ବିଶ୍ୱରେ ପ୍ରାୟ ୩୬କୋଟି ଲୋକ ଶ୍ରବଣହାନୀରେ ପୀଡ଼ିତ । ଯାହା ଏକ ପ୍ରକାର ବିକଳାଙ୍ଗତା ସୃଷ୍ଟି କରିଥାଏ । ପ୍ରାୟ ୧୦୦ କୋଟିରୁ ଅଧିକ ୧୨ରୁ ୩୫ ବର୍ଷୀୟ ଯୁବକ ଯୁବତୀ ମଧ ବିଭିନ୍ନ କାରଣ ତୀବ୍ର ଶବ୍ଦ ଏବଂ ମୋବାଇଲ ଭଳି ଗେଜେଟ୍‌ସନର ପ୍ରଭାବରେ ଅଳ୍ପ ବହୁତ ପ୍ରଭାବିତ ହୋଇଥାନ୍ତି । ତେଣୁ ଏଥିରୁ ବୁଝିବାକୁ ହେବ ଯେ ସମଗ୍ର ଜନସଂଖ୍ୟାର ପ୍ରାୟ ଶତକଡ଼ା ୬ ଭାଗ ଲୋକ ବଧୀରତାର ଶିକାର ହୋଇଥାନ୍ତି ।

ଏସବୁକୁ ଆଖି ଆଗରେ ରଖି ପ୍ରତି ବର୍ଷ ଏକ ଥିମ୍ ବା ବିଷୟବସ୍ତୁ ଉପରେ ଆଧାର କରି ଜନସଚେତନତା ସୃଷ୍ଟି କରିବା ଉଦ୍ଦେଶ୍ୟରେ ବିଶ୍ୱ ସ୍ୱାସ୍ଥ୍ୟ ସଙ୍ଗଠନ ପ୍ରତି ବର୍ଷ ମାର୍ଚ୍ଚ ୩ ତାରିଖକୁ ବିଶ୍ୱ ଶ୍ରବଣ ଦିବସ ବା ୱାର୍ଲ୍ଡ ହିୟରିଂ ଡେ ଭାବେ ପାଳନ କରୁଛି । ଏ ବର୍ଷର ବାର୍ତ୍ତା ହେଲା 'ଯାବତ ଜୀବନ ଶୁଣିବା ପାଇଁ କାନର ଯତ୍ନ' । (ଝକ୍ଷ ଷରବକ୍ଷ ଲକ୍ଷ୍ଣ କ୍ଷସଷରରକ୍ଷ ଙ୍ଗଷଷକ୍ଷ ମବବର) ଏହି ଅବସରରେ ସାଧାରଣ ନାଗରିକଟିଏ ଯାବତ ଜୀବନ ଶୁଣିବା ପାଇଁ କାନର କିଛି ଅସୁବିଧା ଥାଏ ବା ନଥାଉ ଶ୍ରବଣ ପରୀକ୍ଷା ବା ଅଡ଼ିଓ ମେଟ୍ରିକ କରାଇନେବା ଉଚିତ । ଏଠାରେ କହିରଖିବା ଉଚିତ ଯେ କାନର କେତେକ ବିଶେଷ ଲକ୍ଷଣ ଥିଲେ ଜଣେ ନିଶ୍ଚିତ ଭାବରେ ଶ୍ରବଣ ପରୀକ୍ଷା କରାଇନେବା ଦରକାର । ଉଦାହରଣ ସ୍ୱରୂପ - କାନରେ ଶବ୍ଦ ହେଲେ, କାନ ବିନ୍ଧା ହେଲେ, କାନକୁ କମ୍ ଶୁଭିଲେ, କାନ ଜାମ ଲାଗିଲେ, କାନ କୁଣ୍ଡେଇ ହେଲେ, ମୁଣ୍ଡ ବୁଲାଇଲେ, କାନରୁ ପାଣି କିମ୍ବା ପୁଜ ବାହାରିଲେ ବିଳମ୍ବ ନକରି ଯଥାଶୀଘ୍ର ନିକଟସ୍ଥ ବାକ୍‌ଶ୍ରବଣ ବିଶେଷଜ୍ଞଙ୍କ ପରାମର୍ଶ କରିବା ଉଚିତ ।



ନାରାୟଣ ଚନ୍ଦ୍ର ବିଶ୍ୱାଳ

ଏହାଛଡ଼ା ନବଜାତ ଶିଶୁର ଶ୍ରବଣ ପରୀକ୍ଷା ନିହାତି ଅପରିହାର୍ଯ୍ୟ । ଆଜିକାଲି ମା'ପେଟରେ ଥିବା ସାତ ମାସରୁ ଊର୍ଦ୍ଧ୍ୱ ଶିଶୁର ଶ୍ରବଣ ପରୀକ୍ଷାମାନ କରାଯାଇପାରୁଛି । ସରକାରଙ୍କ ତରଫରୁ ବିଭିନ୍ନ ପ୍ରକଳ୍ପ ମାଧ୍ୟମରେ ନବଜାତ ଶିଶୁମାନଙ୍କର ଠିକ୍ ଜନ୍ମ ପରେ ପରେ ଶ୍ରବଣ ପରୀକ୍ଷା କରାଯାଉଛି । ଯାହାଦ୍ୱାରା ଭବିଷ୍ୟତରେ ସେମାନେ ଉପଯୁକ୍ତ ଚିକିତ୍ସା, ଉପଯୁକ୍ତ ସମୟରେ ପାଇପାରୁଛନ୍ତି । ଏତ ଗଲା ଶ୍ରବଣ ପରୀକ୍ଷାର କଥା । ଆଉ ଟିକେ ଯତ୍ନଶୀଳ ହେଲେ ଆମେ ଶ୍ରବଣଦୋଷକୁ ଅଟକାଇ ପାରିବା । ଉଦାହରଣ ସ୍ୱରୂପ ଅଧିକ ଲୁଣ ଖାଇଲେ, ଏକାଥରେ ଅଧିକ ପାଣି ପିଇଲେ, ଆଲକୋହଲ, ନିକୋଟିନ ଏବଂ ଟବାକୋ ଭଳି ନିଶାସେବନ କଲେ କାନର ସ୍ନାୟୁ ଦୁର୍ବଳ ହୋଇ ଶ୍ରବଣହାନୀ ହୋଇଥାଏ । ଏଥିରୁ ନିବୃତ୍ତ ରହିବା ଉଚିତ । ବହୁତ ସମୟରେ ଥଣ୍ଡାରୁ ନାକରୁ ପାଣିଗଡ଼େ ତାହାଦ୍ୱାରା କାନରେ ପାଣି ଏବଂ ପୁଜ ସୃଷ୍ଟି ହୋଇ ଶ୍ରବଣହାନୀ ହୁଏ । ସେଥିପାଇଁ ସର୍ଦ୍ଦି ହେବାକ୍ଷଣି ତାର ଉପଚାର କରିବା ସଙ୍ଗେ ସଙ୍ଗେ ସର୍ଦ୍ଦି ନହେବା ପାଇଁ ଧୂଳି, ଧୂଆଁ ଏବଂ ଅତ୍ୟଧିକ ଥଣ୍ଡା ଖାଦ୍ୟ, ଥଣ୍ଡା ପାନୀୟ ଠାରୁ ଦୂରେଇ ରହିବା ଉଚିତ । ମୁଣ୍ଡ ଧୋଇଲେ ଯଦି ଥଣ୍ଡା ଧରୁଥାଏ ତାହେଲେ ଔଷଧ ସେବନ କରି ଏକ ଘଣ୍ଟା ପରେ ମୁଣ୍ଡ ଧୋଇବା ଉଚିତ । ବିକାଶମୁଖୀ ଦେଶମାନଙ୍କରେ ଶତକଡ଼ା ୧୦୦ ଭାଗ ଶିଶୁ ଏ ସୁବିଧାରୁ ବଞ୍ଚିତ । ତେଣୁ ଆସନ୍ତୁ ଆମେ ଆବାଳ-ବୃଦ୍ଧ-ବନିତାଙ୍କର ଏହି ଦିନରେ ଶ୍ରବଣ ପରୀକ୍ଷା କରି ଭବିଷ୍ୟତ ପିଢ଼ୀଙ୍କ ପାଇଁ ଶ୍ରବଣହାନୀ ଭଳି ଏକ ବିକଳାଙ୍ଗ ବ୍ୟାଧିକୁ ମୂଳୋତ୍ପାଟନ କରିବା । ବର୍ତ୍ତମାନ ସମୟରେ ଏକ ପ୍ରକାର ଜାଣତ ଅଥଚ ଚିନ୍ତାଜନକ ମହାମାରୀ ଭାବେ ଶ୍ରବଣହାନୀ ସମସ୍ୟା ସବୁଠି ଦେଖିବାକୁ ମିଳୁଛି । କିନ୍ତୁ ବଡ଼ କଥା ହେଉଛି ଆମ ମାନଙ୍କ ଭିତରେ କିଛିଟା ସଚେତନତାକୁ ଜୀବନରେ କାର୍ଯ୍ୟରେ ଲଗାଇପାରିଲେ ସମସ୍ୟା ଗମ୍ଭୀର ହେବନାହିଁ ଓ ସମସ୍ୟାଟି ଦୈନନ୍ଦିନ ଜୀବନଯାପନରେ ସହଜସାଧ୍ୟ ହୋଇଯିବ ।

ବାକ୍ ଶ୍ରବଣ ବିଶେଷଜ୍ଞ, 'ଧ୍ୱନୀ' ମେଟ୍ରୋ ବିଲଡିଂ, କାଠଗୋଲା ରୋଡ଼, ମଙ୍ଗଳାବାଗ, କଟକ,
ଦୂରଭାଷ : ୯୪୩୮ ୨୭୭୬୭୬୦

# ସ୍ୱାସ୍ଥ୍ୟସେବା ପ୍ରଶାସନ ସକ୍ରିୟ ହେଉ

ଓଡ଼ିଶାରେ ଅନେକ ସ୍ୱାସ୍ଥ୍ୟ ପ୍ରକଳ୍ପ କାର୍ଯ୍ୟକାରୀ ହେଉଛି । ଗୁଡ଼ାଏ ନିଷ୍ପତି ଓ ପଦକ୍ଷେପ ଗ୍ରହଣ କରାଯାଉଛି । ହେଲେ ସ୍ୱାସ୍ଥ୍ୟସେବାର ଉନ୍ନତି ଶୂନ । ରାଜ୍ୟରେ ସ୍ୱାସ୍ଥ୍ୟସେବାର ବିକାଶ ତଥା ଶିଶୁ ଓ ମାତୃ ମୃତ୍ୟୁହାର ହ୍ରାସ ପାଇଁ କାର୍ଯ୍ୟକାରୀ ହୋଇଥିବା ୧୯୮୩-୮୪ରେ ଜାତୀୟ ସ୍ୱାସ୍ଥ୍ୟ ନୀତି, ୧୯୮୭-୮୮ରେ ପ୍ରଜନନ ଶିଶୁସ୍ୱାସ୍ଥ୍ୟ ପ୍ରକଳ୍ପ, ୧୯୯୯-୨୦୦୭ ରେ ଓଡ଼ିଶା ସ୍ୱାସ୍ଥ୍ୟ ଉନ୍ନୟନ ପ୍ରକଳ୍ପ, ୨୦୦୧-୦୨ ରେ ଶିଶୁ ମୃତ୍ୟୁହାର ହ୍ରାସ ମିସନ୍, ୨୦୦୨-୦୩ ରେ ସମନ୍ୱିତ ସ୍ୱାସ୍ଥ୍ୟସେବା ନୀତି ଓ କୌଶଳ ଭିଜନ୍-୧୦, ୨୦୦୫ରୁ ରାଷ୍ଟ୍ରୀୟ ସ୍ୱାସ୍ଥ୍ୟ ମିସନ୍, ୨୦୦୭ ରୁ ନରୱେ ଏବଂ ଭାରତ ସରକାରଙ୍କ ମିଳିତ ସହଯୋଗ (ନିପି)ରେ ଯଶୋଦା ନିଯୁକ୍ତି ଓ ମାତୃ-ଶିଶୁ ସ୍ୱାସ୍ଥ୍ୟ ଯୋଜନା, ୨୦୧୧ ଅକ୍ଟୋବର ୧୯ ରୁ ମମତା ଯୋଜନା ଆଦି ଫେଲ୍ ମାରିଛି ।୨୦୨୦ ସୁଦ୍ଧା ଶିଶୁ ଓ ମାତୃ ମୃତ୍ୟୁହାର ଯଥେଷ୍ଟ କମାଇବାକୁ ୨୦୧୫ ମଇ ୧୯ ତାରିଖରେ ରାଜ୍ୟ ସରକାରଙ୍କ ଦ୍ୱାରା ୧୫ଟି ପଛୁଆ ଜିଲ୍ଲାର ୬୮ଟି ଅବହେଳିତ ବ୍ଲକ୍‌ରେ ୫୦ କୋଟି ଟଙ୍କାର ଏକ ସ୍ୱତନ୍ତ୍ର ଯୋଜନା ଘୋଷଣା ମଧ୍ୟ ଫେଲ୍ ମାରିଛି । ଏହି ସ୍ୱତନ୍ତ୍ର ଯୋଜନା ୨୦୧୫ ଅଗଷ୍ଟ ୭ ତାରିଖରେ କାର୍ଯ୍ୟକାରୀ ହୋଇଥିଲେ ହେଁ ବର୍ତ୍ତମାନ ସୁଦ୍ଧା ଏଥିରୁ କୌଣସି ସୁଫଳ ମିଳିନାହିଁ । ୨୦୧୭ ଡ଼ିସେମ୍ବର ୩ୟ ସପ୍ତାହରେ ମୁଖ୍ୟମନ୍ତ୍ରୀ ୪ ନୂଆ ସ୍ୱାସ୍ଥ୍ୟ ଯୋଜନାର ଶୁଭାରମ୍ଭ କରିଥିଲେ । ଏହି ଯୋଜନା ଗୁଡ଼ିକ ହେଲା, "ନିଦାନ", "ସହାୟ", "ଆମ କ୍ଲିନିକ୍" ଓ "ଅନମୋଲ୍ ଟାବ୍‌ଲେଟ୍" । ଆଉ ରାଜ୍ୟ ସରକାରଙ୍କ ଦ୍ୱାରା ୨୦୧୮ ଅଗଷ୍ଟ ୧୫ ତାରିଖରେ କାର୍ଯ୍ୟକାରୀ ହୋଇଥିଲା 'ବିଜୁ ସ୍ୱାସ୍ଥ୍ୟ କଲ୍ୟାଣ ଯୋଜନା' । ହେଲେ ଏହି ଯୋଜନା ଗୁଡ଼ିକ ଯେ ସ୍ୱାସ୍ଥ୍ୟସେବା ବ୍ୟବସ୍ଥାରେ ସଂସ୍କାର ଆଣିବ ବା ରାଜ୍ୟରେ ସ୍ୱାସ୍ଥ୍ୟସେବାର ବିକାଶ କରାଇବ, ଏହାର କିଛି ଗ୍ୟାରେଂଟି ନଥିବା ଜଳଜଳ ଦେଖା ଯାଉଛି । ଯେହେତୁ ଆଜି ପର୍ଯ୍ୟନ୍ତ କାର୍ଯ୍ୟକାରୀ ସ୍ୱାସ୍ଥ୍ୟ ପ୍ରକଳ୍ପ ଗୁଡ଼ିକ ଆମ ସ୍ୱାସ୍ଥ୍ୟସେବା ବ୍ୟବସ୍ଥାକୁ ମଜଭୁତ କରିବାରେ ବିଫଳ ହୋଇଛି । ବିଭିନ୍ନ ପ୍ରକଳ୍ପ ଛଡ଼ା ସ୍ୱାସ୍ଥ୍ୟ ସେବାର ବିକାଶ ପାଇଁ ୟୁନିସେଫ୍, ବିଶ୍ୱସ୍ୱାସ୍ଥ୍ୟ ସଂଗଠନ, ବିଶ୍ୱବ୍ୟାଙ୍କ, ବ୍ରିଟିଶ୍ ଏଡ୍‌ସ ସ୍କିମ୍, ୟୁଏନ୍‌ଡ଼ିପି, ଆରସିଏଚ୍, ଡ଼୍ୟାନଟିବି, କେନ୍ଦ୍ର ସରକାରଙ୍କ ଦ୍ୱାରା ପରିଚାଳିତ ଜେଡ୍‌ଏସ୍‌ଏସ୍, ଆଇଏନ୍‌ଡ଼ିପି, ଆଇପିଡ଼ିପି, ଆଇଇସି ଆଦି ସଂସ୍ଥାରୁ ସ୍ୱାସ୍ଥ୍ୟ ବିଭାଗକୁ କୋଟି କୋଟି ଟଙ୍କା ଆସୁଛି । ହେଲେ ଯୋଜନା ଚାଲିଛି କିପରି, କେଉଁଠି ଓ କାହାପାଇଁ( ?), କେହି କିଛି ଜାଣିପାରୁ ନାହାଁନ୍ତି । କେବଳ ସ୍ପଷ୍ଟ ଦେଖାଯାଉଛି, ସାରା ରାଜ୍ୟରେ ସ୍ୱାସ୍ଥ୍ୟସେବା ବ୍ୟବସ୍ଥା ଭୁଷୁଡ଼ି ପଡ଼ିଛି । ବିଶେଷତଃ ଶିଶୁ ସ୍ୱାସ୍ଥ୍ୟ ବ୍ୟବସ୍ଥା ମୃତ୍ୟୁର ଅାଁ ଭିତରକୁ ଚାଲି ଯାଇଛି ।

ରାଜ୍ୟରେ ସ୍ୱାସ୍ଥ୍ୟ ଭିତିଭୂମିର ଅଭାବ ଓ ପରିଚାଳନାଗତ ତୃଟି ସୀମା ପାର କରିଛି । କଟକ ଶିଶୁ ଭବନ ଶିଶୁ ମୃତ୍ୟୁ, ନଗଡ଼ା ଆଦିବାସୀ ଶିଶୁ ମୃତ୍ୟୁ ଓ ମାଲକାନଗିରିରେ ଲଗାତାର ଅବୋଧ ଆଦିବାସୀ ଶିଶୁଙ୍କର ମୃତ୍ୟୁ ବିଭିଷୀକା ଏହାର ଜ୍ୱଳନ୍ତ ଉଦାହରଣ । ଅଧିକାଂଶ ଜିଲ୍ଲା ସଦର ମହକୁମା ହସ୍ପିଟାଲ୍‌ରେ ଆଇସିୟୁ ପ୍ରକୋଷ୍ଠରେ ତାଲା ଝୁଲୁଛି । କେତେକ ସ୍ଥାନରେ ଜୀବନ ରକ୍ଷାକାରୀ ଅକ୍ସିଜେନ୍‌ର ସଂଯୋଗ ମଧ୍ୟ ନାହିଁ । ରାଜ୍ୟରେ ୩୧୪ଟି ବ୍ଲଡ୍ ଷ୍ଟୋରେଜ୍ ୟୁନିଟ୍, ଉପଜିଲ୍ଲା ଓ ଜିଲ୍ଲା ହସ୍ପିଟାଲ୍ ମାନଙ୍କରେ ବ୍ଲଡ୍ ବ୍ୟାଙ୍କ୍ ପ୍ରତିଷ୍ଠା ପାଇଁ ସ୍ୱାସ୍ଥ୍ୟ ମିସନ୍‌ର ଲକ୍ଷ୍ୟ ଫେଲ୍ ମାରିଛି । ମିସନ୍‌ର ହର୍ତ୍ତାକର୍ତ୍ତା ସାଜିଥିବା ଅନଭିଜ୍ଞ, ଅଦକ୍ଷ ଓ ଅସ୍ଥାୟୀ କର୍ମଚାରୀଙ୍କ ହାତରେ ଛାଡ଼ି ଦିଆ ଯାଉଛି ରାଜ୍ୟର ସ୍ୱାସ୍ଥ୍ୟସେବା ଦାୟିତ୍ୱ । ସରକାରୀ ଡ଼ାକ୍ତରଖାନାରେ ରୋଗୀମାନେ ବାରଣ୍ଡାରେ ଶୋଇ ଚିକିତ୍ସିତ ହେଉଛନ୍ତି । ଏଠାରେ



ଶରତ କୁମାର ରାଉତ

ସୁବିଧାରେ ରକ୍ତ, ମଳ, ମୂତ୍ର ଆଦି ବିଭିନ୍ନ ପରିକ୍ଷା ବ୍ୟବସ୍ଥା ଥିଲେ ହେଁ ରୋଗୀଙ୍କୁ ଘରୋଇ ପରିକ୍ଷାଗାର ଉପରେ ନିର୍ଭର କରିବାକୁ ପଡୁଛି । ବହୁମୂଲ୍ୟ ଔଷଧ ମିଳିବାତ ଦୂରର କଥା, ସାଲାଇନ୍ ବା ସାଧାରଣ ରୋଗର ବଟିକା ମଧ୍ୟ ରୋଗୀଙ୍କୁ ବାହାରୁ କିଣିବାକୁ ପଡୁଛି । ରାଜ୍ୟ ସରକାର କୋଟିକୋଟି ଟଙ୍କାର ଅନେକ ପ୍ରକାର ଔଷଧ କିଣନ୍ତି । ମାତ୍ର ସେସବୁ ରୋଗୀଙ୍କ ଭାଗରେ ପଡ଼େନି । କର୍ମଚରୀଙ୍କ ଦ୍ୱାରା କିଛି ହରିଲୁଟ୍ ହୁଏ, କିଛି ସମୟ ସୀମା ଶେଷ ପରେ ବଂଟାଯାଏ ଓ ଆଉକିଛି ବର୍ଷ ଶେଷ ବେଳକୁ ନଷ୍ଟ କରି ଦିଆଯାଏ । ତେବେ ସରକାରୀ ଡ଼ାକ୍ତରଖାନାରେ ୨୪ ଘଂଟା ମାଗଣା ଔଷଧ ବାଂଟିବାକୁ ୨୦୧୫ ମଇ ୧ ତାରିଖରୁ 'ନିରାମୟ' ଯୋଜନା ଆରମ୍ଭ ହୋଇଥିଲା । ଏହା ହାସ୍ୟାସ୍ପଦରେ ପରିଣତ ହୋଇଛି । ତଥାପି ଟଳମଳ ଅବସ୍ଥାରେ ଥିବା ସ୍ୱାସ୍ଥ୍ୟ ଭିତିଭୂମିର ବିକାଶ ସ୍ଥାନରେ ଲୋକମାନଙ୍କୁ ଭୂଆଁ ବୁଲାଇବା ପାଇଁ ନୂଆ ନୂଆ ଯୋଜନା ଘୋଷଣା ଚାଲିଛି । ଆଶ୍ଚର୍ଯ୍ୟର କଥା ଯେ, ସରକାର ଯେତେ ଯାହା କଲେ ବି ଲୋକଙ୍କୁ ନିର୍ଭର କରିବାକୁ ପଡୁଛି ଘରୋଇ ସ୍ୱାସ୍ଥ୍ୟସେବା ବ୍ୟବସ୍ଥା ଉପରେ ।

୨୦୦୫ରୁ ଜାତୀୟ ଗ୍ରାମୀଣ ସ୍ୱାସ୍ଥ୍ୟ ମିସନ୍ (ଏନ୍‌ଆର୍‌ଏଚ୍‌ଏମ୍) କାର୍ଯ୍ୟକାରୀ ହେଉଛି । ସମୁଦ୍ର ଲହଡ଼ି ଭଳି ଅନୁଦାନ ସ୍ରୋତ ମାଡ଼ି ଆସୁଛି । ରଙ୍ଗାରଙ୍ଗ ଘର, କାଚର ଦ୍ୱାର ଓ ଝରକା, ଏସି ମେସିନ୍, ମାର୍ବଲ୍ ଚଟାଣ, ଗଦି ଲଗା ଚେୟାର, ନିୟନ୍ ଲାଇଟ୍, ଶହଶହ ଗାଡ଼ି ଓ ସୁନ୍ଦର ଉଦ୍ୟାନରେ ହସ୍ପିଟାଲ୍ ଗୁଡ଼ିକ ଶୋଭା ପାଉଛି । ହେଲେ ବାସ୍ତବ ଭିତିଭୂମିର ବିକାଶ ହୋଇନାହିଁ । କୌଣସି ମୁହୂର୍ତ୍ତରେ ମିସନ୍ କାର୍ଯ୍ୟ ବନ୍ଦ୍ ହୋଇଗଲେ ଓ ଅନୁଦାନର ମହାନଦୀ ଶୁଖି ଗଲେ, ତା'ପରେ ରାଜ୍ୟରେ କି ଅବସ୍ଥା ହେବ ବିଭାଗୀୟ ମନ୍ତ୍ରୀ କି ସଚିବ ଥରେ ଚିନ୍ତା କଲେଣି କି ? ଆଜି ଯେତିକି ଭିତିଭୂମିର ବିକାଶ ହୋଇଥିବା ଆମେ ଦେଖୁଛେ, ତାହା ସ୍ୱାସ୍ଥ୍ୟ ମିସନ୍‌ର ଦାନ । ଆୟୁଷ କାର୍ଯ୍ୟକ୍ରମ ଅନ୍ତର୍ଗତ ହୋମିଓପାଥୀ, ଆୟୁର୍ବେଦ, ଯୋଗ, ୟୁନାନୀ, ସିଦ୍ଧ ଓ ନେଚରପାଥୀ ଚିକିତ୍ସା ସେବାର ଉନ୍ନତି କରାଇବା ମିସନ୍‌ର ମୂଳ ଲକ୍ଷ୍ୟ । ମିସନ୍ ଦ୍ୱାରା ବିଭିନ୍ନ ପ୍ରାଥମିକ ଓ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ହୋମିଓ ଏବଂ ଆୟୁର୍ବେଦ ଡ଼ାକ୍ତର ନିଯୁକ୍ତି ଦିଆ ଯାଉଛି । ହେଲେ ହୋମିଓ ଏବଂ ଆୟୁର୍ବେଦ ଚିକିତ୍ସାଳୟ ଗୁଡ଼ିକରେ ଖାଲିଥିବା ପଦବୀ ପୂରଣ ହେଉ ନାହିଁ ଏବଂ ଏହି ଚିକିତ୍ସାଳୟ ଗୁଡ଼ିକ ଆଜି ମଧ୍ୟ ଚାଳ ଛପର କିମ୍ବା ଝୁମ୍ପୁଡ଼ି ଘରେ କାର୍ଯ୍ୟ କରୁଛି । ରାଜଧାନୀରେ ହୋମିଓ ଚିକିତ୍ସା ସେବା ଯୋଗାଣରେ ପ୍ରମୁଖ ଭୂମିକା ଥିବା ଡ଼ା. ଅଭିନ୍ନ ଚନ୍ଦ୍ର ହୋମୀଓପାଥୀ ମେଡ଼ିକାଲ କଲେଜ ଓ ହସ୍ପିଟାଲ୍ ଉପରେ ରାଜ୍ୟର ହଜାର ହଜାର ରୋଗୀ ଚିକିତ୍ସା ସେବା ପାଇଁ ନିର୍ଭର କରନ୍ତି ।

ଏଠାରେ ବହୁ ପଦବୀ ଖାଲି ପଡ଼ିଥିଲେ ହେଁ ମିସନ୍ କିମ୍ବା ରାଜ୍ୟ ସରକାର ଏଥିପ୍ରତି ଦୃଷ୍ଟି ଦେଉ ନାହାନ୍ତି । ଏଠାରେ ଅର୍ଦ୍ଧାଧିକ ମଞ୍ଜୁରୀପ୍ରାପ୍ତ ପ୍ରଫେସର, ରିଡ଼ର୍, ଅଧ୍ୟାପକ ଓ ୩ୟ ତଥା ୪ର୍ଥ ଶ୍ରେଣୀ କର୍ମଚାରୀ ପଦବୀ ଖାଲି ପଡ଼ିଛି । ଏଠାକାର ଭିତିଭୂମି ବିକାଶର ଅତ୍ୟନ୍ତ ଆବଶ୍ୟକତା ରହିଛି ।

ରାଜ୍ୟରେ ଯୋଜନାର ଅଭାବ ନଥିବାବେଳେ ସରକାରୀ ସ୍ତରରେ ପ୍ରତିଦିନ ନୂଆ ନୂଆ ନିଷ୍ପତି ଓ ପଦକ୍ଷେପ ଘୋଷଣା କରାଯାଉଛି । ମିସନ୍‌ର ଅଜସ୍ର ଅନୁଦାନ ସତ୍ତ୍ୱେ ଆମେ ଯଦି ଆମ ସ୍ୱାସ୍ଥ୍ୟସେବା ବ୍ୟବସ୍ଥାକୁ ସୁଧାରି ପାରିଲୁ ନାହିଁ, ତେବେ ଭଗବାନ୍ ବି ଆମକୁ କ୍ଷମା ଦେବେ ନାହିଁ । କୌଣସି ପ୍ରକଳ୍ପ, ଆଇନ୍ ଓ ପଦକ୍ଷେପ ଆମ ସ୍ୱାସ୍ଥ୍ୟ ବ୍ୟବସ୍ଥାକୁ କାହିଁକି ଆଦର୍ଶ କରିପାରୁ ନାହିଁ, ତା' ଉପରେ ବ୍ୟାପକ ସମୀକ୍ଷା ହେବା ଉଚିତ । ଅଯଥା ରାଜନୈତିକ ହସ୍ତକ୍ଷେପ ଓ ପ୍ରଶାସନିକ ଅପାରଗତା ଯୋଗୁଁ ସ୍ୱାସ୍ଥ୍ୟସେବା ବ୍ୟବସ୍ଥା ସ୍ୱୟଂ ରୋଗଗ୍ରସ୍ତ ହୋଇ ଗଲାଣି । କାହିଁକି ଚିକିତ୍ସା ସେବାରେ ଉନ୍ନତି ହେଇ ପାରୁନି, କାହିଁକି ଆବଶ୍ୟକୀୟ ଭିତିଭୂମିର ଅଭାବ ଦେଖା ଦେଉଛି, ସେ ସଂପର୍କରେ କେହି ଭାବୁଛନ୍ତି କି ? ଆଇନଗତ ବ୍ୟବସ୍ଥାକୁ ମଜଭୁତ୍ ଏବଂ ସ୍ୱାସ୍ଥ୍ୟ ପ୍ରଶାସନକୁ ଲୋକାଭିମୁଖୀ କରାଇବାକୁ ଆନ୍ତରିକତାର ଆବଶ୍ୟକତା ରହିଛି । ଆଜି ପର୍ଯ୍ୟନ୍ତ କୌଣସି ଜଣେ ମନ୍ତ୍ରୀ କି ସଚିବ ନିଜ କରିସ୍ମା ବଳରେ ସ୍ୱାସ୍ଥ୍ୟ ବିଭାଗରେ ସାମାନ୍ୟତମ ପରିବର୍ତନ ଆଣି ପାରି ନାହାନ୍ତି କି ନୂଆ ସଂସ୍କାର । ତଥାପି ଅଳ୍ପକେତେ ଜଣ ପୂର୍ବତନ ସ୍ୱାସ୍ଥ୍ୟ ମନ୍ତ୍ରୀ ସ୍ୱାସ୍ଥ୍ୟ ବିଭାଗରେ ବ୍ୟାପକ ସଂସ୍କାର ଆଣି ପାରିଥିଲେ ।

ଓଡ଼ିଶା ନ୍ୟୁଜ୍ ସର୍ଭିସ୍,
ଭୁବନେଶ୍ୱର,
ମୋ-୯୩୩୭୩୬୯୪୪୮

# ବନ୍ୟପ୍ରାଣୀଙ୍କ ସୁରକ୍ଷା ଓ ଜଙ୍ଗଲ ନିଆଁ

ଆଜି ବିଶ୍ୱ ବନ୍ୟପ୍ରାଣୀ ଦିବସ । ବନ୍ୟ ଜୀବମାନଙ୍କର ଶରୀରର ବିଭିନ୍ନ ଅଂଶକୁ ବେଆଇନ ଭାବେ ଚାଲାଣ କରିବା ଏବେ ବିଶ୍ୱର ଅନ୍ୟତମ ଲାଭଦାୟକ ବ୍ୟାପାର ପାଲଟିଛି । ସେ ହାତୀଦାନ୍ତ ହେଉ ବା ଗଣ୍ଡା ଶିଙ୍ଘ କିମ୍ବା ବାଘ ଶରୀରର ବିଭିନ୍ନ ଅଂଶ । ଚୋରା ଚାଲାଣକାରୀମାନେ ଏହାକୁ ବିକ୍ରି କରି ପ୍ରଚୁର ଅର୍ଥ ରୋଜଗାର କରୁଛନ୍ତି । ବିଶେଷ କରି ଏସିଆ ଏବଂ ଆଫ୍ରିକାରେ ଏହି ବ୍ୟବସାୟର ବଜାର ଖୁବ୍ ବ୍ୟାପକ । ଏପରିସ୍ଥଳେ ବିପଦରେ ଥିବା ବନ୍ୟପ୍ରାଣୀଙ୍କ ସୁରକ୍ଷାକୁ ଦୃଷ୍ଟିରେ ରଖି ୨୦୧୩ ମସିହା ଡିସେମ୍ବର ୨୦ ତାରିଖରେ ଜାତିସଂଘର ସାଧାରଣ ସଭାରେ ମାର୍ଚ୍ଚ ୩ ତାରିଖକୁ ବିଶ୍ୱ ବନ୍ୟପ୍ରାଣୀ ଦିବସ ଭାବେ ପାଳନ କରିବା ଲାଗି ଘୋଷଣା କରାଯାଇଥିଲା । ସେବେଠାରୁ ମାର୍ଚ୍ଚ ୩ ତାରିଖକୁ ବିଶ୍ୱ ବନ୍ୟପ୍ରାଣୀ ଦିବସ ଭାବେ ପାଳନ କରାଯାଉଛି । ଏହି ଦିନ ବିଲୁପ୍ତ ହୋଇଆସୁଥିବା ବନ୍ୟପ୍ରାଣୀଙ୍କ ସଂପର୍କରେ ସଚେତନତା ସୃଷ୍ଟି କରାଯିବା ସହିତ ବନ୍ୟପ୍ରାଣୀ ଅପରାଧ ବିରୋଧରେ ଲଢ଼ିବାକୁ ଲୋକମାନଙ୍କୁ ପ୍ରେରିତ କରାଯାଏ । ଏହି ଅବସରରେ ଜାତିସଂଘ, ବିଭିନ୍ନ ସଂଗଠନ ପକ୍ଷରୁ କାର୍ଯ୍ୟକ୍ରମମାନ ଆୟୋଜନ କରାଯାଇଥାଏ । ତେବେ ବନାଗ୍ନି ଫଳରେ ଯେଉଁ ଜୈବ ବିବିଧତା ନଷ୍ଟ ହେଉଛି ପରିଶେଷରେ ଅଙ୍ଗାରକାମ୍ଳ ଶୋଷଣର କ୍ଷମତା କମୁଛି, ମୃତ୍ତିକା କ୍ଷୟ ସାଙ୍ଗକୁ ମୃତ୍ତିକାର ଉର୍ବରତା ହ୍ରାସ ପାଉଛି, ତାହା ସବୁ ହିସାବକୁ ନେଲେ କ୍ଷତିର ପରିମାଣ ଯାହା ହେବ ତାହା ଅକଳ୍ପନୀୟ । କାରଣ ଏହାଦ୍ୱାରା ଜଳବାୟୁରେ ବିଭ୍ରାଟ ଦେଖାଦେବା ସାଙ୍ଗକୁ ପରିବେଶ ଅସୁରକ୍ଷିତ ହୋଇପଡୁଛି ଯାହାକୁ କୌଣସି ମୂଲ୍ୟରେ ତଉଲିବା ଅସମ୍ଭବ । ଫରେଷ୍ଟ ସର୍ଭେ ଇଣ୍ଡିଆର ରାଜ୍ୟୱାରି ଜଙ୍ଗଲ ନିଆଁ ସମ୍ବନ୍ଧରେ ପ୍ରଦତ୍ତ ତଥ୍ୟ ଏଠାରେ ଉଲ୍ଲେଖ ଯୋଗ୍ୟ କରାଯିବା ପ୍ରାସଙ୍ଗିକ ମନେ ହୁଏ । ୨୦୨୦ର ତଥ୍ୟ ଅନୁଯାୟୀ ଆମ ରାଜ୍ୟ ଓଡ଼ିଶାରେ ୪୭,୧୪୫ ବର୍ଗ କିଲୋମିଟର ଜଙ୍ଗଲ ରହିଛି । ଯାହାକି ସମଗ୍ର ଦେଶର ଜଙ୍ଗଲ ଅଞ୍ଚଳର ୭.୩୪ ପ୍ରତିଶତ । ତନ୍ମଧ୍ୟରୁ ୨୫୯୦ ବର୍ଗ କିଲୋମିଟର ଜଙ୍ଗଲ ବନାଗ୍ନିପ୍ରବଣ । ସେହିପରି ଆନ୍ଧ୍ରପ୍ରଦେଶରେ ୪୭,୨୫୬ ବର୍ଗକିଲୋମିଟର ଜଙ୍ଗଲ ମଧ୍ୟରୁ ୧୨୯ ବର୍ଗକିଲୋମିଟର, ଅରୁଣାଚଳ ପ୍ରଦେଶରେ ୬୮,୬୬୧ ବର୍ଗକିଲୋମିଟରରୁ ୧୦୧ ବର୍ଗକିଲୋମିଟର, ଛତିଶଗଡ଼ରେ ୫୭,୪୮୪ ବର୍ଗକିଲୋମିଟର ମଧ୍ୟରୁ ୧୨୧ ବର୍ଗକିଲୋମିଟର, ଝାଡ଼ଖଣ୍ଡରେ ୨୧,୭୪୩ ବର୍ଗକିଲୋମିଟରରୁ ୪୭୨ ବର୍ଗକିଲୋମିଟର, କର୍ଣ୍ଣାଟକରେ ୩୨,୩୪୩ ବର୍ଗକିଲୋମିଟରରୁ ୧୦୭ ବର୍ଗକିଲୋମିଟର, ମଧ୍ୟପ୍ରଦେଶରେ ୭୭,୯୧୨ ବର୍ଗକିଲୋମିଟରରୁ ୩୦୯୬ ବର୍ଗକିଲୋମିଟର, ମହାରାଷ୍ଟ୍ରରେ ୪୩,୮୫୯ ବର୍ଗକିଲୋମିଟରରୁ ୫୮୪ ବର୍ଗକିଲୋମିଟର ଓ ଉତ୍ତରାଞ୍ଚଳରେ ୨୩,୨୫୪ ବର୍ଗକିଲୋମିଟରରୁ ୪୪୯୨ ବର୍ଗକିଲୋମିଟର ଜଙ୍ଗଲ ନିଆଁ ଲାଗି କ୍ଷତିଗ୍ରସ୍ତ ହୋଇଥାଏ ।

ଜଳବାୟୁର ଆର୍ଦ୍ରତା ଓ ପବନର ବେଗ ଉପରେ ପ୍ରାକୃତିକ ବନାଗ୍ନି ନିର୍ଭର କରିଥାଏ । ବାୟୁମଣ୍ଡଳରେ ଉତ୍ତାପର ମାତ୍ରାବୃଦ୍ଧି ଯଦିଓ ଜଙ୍ଗଲରେ ନିଆଁ ଲାଗିବାର ପ୍ରତ୍ୟକ୍ଷ କାରଣ ନୁହେଁ, ମାତ୍ର ଏହାଦ୍ୱାରା ଶୁଖିଯାଉଥିବା ଗଛବୃକ୍ଷ, ବୃଦ୍ଧି ପାଉଥିବା ପବନର ବେଗ ସାମାନ୍ୟ ନିଆଁକୁ ଜଙ୍ଗଲବ୍ୟାପୀ କରାଇ ଦେଇଥାଏ । ପବନର ଅଧିକ ଗତି ଓ ପାହାଡ଼ରୁ ଗଡ଼ି ଆସୁଥିବା ବଡ଼ ବଡ଼ ପଥର ପରସ୍ପର ସହିତ ଧକ୍କା ଲାଗି ନିଆଁ ସୃଷ୍ଟି କରିଥାନ୍ତି । ଏହା ସତ୍ୟ ଯେ, ଜଙ୍ଗଲ ମୁଳକରେ ସାଧାରଣତଃ ବସବାସ କରନ୍ତି ଆଦିବାସୀ । ସେମାନେ ନିଜର ଜୀବନଜୀବିକା ପାଇଁ ପୋଡୁଚାଷ ଉପରେ ନିର୍ଭର କରନ୍ତି । ଖରାଦିନ ଓ ଶୀତଦିନ ଆସିଲେ ସେମାନେ ଏଥିରେ ନିଆଁ ଲଗାଇ ଦେଇଥାଆନ୍ତି । ଦରପୋଡ଼ା ଗଛରୁ ସେମାନେ ଅଙ୍ଗାର ସଂଗ୍ରହ କରି ବଜାରରେ ବିକ୍ରି କରିଥାଆନ୍ତି । ଅଧିକ ପରିମାଣରେ ଅଙ୍ଗାର ସଂଗ୍ରହ ପାଇଁ ସେମାନେ ବିସ୍ତୀର୍ଣ୍ଣ ଜଙ୍ଗଲ ଅଞ୍ଚଳରେ ନିଆଁ ଲଗାଇ ଦେବା ଫଳରେ ଏହି ନିଆଁ ସାରା ଜଙ୍ଗଲକୁ ମାଡ଼ିଯାଇ ବ୍ୟାପକ କ୍ଷତି ଘଟାଇଥାଏ । ପୁଣି ଜଙ୍ଗଲଜାତ ସାମଗ୍ରୀ ଯଥା ମହୁଲ, ଶାଳମଞ୍ଜି ଟୋଳ ଆଦି ସଂଗ୍ରହ ସକାଶେ ଏସବୁ ଗଛର ମୂଳ ସଫା ରଖିବା ପାଇଁ ଆଦିବାସୀମାନେ ତଳେ ଝରିପଡୁଥିବା ଶୁଖିଲା ପତ୍ରରେ ନିଆଁ ଲଗାଇ ଦେଇଥାଆନ୍ତି । ଜୈବ ବିବିଧତା ନଷ୍ଟ ହେବା ସହ ବନ୍ୟଜନ୍ତୁ ଓ ବୃକ୍ଷଲତାଗୁଡ଼ିକର ବିଲୋପ ଘଟେ, ବନ୍ୟଜନ୍ତୁଙ୍କ ଆବାସସ୍ଥଳୀ ଉଜୁଡ଼ିଯାଏ । ସେମାନଙ୍କ ବଂଶ ବୃଦ୍ଧି ସୀମିତ ହୋଇଯାଏ । ଅନେକ ଜୀବଜନ୍ତୁଙ୍କର ପ୍ରାଣହାନୀ କାରଣରୁ ସେମାନଙ୍କ ସଂଖ୍ୟା ହ୍ରାସ ପାଏ । ଗଛ ଧ୍ୱଂସ ପାଉଥିବା ଯୋଗୁଁ ବାୟୁମଣ୍ଡଳରୁ ଅଙ୍ଗାରକାମ୍ଳ ଶ୍ଲେଷଣରେ ବ୍ୟାଘାତ ଘଟେ । ଫଳରେ ପରିବେଶରେ ଅଙ୍ଗାରକାମ୍ଳର ମାତ୍ରା ବୃଦ୍ଧି ଘଟେ । ଜଙ୍ଗଲ ସମ୍ପଦ ହ୍ରାସଯୋଗୁଁ ବର୍ଷାର ପରିମାଣ ହ୍ରାସ ପାଏ । ଜଙ୍ଗଲ ଉପରେ ନିର୍ଭରଶୀଳ ବନବାସୀମାନଙ୍କର ଜୀବନଜୀବିକା ବିପନ୍ନ ହୁଏ । ଆବାସସ୍ଥଳୀ ଉଜୁଡ଼ିଯିବା କାରଣରୁ ଓ ଜଙ୍ଗଲରେ ମିଳୁଥିବା ଖାଦ୍ୟ ଦୁଷ୍ପ୍ରାପ୍ୟ ହେବାରୁ ବନ୍ୟଜନ୍ତୁମାନେ ଜନପଥକୁ ମାଡ଼ିଆସିବା ଫଳରେ ପଶୁ ମଣିଷ ବିବାଦ ବୃଦ୍ଧି ପାଏ ।

ଓଡ଼ିଶାରେ ୧୯୮୮ ପ୍ରଣୀତ ଜାତୀୟ ଜଙ୍ଗଲ ନୀତିରେ ଜଙ୍ଗଲ ନିଆଁକୁ



ଅଲେଖ ଚନ୍ଦ୍ର ସାମଲ

ରୋକିବା ସହ ଏହାକୁ ପରିଚାଳନା ଓ ବନ୍ୟଜନ୍ତୁଙ୍କ ସୁରକ୍ଷା ପାଇଁ ସବିଶେଷ ମାର୍ଗଦର୍ଶିକା ରହିଛି । ସାମ୍ପ୍ରତିକ ସୂଚନା ପ୍ରଯୁକ୍ତିର ଜ୍ଞାନକୌଶଳ ଦ୍ୱାରା ଜଙ୍ଗଲ ନିଆଁ ଉପରେ ରୋଗ ଲଗାଇବା ସହ କେନ୍ଦ୍ର ସରକାର ୨୦୦୦ ମସିହାରେ ଏ ନେଇ କିଛି ନିୟମ ଜାରି କରିଛନ୍ତି । ସେହିପରି ଭାରତୀୟ ଜଙ୍ଗଲ ଆଇନରେ ଜଙ୍ଗଲରେ ନିଆଁ ଲଗାଇବା ଏକ ଦଣ୍ଡନୀୟ ଅପରାଧ ଭାବେ କଡ଼ା କଡ଼ି ଉଲ୍ଲେଖ ରହିଛି । ଏଥିରେ ଜଙ୍ଗଲ ଉପରେ ନିର୍ଭରଶୀଳ ସ୍ଥାନୀୟ ଲୋକଙ୍କୁ ଜଙ୍ଗଲ ନିଆଁ ରୋକିବା ପାଇଁ ସାମିଲ କରିବାକୁ ବ୍ୟବସ୍ଥା ରହିଛି । ଜଙ୍ଗଲ ପୋଡ଼ି ରୋକିବାକୁ ଓଡ଼ିଶା ଜଙ୍ଗଲ ଅଧିନିୟମ ୧୯୭୯ ବିଶେଷ ଭାବେ ପ୍ରସ୍ତୁତ ହୋଇଛି । ଏଥିରେ ସଂରକ୍ଷିତ ଓ ଖୋଲା ଜଙ୍ଗଲରେ ନିଆଁ ଲଗାଇବାକୁ ସମ୍ପୂର୍ଣ୍ଣ ନିଷେଧ କରାଯିବା ସହ ଜଙ୍ଗଲ ପାଖରେ ନିଆଁର ବ୍ୟବହାର ଉପରେ ମଧ କଟକଣା ଜାରି କରାଯାଇଛି । ଓଡ଼ିଶା ଜଙ୍ଗଲ (ସଂଶୋଧନ) ଆଇନ ୨୦୦୧ର ୨୭ ଧାରାର ଉପଧାରା (କ)୧ରେ ଜଙ୍ଗଲରେ ନିଆଁ ଲଗାଇବା ଓ ଜଳନ୍ତା ନିଆଁକୁ ଛାଡ଼ି ଆସିବା ଭଳି କାର୍ଯ୍ୟ କଲେ ଜେଲ ଓ ଜରିମାନାର ବ୍ୟବସ୍ଥା ମଧ ରହିଛି । ଜଙ୍ଗଲରେ କୌଣସି କାରଣବଶତଃ ଅଗ୍ନି ଦେଖାଯିବା ମାତ୍ରେ ନିକଟସ୍ଥ ଗ୍ରାମଗୋଷ୍ଠୀକୁ ସୂଚୀତ କରାଇବା ଦ୍ୱାରା ସେମାନେ ନିଆଁ ଲିଭାଇବାକୁ ଉଦ୍ୟମ କରିବା, ଗ୍ରାମରେ ଆଇନ କରି ଜଙ୍ଗଲ ନିଆଁ ଆଇନ ଉଲ୍ଲଂଘନକାରୀଙ୍କୁ ଦଣ୍ଡିତ କରିବା, ଶିକାର, ଲଘୁବନଜାତ ଦ୍ରବ୍ୟ ସଂଗ୍ରହ, ଫସଲ ସୁରକ୍ଷା, ପୋଡୁଚାଷ ପାଇଁ ନିଆଁର ବ୍ୟବହାରକୁ ନିଷିଦ୍ଧ କରିବା ସକାଶେ କ୍ଷମତା ପ୍ରଦାନ କରାଯାଇଛି । ଜଣାଯାଇଛି ଯେ, ଓଡ଼ିଶାରେ ୨୦୦୫ ମସିହାରେ ଯେଉଁ ପରିମାଣରେ ଜଙ୍ଗଲ ପୋଡ଼ି ହୋଇଥିଲା ତାହା ସମଗ୍ର ଦେଶରେ ତୃତୀୟ ଏବଂ ଏହାର ପରିମାଣ ୫.୪୯ ପ୍ରତିଶତ ।

ଆମ୍ଭେମାନେ ପ୍ରକୃତି ପ୍ରଦତ୍ତ ଜଙ୍ଗଲ ସମ୍ପଦ ନଷ୍ଟ କରୁଥିବାରୁ ପ୍ରାକୃତିକ ବିପର୍ଯ୍ୟୟକୁ ସାମ୍ନା କରୁଛୁ । କେବଳ ଭାରତରେ ନୁହେଁ ଭୟାବହ ଜଙ୍ଗଲ ନିଆଁ, ବିଶ୍ୱର ବିଭିନ୍ନ ରାଷ୍ଟ୍ରରେ ଅପୂରଣୀୟ କ୍ଷତି କରୁଛି । ବହୁ ବିଳମ୍ବରେ ହେଲେ ବି ଭାରତରେ ଅତ୍ୟାଧୁନିକ ବ୍ୟବସ୍ଥା ମାଧ୍ୟମରେ ଜଙ୍ଗଲ ନିଆଁକୁ ଆୟତ୍ତ କରିବାର ବ୍ୟବସ୍ଥା କାର୍ଯ୍ୟକାରୀ କରାଯାଉଛି । ସେହିପରି ବନ୍ୟପ୍ରାଣୀ ମାନଙ୍କ ସୁରକ୍ଷା ପାଇଁ ସରକାର କଡ଼ାକଡ଼ି ଆଇନ କରିବା ପରେ ସ୍ଥାନୀୟ ବାସିନ୍ଦାଙ୍କ ସହଯୋଗରେ ଅନେକ ସାମାଜିକ ଅନୁଷ୍ଠାନମାନେ ନିୟମିତ କାର୍ଯ୍ୟକ୍ରମ ହାତକୁ ନେଉଛନ୍ତି । ଜଙ୍ଗଲରେ କେଉଁଠି ନିଆଁ ଲାଗୁଛି ତାହା ଉପରେ ନଜର ରଖିବା ପାଇଁ ବିଦେଶୀ ରାଷ୍ଟ୍ରଗୁଡ଼ିକରେ ଜଙ୍ଗଲ ଭିତରେ ନିରୀକ୍ଷଣ ମଞ୍ଚ ପ୍ରସ୍ତୁତ କରାଯାଇ ଦୂରବିକ୍ଷଣ ଯନ୍ତ୍ର ସାହାଯ୍ୟ ନେଇ ନିୟମିତ ପହରାର ବ୍ୟବସ୍ଥା ହୋଇଛି । ନିରୀକ୍ଷଣ ମଞ୍ଚରେ ଦିଗ ନିର୍ଣ୍ଣାୟକ ଯନ୍ତ୍ର ମଧ ଲଗାଯାଇଛି, ଯାହାଫଳରେ ଜଙ୍ଗଲ

# ରାଜ୍ୟରେ ଜଳ ସଙ୍କଟ

ରାଜ୍ୟରେ ଖରା ଏବେ ଠାରୁ ଅସମ୍ଭାଳ ପରିସ୍ଥିତି ସୃଷ୍ଟି କଲାଣି । ତେଣୁ ଆଗାମୀ ଦିନରେ ପାନୀୟ ଜଳକୁ ନେଇ ସମସ୍ୟା ଉପୁଜିବାର ଯଥେଷ୍ଟ ସମ୍ଭାବନା ରହିଛି । ରାଜ୍ୟର ୧୪ ଜିଲ୍ଲା ଜଳଶୁଷ୍କ ଅଞ୍ଚଳ ଭାବେ ପରିଗଣିତ ହେଉଛି । ମାର୍ଚ୍ଚର ତାତିକୁ ଦେଖି ଏପ୍ରିଲ ଓ ମେ' ମାସର ଗ୍ରୀଷ୍ମପ୍ରବାହକୁ ଆକଳନ କରାଯାଏ ତେବେ ଜଳଶୁଷ୍କ ଭାବେ ଚିହ୍ନିତ ଜିଲ୍ଲାରେ ପାନୀୟ ଜଳ ଏକ ବଡ଼ ସମସ୍ୟା ହେବ ବୋଲି କୁହାଯାଉଛି । ମୁଖ୍ୟତଃ ଗ୍ରୀଷ୍ମଋତୁରେ ଏହି ଅଞ୍ଚଳରେ ବିଶୁଦ୍ଧ ପାନୀୟ ଜଳ ପାଇବାରୁ ଲୋକେ ବଞ୍ଚିତ ହୁଅନ୍ତି । ସରକାର ପ୍ରତ୍ୟେକ ଘରକୁ ପାଇପ ଯୋଗେ ପାନୀୟ ଜଳ ଯୋଗାଇବାକୁ ଯଦିଓ ଅଣ୍ଟା ଭିଡ଼ିଛନ୍ତି, ଏ ପର୍ଯ୍ୟନ୍ତ ରାଜ୍ୟର ଅଧିକାଂଶ ଅଞ୍ଚଳରେ ଏହା ପହଞ୍ଚି ପାରିନି । ଅପରପକ୍ଷରେ ଜଳ ସଂରକ୍ଷଣ ପାଇଁ କେନ୍ଦ୍ରୀୟ ଜଳ ଆୟୋଗ (ସିଡବ୍ଲ୍ୟୁସି)କୁ ଓଡ଼ିଶା ସରକାର ୧୫ଟି ପ୍ରସ୍ତାବ ପଠାଇଛନ୍ତି । ସେଥିରୁ ୭ଟି ଫେରସ୍ତ ହୋଇଥିବାବେଳେ ୮ଟି ସ୍ଥଗିତ ରହିଛି । ସ୍ଥାୟୀ ଜଳଧାରଣ କ୍ଷମତାକୁ ବୃଦ୍ଧି କରିବା ନିମନ୍ତେ ଗତ ପାଞ୍ଚ ବର୍ଷ ମଧ୍ୟରେ ୧୧,୭୦୦ କୋଟି ଟଙ୍କା ଖର୍ଚ୍ଚ କରାଯାଇଛି ବୋଲି ଜଳ ସମ୍ପଦ ମନ୍ତ୍ରୀ ନିକଟରେ ଗଣମାଧ୍ୟମକୁ କହିଛନ୍ତି ।

କେନ୍ଦ୍ର ସରକାରଙ୍କ ତରଫରୁ ଏ ପର୍ଯ୍ୟନ୍ତ ଓଡ଼ିଶାର କୌଣସି ଜିଲ୍ଲା ଜଳଶୁଷ୍କ ଜିଲ୍ଲା ଭାବେ ଚିହ୍ନଟ କରାଯାଇପାରିନି । ହେଲେ ରାଜ୍ୟର ଅଧିକାଂଶ ଜିଲ୍ଲାରେ ଗ୍ରୀଷ୍ମଋତୁରେ ସାମୟିକ ଭାବେ ଜଳସ୍ତର ହ୍ରାସ ହୁଏ । ବଲାଙ୍ଗିର, ଫୁଲବାଣୀ, ବୌଦ୍ଧ, ଗଞ୍ଜାମ, ନୟାଗଡ଼, ସମ୍ବଲପୁର, ଯାଜପୁର, ଝାରସୁଗୁଡ଼ା, କେନ୍ଦୁଝର, କୋରାପୁଟ, ମୟୂରଭଞ୍ଜ, ସୁନ୍ଦରଗଡ଼, କେନ୍ଦ୍ରାପଡ଼ା ଓ ଢେଙ୍କାନାଳ ଜିଲ୍ଲାରେ ଜଳଶୁଷ୍କ ଅଞ୍ଚଳ ଅଧିକ ରହିଛି । ତେଣୁ ଏହିସବୁ ଜିଲ୍ଲାରେ ଖରାଦିନେ କିପରି ଲୋକଙ୍କୁ ପାନୀୟ ଜଳ ମିଳିବ, ତାହା ଏବେ ଚିନ୍ତାର ବିଷୟ । ଜଳଶୁଷ୍କ ଚିହ୍ନିତ ଜିଲ୍ଲାଗୁଡ଼ିକୁ ବିଶୁଦ୍ଧ ପାନୀୟ ଜଳ ଯୋଗାଇ ଦେବା ପାଇଁ ରାଜ୍ୟ ସରକାର ବିହିତ ପଦକ୍ଷେପ ନେଉଛନ୍ତି । ବର୍ତ୍ତମାନ ଚାଲୁ ରହିଥିବା ପାଇପ ଜଳ ଯୋଗାଣ ପ୍ରକଳ୍ପରେ ଉନ୍ନତୀକରଣ କରାଯାଇ ପ୍ରତ୍ୟେକ ଘରକୁ ଟ୍ୟାପ ଯୋଗେ ପାନୀୟ ଜଳ ଯୋଗାଇବା ପାଇଁ ପଦକ୍ଷେପ ନିଆଯାଇଛି । ତେବେ ଏଥର ଖରାଦିନେ ଉପରୋକ୍ତ ଜିଲ୍ଲା ଗୁଡ଼ିକ ଏହି ପ୍ରକଳ୍ପରୁ ପାଣି ପାଇବା ସମ୍ଭାବନା କ୍ଷୀଣ । ତେଣୁ ଜଳଶୁଷ୍କ ଜିଲ୍ଲାରେ ଏଥର ପାନୀୟ ଜଳକୁ ନେଇ ସଙ୍କଟ ଆଶଙ୍କାକୁ ଟାଳି ହେବନାହିଁ । ସେହିପରି ଓଡ଼ିଶାର ଜୀବନରେଖା ମହାନଦୀରେ ଜଳପ୍ରବାହ କମିବାରେ ଲାଗିଛି । ମହାନଦୀ ଉପରମୁଣ୍ଡରେ ବହୁ ବ୍ୟାରେଜ କାରଣରୁ ମହାନଦୀକୁ ଅଣମୌସୁମୀ ସମୟରେ ଯେତିକି ଜଳ ପ୍ରବାହିତ ହେବା କଥା, ତାହା ହେଉନି । ଆଗାମୀ ବର୍ଷଗୁଡ଼ିକରେ ଜଳ ପ୍ରବାହା ଆହୁରି ମଧ କମିବାର ଆଶଙ୍କା ସୃଷ୍ଟି ହୋଇଥିବା ଖୋଦ ଜଳସମ୍ପଦ ମନ୍ତ୍ରୀ ବିଧାନସଭାରେ ଉତ୍ତର ରଖିଛନ୍ତି ।

ଛତିଶଗଡ଼ରେ ମହାନଦୀ ଶଯ୍ୟାରେ ଜଳ ଭରପୁର ରହିଥିବାବେଳେ ଓଡ଼ିଶାରେ ଜଳ ପ୍ରବାହ କମିଛି । ଗତବର୍ଷ ଫେବୃଆରୀ ୨୬ରେ ହୀରାକୁଦରେ ଜଳସ୍ତର ୬୪୨ ଫୁଟ ରହିଥିବାବେଳେ ଏ ବର୍ଷ ଫେବୃଆରୀ ୨୬ରେ ୬୧୮ ଫୁଟ ରହିଛି । ଏପରି କି ପଶ୍ଚିମ ଓଡ଼ିଶାର କେତେକ ଅଞ୍ଚଳରେ ମହାନଦୀ ଶୁଖିଲା ଦେଖିବାକୁ ମିଳୁଛି । ଆଗକୁ ଚାଷଜମିକୁ ପାଣି କିଭଳି ମିଳିବ ତାହା ଏବେ ବଡ଼ ପ୍ରଶ୍ନ ସୃଷ୍ଟି କରୁଛି । ମହାନଦୀର ତଳମୁଣ୍ଡରେ ଜଳ ସଂରକ୍ଷଣ ପାଇଁ ରାଜ୍ୟ ସରକାର ବାହାରିଥିବା ବେଳେ ଛତିଶଗଡ଼ ସହ ବିବାଦ କାରଣରୁ ଏସବୁ ଅଟକି ରହିଛି ।

ଜଳର ଅନ୍ୟନାମ ଜୀବନ । ଜଳ ବିନା କୌଣସି ପ୍ରାଣୀ, ଜନ୍ତୁ, ବୃକ୍ଷଲତା, ସରୀସୃପ, କୀଟପତଙ୍ଗ, ଜୀବନଧାରଣ କରିବା ସମ୍ପୂର୍ଣ୍ଣ ଅସମ୍ଭବ । ତେଣୁ ଜଳର ଆବଶ୍ୟକତା ଅନୁଭବ କରି ଆବାହମାନ କାଳରୁ ପାନୀୟ ଜଳ ଓ ଅନ୍ୟାନ୍ୟ ବ୍ୟବହାର ପାଇଁ ଜଳର ବ୍ୟବସ୍ଥା କରାଯାଇ ଆସୁଛି । ସଭ୍ୟସମାଜରେ ପ୍ରତ୍ୟେକ ସରକାର ଦେଶର ଜନସାଧାରଣଙ୍କୁ ସୁସ୍ଥ ପାନୀୟ ଜଳ ସହ ବ୍ୟବହାରପଯୋଗୀ ଓ ଚାଷପଯୋଗୀ ଜଳ ଯୋଗାଇ ଦେଇଥାନ୍ତି । ଏବେ ଓଡ଼ିଶାରେ ଜଳ ସମସ୍ୟା ଉତ୍କଟ ହେଉଥିବାର ପରିଲକ୍ଷିତ ହେଉଛି । ସରକାରୀ ହିସାବ ଅନୁଯାୟୀ



ଡ଼ଃ.ଅରୁନ୍ଧତୀ ଦେବୀ

ରାଜ୍ୟର ଗ୍ରାମାଞ୍ଚଳରେ ଥିବା ୫୫ ହଜାର ୧୮୬ ଜନବସତିରେ ପାନୀୟ ଜଳ ବ୍ୟବସ୍ଥା ନାହିଁ । ସହରାଞ୍ଚଳରେ ୧୪୫ ୱାର୍ଡ଼ରେ ବି କୌଣସି ପ୍ରକାର ପାନୀୟ ଜଳ ବ୍ୟବସ୍ଥା ନାହିଁ । ଏସବୁ ଅଞ୍ଚଳରେ ଲୋକେ ବାଧ୍ୟ ହୋଇ ଚୁଆ, ପୋଖରୀ, ଝରଣା ପାଣି ପିଉଛନ୍ତି । ରାଜ୍ୟରେ ପାନୀୟ ଜଳଯୋଗାଣ ଏଭଳି ଦୟନୀୟ ସ୍ଥିତିରେ ପଡ଼ିଛି । ରାଜ୍ୟ ଚତୁର୍ଥ ଅର୍ଥ କମିସନ ତାଙ୍କ ରିପୋର୍ଟରେ ଆଙ୍କିଥିବା ଚିତ୍ରରେ ଏକଥା ଦର୍ଶାଇଛନ୍ତି । ସ୍ଥିତି ସୁଧାରିବା ପାଇଁ ପାନୀୟ ଜଳ ବାବଦରେ ୧୦ ହଜାର ୮୯ କୋଟି ଟଙ୍କା ଯୋଗାଇ ଦେବାକୁ କମିସନ୍ ସୁପାରିଶ କରିଛନ୍ତି । ରିପୋର୍ଟ ଅନୁସାରେ, ରାଜ୍ୟର ୨୦% ଅଞ୍ଚଳରେ ଜଳ କ୍ଲୋରାଇଡ୍ ପ୍ରଦୂଷିତ । ୭୦% ଅଞ୍ଚଳରେ ମାତ୍ରାଧିକ ଲୌହ ପ୍ରଦୂଷଣ ରହିଛି ଏବଂ ୨% ଅଞ୍ଚଳରେ ଜଳ ଫ୍ଲୋରାଇଡ୍ ପ୍ରଦୂଷିତ ହୋଇ ରହିଛି । ଉପକୂଳ ଓଡ଼ିଶାର ଅନେକ ଅଞ୍ଚଳର ପାଣି ଲୁଣିଆ ଓ କ୍ଷାରଯୁକ୍ତ । ଏସବୁ ଅଞ୍ଚଳର ଶୁଦ୍ଧ ପାନୀୟ ଜଳ ଯୋଗାଇ ଦେବାକୁ ରାଜ୍ୟ ସରକାର କୌଣସି ପଦକ୍ଷେପ ନେଇନାହାନ୍ତି । ୧୩ଟି ବ୍ଲକର ୭୪୦ଟି ଗାଁରେ ସ୍ଥିତି ଅତି ଗୁରୁତର । ପାଣି ମିଳୁନାହିଁ, ଯାହା ମିଳୁଛି ଅତି ମାତ୍ରାରେ ଦୂଷିତ । ଯେଉଁଥିପାଇଁ ଏସବୁ ଗାଁରେ ରହୁଥିବା ୫ଲକ୍ଷ ୯୦ ହଜାର ଲୋକଙ୍କ ଜୀବନ ବିପନ୍ନ । ଏମାନଙ୍କୁ ଯୁଦ୍ଧକାଳୀନ ଭିତ୍ତିରେ ପାଇପ୍ ଯୋଗେ ପାନୀୟ ଜଳ ଯୋଗାଇ ଦେବାକୁ କମିସନ୍ ସୁପାରିସ କରିଛନ୍ତି ।

ରାଜ୍ୟର ମୋଟାମୋଟି ପାନୀୟ ଜଳ ସ୍ଥିତି ସମ୍ପର୍କରେ ତଥ୍ୟ ରଖି କମିସନ ଦର୍ଶାଇଛନ୍ତି, ଗ୍ରାମାଞ୍ଚଳର ମୋଟ ୧ ଲକ୍ଷ ୫୭ ହଜାର ୨୯୬ଟି ବସତି ମଧ୍ୟରୁ ୧ ଲକ୍ଷ ୨ ହଜାର ୧୧୦ଟି ବସତିକୁ ପାନୀୟ ଜଳ ମିଳୁଛି । ଦିନକୁ ମୁଣ୍ଡପିଛା ୪୦ ଲିଟର ଲେଖାଏଁ । ଏଥିରୁ ପ୍ରାୟ ୪୮ ହଜାର ୪୬୬ଟି ବସତିକୁ ଆଂଶିକ ଭାବେ ପାନୀୟ ଜଳ ଦିଆଯାଉଛି । ଅର୍ଥାତ୍ ଯେଉଁଠି ୪ଟି କିମ୍ବା ୫ଟି ନଳକୂପ ଦରକାର ସେଠି ମିଳୁଛି ମାତ୍ର ଗୋଟିଏ । ଅନେକ ଗାଁରେ ସ୍ଥାପନ ହୋଇଥିବା ନଳକୂପ ଅଚଳ ହୋଇପଡ଼ିଛି । ଏଣୁ ଆସନ୍ତା ୫ ବର୍ଷ ମଧ୍ୟରେ ପ୍ରତି ଜନବସତିକୁ ହାରାହାରି ଦୁଇଟି ଲେଖାଏଁ, ନଳକୂପ ଯୋଗାଇ ଦେବା ପାଇଁ କମିସନ ସୁପାରିଶ କରିଛନ୍ତି । ଏଥିପାଇଁ ୭୭୫ କୋଟି ଟଙ୍କା ବ୍ୟୟ ବରାଦ ରଖାଯିବା ଦରକାର ବୋଲି କୁହାଯାଇଛି । ପାଇପ୍ ଯୋଗେ ମାତ୍ର ୩୫ ହଜାର ୨୩୩ ବସତିକୁ ପାଣି ଦିଆଯାଉଛି । ଏହି ଜଳ ବ୍ୟବସ୍ଥାର ରକ୍ଷଣାବେକ୍ଷଣ ଏବଂ ମରାମତି ପାଇଁ ଆସନ୍ତା ୫ ବର୍ଷ ମଧ୍ୟରେ ୨୫୧୫ କୋଟି ଟଙ୍କା ଦେବା ପାଇଁ ଅର୍ଥ କମିସନ ସୁପାରିଶ କରିଛି । ସହରାଞ୍ଚଳ ପାନୀୟ ଜଳ ସ୍ଥିତି ମଧ ଗମ୍ଭୀର ବୋଲି ଦର୍ଶାଇ କମିସନ କହିଛନ୍ତି ମୋଟ ୧୦୯ଟି ସହରାଞ୍ଚଳରେ ଥିବା ୧୮୪୩ଟି ୱାର୍ଡ଼ ମଧ୍ୟରୁ ମାତ୍ର ୫୫୨ଟି ୱାର୍ଡ଼କୁ ସମ୍ପୂର୍ଣ୍ଣ ଭାବେ ପାନୀୟ ଜଳ ଯୋଗାଣ କରାଯାଉଛି । ୧୧୪୬ଟି ୱାର୍ଡ଼ରେ ଆଂଶିକ ଯୋଗାଣ ହେଉଛି । ୧୪୫ଟି ୱାର୍ଡ଼କୁ ସରକାର ଭୁଲି ଯାଇଛନ୍ତି । ଯେଉଁଠି ପାନୀୟ ଜଳଯୋଗାଣ ବ୍ୟବସ୍ଥା ହୋଇଛି । ତାର ମରାମତି ଓ ରକ୍ଷଣାବେକ୍ଷଣ ପାଇଁ ଆସନ୍ତା ୫ ବର୍ଷ ମଧ୍ୟରେ ପାଖାପାଖି ୨୨ଶହ କୋଟି ଟଙ୍କା ଏସବୁ ପୌରାଞ୍ଚଳକୁ ହସ୍ତାନ୍ତର କରିବା ଲାଗି କମିସନ ଗୁରୁତ୍ୱାରୋପ କରିଛନ୍ତି । ଏହାଛଡ଼ା ଦିନକୁ ମୁଣ୍ଡପିଛା ୪୦ ଲିଟର ପାଣିକୁ ପ୍ରଥମେ ୭୦ ଲିଟର ଓ ପରେ ୧୩୫ ଲିଟରକୁ ବୃଦ୍ଧି କରିବା ପାଇଁ କମିଶନ କହିଛନ୍ତି । ଓଡ଼ିଶା ସହରାଞ୍ଚଳ ଜଳନୀତି ମୁତାବକ ସହରାଞ୍ଚଳରେ ଜଳଯୋଗାଣ ସ୍ଥାପନ ପାଇଁ ଆଗାମୀ ଦଶ ବର୍ଷ ମଧ୍ୟରେ ୨୭୦୩ କୋଟି ଟଙ୍କା ବ୍ୟୟବରାଦ କରିବା ପାଇଁ କମିସନ ସୁପାରିଶ କରିଛନ୍ତି । ଖାଦ୍ୟ ଅଭାବରୁ ପ୍ରାଣୀମାନେ ବଞ୍ଚିବା ଯେଭଳି ଅସମ୍ଭବ ଜଳ ଅଭାବରୁ ବଞ୍ଚିବା ତା ଠାରୁ ଅଧିକ କଷ୍ଟସାଧ । ତେଣୁ ରାଜ୍ୟର ପ୍ରଗତିର ମାନଦଣ୍ଡ ଭାବରେ କଂକ୍ରିଟ୍ ସିମେଣ୍ଟ ରାସ୍ତା, ଉଚ୍ଚ ଅଟ୍ଟାଳିକା, କଳକାରଖାନା ପାଇଁ ରାଜ୍ୟ ସରକାର ଗର୍ବିତ ହେବା ପରିବର୍ତ୍ତେ ରାଜ୍ୟର ଜଳ ସମସ୍ୟାର ବାସ୍ତବ ସମାଧାନ ଦିଗରେ ଅଗ୍ରାଧିକାର ଦେବା ଏକାନ୍ତ ଆବଶ୍ୟକ । ଜଳ ସଙ୍କଟ ଯୋଗୁଁ ରାଜ୍ୟର ମନୁଷ୍ୟ ଠାରୁ ଆରମ୍ଭ କରି ସମସ୍ତ ପ୍ରାଣୀଙ୍କର ସ୍ୱାସ୍ଥ୍ୟହାନି ଘଟି ବିପର୍ଯ୍ୟୟ ଘଟୁଥିବାରୁ ଆମର ସମ୍ବେଦନଶୀଳ ମୁଖ୍ୟମନ୍ତ୍ରୀ ବାସ୍ତବ ଦୃଷ୍ଟିକୋଣରୁ ଏହି ସମସ୍ୟାର ସମାଧାନ ପାଇଁ ଦୃଢ଼ ପଦକ୍ଷେପ ନେବା ଲାଗି ଆଗେଇ ଆସିବା ଉଚିତ । କେବଳ କାଗଜପତ୍ରରେ ସମସ୍ୟାର ସମାଧାନରେ ଆତ୍ମସନ୍ତୋଷ ଲାଭ ନକରି ପ୍ରତ୍ୟେକ୍ଷ ଅନୁଭୂତିରୁ ଆତ୍ମସନ୍ତୋଷ ଲାଭ କରିବା ଏକାନ୍ତ ଆବଶ୍ୟକ ।

ନିର୍ଦ୍ଦେଶିକା-ସମ୍ପାଦିକା, ଆନ୍ତର୍ଜାତିକ ଅଶୋଭନୀୟତା ନିରୋଧ ଆନ୍ଦୋଳନ,
ଓଡ଼ିଶା, କଟକ,
ଦୂରଭାଷ : ୯୯୩୭୧୭୨୮୧୦




# ଶ୍ରୀମନ୍ଦିରରେ ଶ୍ରୀଜୀଉ ଦର୍ଶନ ନିମନ୍ତେ ସ୍ୱତନ୍ତ୍ର ବ୍ୟବସ୍ଥା ଦାବୀ କଲେ ଦିବ୍ୟାଙ୍ଗ

ପୁରୀ,(ପି.ଏନ): ଜିଲ୍ଲା ଦିବ୍ୟାଂଗ ମହାମଂଚ ତରଫରୁ ଜିଲ୍ଲା ପ୍ରଶାସନ ଓ ସ୍ୱେଚ୍ଛାସେବୀ ସଂଗଠନ ସାମୁଖ୍ୟ ଦି ବେଲ୍ ତରଫରୁ ଆୟୋଜିତ ହୋଇ ଯାଇଛି ବିଶ୍ୱ ହୁଇଲ ଚେୟାର ଦିବସ। ଲୋକନାଥ ରୋଡ ସ୍ଥିତ ସିଂହସ୍ଥାନ ମଧୁବୈଶ୍ୟ ସମିତି ଠାରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ରୂପେ ଯୋଗ ଦେଇ ଅତିରିକ୍ତ ଜିଲ୍ଲାପାଳ ପ୍ରଦୀପ କୁମାର ସାହୁ କହିଲେ ଦିବ୍ୟାଂଗ ମାନଙ୍କୁ ହୁଇଲ୍ ଚେୟାର ବଣ୍ଟନ କରିବା ସହିତ ପୁରୀ ଜିଲ୍ଲାର ଭିନ୍ନକ୍ଷମ ମାନଙ୍କ ପାଇଁ ଆଗକୁ ଅନେକ ଯୋଜନା ହାତକୁ ନିଆଯିବ ।ଏହି ଅବସରରେ ଦିବ୍ୟାଂଗ ମହମଞ୍ଚ ତରଫରୁ ଜଗନ୍ନାଥ ମନ୍ଦିରକୁ କିପରି ସେମାନେ ସହଜରେ ଯାଇ ଦର୍ଶନ କରିପାରିବେ ସେ ବ୍ୟବସ୍ଥା ପାଇଁ ଅତିରିକ୍ତ ଜିଲ୍ଲାପାଳଙ୍କୁ ନିବେଦନ କରିଥିଲେ ।କାର୍ଯ୍ୟକ୍ରମରେ ଅନ୍ୟତମ ଅତିଥି ଭାବରେ ଯୋଗ ଦେଇ ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ଶୁଭ୍ରାଂଶୁ ଶେଖର ମହାରଣା ପୁରୀରେ ପ୍ରଥମ ଥର ପାଇଁ ଏଭଳି ଦିବସର ପାଳନ କରୁଥିବାରୁ ଅନୁଷ୍ଠାନର କର୍ମ କର୍ତ୍ତା ମାନଙ୍କୁ ପ୍ରଶଂସା କରିଥିଲେ ଏବଂ ପୁରୀ ଜିଲ୍ଲା ଦିବ୍ୟାଙ୍ଗ ମାନଙ୍କ ନିଯୁକ୍ତି କ୍ଷେତ୍ର ରେ ଉତ୍ତମ ପ୍ରଦର୍ଶନ କରିଥିବାରୁ ନିକଟରେ ରାଜ୍ୟ ସରକାରଙ୍କ ଦ୍ୱାରା ବେଷ୍ଟ ଏମ୍ପ୍ଲୟର ଆୱାର୍ଡ଼ ପାଇ ଥିବା ସୂଚନା ଦେଇ ଥିଲେ । ଦିବ୍ୟାଙ୍ଗମାନେ ନିଜକୁ ଅକ୍ଷମ ନ ଭାବି ମନୋବଳ ଦୃଢ଼ କରି ନିଯେ କିପରି ସ୍ୱାବଲମ୍ବୀ ହୋଇ ପାରିବେ ସେଥି ପ୍ରତି ପ୍ରଚେଷ୍ଟା କରିବା ଆବଶ୍ୟକ ବୋଲି କହିଥିଲେ ।ଦିବ୍ୟଂଗ ମହମଞ୍ଚ ର ଆବାହକ ଅଧକ୍ଷ ସିଦ୍ଧାର୍ଥ ରାୟ ସଭାର ସଭାପତିତ୍ୱ କରିବା ସହିତ ପୁରୀ ଜିଲ୍ଲା ଦିବ୍ୟଂଗ ମାନଙ୍କୁ ସବୁ ସୁବିଧା ଯୋଗାଇ ଦେବା ପାଇଁ ସୂଚନା ପ୍ରଦାନ ଓ ଡିବ୍ୟଙ୍ଗ ମାନଙ୍କ ଆବଶ୍ୟକତା ପୁରାଣ ପାଇଁ ଖୁବ୍ ଶୀଘ୍ର ମଞ୍ଚ ତରଫରୁ ଏକ ଆପ ଲଂଚ କରିବା ବ୍ୟବସ୍ଥା ହେଉଚି ବୋଲି ସୂଚନା ଦେଇଥିଲେ ।ଏହି ଅବସରରେ ହୁଇଲ ଚିଆର୍ ପାଇଁ ଥିବା ଦିବ୍ୟାଂଗ ମାନଙ୍କ ମଧ୍ୟରେ ମିଉଜିକ୍ ଚେଆର୍ ପ୍ରତିଯୋଗିତା କରାଯିବା ସହିତ ଅନୁଷ୍ଠାନ ତରଫରୁ ମହମାଞ୍ଚ ନଗର ସଂଚାଳକ ପ୍ରଶାନ୍ତ କୁମାର ନାୟକ ଙ୍କୁ ଓ ମଧୁ ବୈଶ୍ୟ ସଂସ୍ଥା ପୁରୀ ର ସଭାପତି ବିମଳ ପ୍ରସାଦ ସାହୁ ଙ୍କୁ ସମ୍ମାନିତ କରାଯାଇ ଥିଲା ।ଏହି କାର୍ଯ୍ୟ କ୍ରମକୁ ମହାମଞ୍ଚ ସଂଗଠନ ସମ୍ପାଦିକା ଗଜଲକ୍ଷ୍ମୀ ରାୟ,ଦି ବେଲ୍ ର ସୁକାନ୍ତ ପଣ୍ଡା, ରାଜକିଶୋର ପାତ୍ର, ବ୍ରଜକିଶୋର ସାହୁ, ସତ୍ୟନାରାୟଣ ସାହୁ, ଦେବରାଜ ଦାସ, ଟିକିନା ପ୍ରଧାନ, ବନିତା ଦୀକ୍ଷିତ, ପାର୍ବତୀ ରଭା, ବନିତା ଲେଙ୍କା ପ୍ରମୁଖ ପରିଚାଳନା କରିଥିଲେ।

## ଜାତୀୟ ତମାଖୁ ନିୟନ୍ତ୍ରଣ କାର୍ଯ୍ୟକ୍ରମ

ନୂଆପଡ଼ା,(ପି.ଏନ): ସ୍ଥାନୀୟ ରାଜା ଆର୍ତ୍ତତ୍ରାଣ ସରକାରୀ ଉଚ୍ଚ ବିଦ୍ୟାଳୟଠାରେ ଖଡ଼ିଆଳ ଉପଖଣ୍ଡ ଚିକିତ୍ସାଳୟ ଆନୁକୂଲ୍ୟରେ ତମାଖୁ ମୁକ୍ତ ଶିକ୍ଷାନୁଷ୍ଠାନ ଉଦ୍ଦେଶ୍ୟ ନେଇ ଜାତୀୟ ତମାଖୁ ନିୟନ୍ତ୍ରଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଏହି ଅବସରରେ ଅନୁଷ୍ଠିତ ସମାରୋହରେ ବିଦ୍ୟାଳୟର ବରିଷ୍ଠ ଶିକ୍ଷକ ଅକ୍ଷୟ କୁମାର ରଥ ଅଧ୍ୟକ୍ଷତା କରିଥିବା ବେଳେ ସ୍ୱାସ୍ଥ୍ୟ ବିଭାଗ ତରଫରୁ କାଉନସେଲର ପୁଷ୍ପାଞ୍ଜଳି ଠାକୁର ଓ ଫିଜିଓ ଥେରାପିଷ୍ଟ ପ୍ରକାଶ ରଞ୍ଜନ ମେହେର ଯୋଗ ଦେଇ ଛାତ୍ରଛାତ୍ରୀମାନଙ୍କୁ ତମାଖୁ ବ୍ୟବହାରର ଅପକାରିତା ଏବଂ ବିଭିନ୍ନ ରୋଗର କାରଣ ଓ ନିରାକରଣ , ବିଶେଷ କରି କର୍କଟ ରୋଗର ବିଶେଷ କାରଣ ତମାଖୁ ବୋଲି ଆଲୋଚନା କରିଥିଲେ। ବିଦ୍ୟାଳୟର ଶିକ୍ଷକ ଗୌରାଙ୍ଗ କୁମାର ସାହୁ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# ରେନଲ୍ଟ ଭାରତରେ ୪୧୫ରୁ ଅଧିକ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ନିଜର ନେଟ୍‌ୱର୍କ ଉପସ୍ଥିତି ବିସ୍ତାର କରିଛି

ନୂଆଦିଲ୍ଲୀ,(ପିଏନ): ରେନଲ୍ଟ ଇଣ୍ଡିଆ ପକ୍ଷରୁ ଗତ ଦୁଇ ମାସ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ୩୪ଟି ନୂତନ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ସାମିଲ କରାଯାଇଥିବା ସମ୍ପର୍କରେ ଘୋଷଣା କରାଯାଇଛି। ଏହା ମୋଟ ୯୦ରୁ ଅଧିକ ସେଲ୍ସ ଓ ସର୍ଭିସ୍ ଟଚ୍‌ପଏଂଟ୍‌କୁ ଚିହ୍ନିତ କରୁଛି ଯାହାକୁ ରେନଲ୍ଟ ଗତ ଏକ ବର୍ଷରୁ କମ୍ ସମୟ ମଧ୍ୟରେ ଦେଶବ୍ୟାପୀ ଏହାର ନେଟ୍‌ୱର୍କରେ ସାମିଲ କରିଛି। ବର୍ତ୍ତମାନର ବିକଶିତ ବଜାରଗୁଡିକରେ ବ୍ରାଣ୍ଡର ଅଭିବୃଦ୍ଧି ପାଇଁ ଏହି ବ୍ୟାପକ ନେଟ୍‌ୱର୍କ ସମ୍ପ୍ରସାରଣ ହେଉଛି ଏକ ରଣନୈତିକ ବ୍ୟବସାୟିକ ଧ୍ୟାନର ଅଂଶବିଶେଷ। ଏହି ନୂତନ ଡିଲରସିପ୍ ଫ୍ୟାସିଲିଟିଗୁଡିକ ମଧ୍ୟପ୍ରଦେଶ, ତାମିଲନାଡୁ, ଉତରପ୍ରଦେଶ, କର୍ଣ୍ଣାଟକ, ଗୁଜରାଟ, ହରିଆନା, ପଞ୍ଜାବ, ତେଲେଙ୍ଗାନା, ଉତରାଖଣ୍ଡ, ରାଜସ୍ଥାନ, ମହାରାଷ୍ଟ୍ର, ହିମାଚଳ ପ୍ରଦେଶ ଓ ପଶ୍ଚିମ ବଙ୍ଗରେ ଅବସ୍ଥିତ। ଏହି ସମ୍ପ୍ରସାରଣ ସହିତ ରେନଲ୍ଟ ଇଣ୍ଡିଆ ଏହାର ନେଟ୍‌ୱର୍କ ଉପସ୍ଥିତିକୁ ୪୧୫ରୁ ଅଧିକ ସେଲ୍ସ ଓ ୪୭୫ରୁ ଅଧିକ ସର୍ଭିସ୍ ଟଚ୍‌ପଏଂଟ୍‌କୁ ବୃଦ୍ଧି କରିଛି, ଯେଉଁଥିରେ ଉଲ୍ଲେଖନୀୟ ବିକ୍ରି ଓ ସେବା ଗୁଣମାନ ସହିତ ଦେଶର ବିଭିନ୍ନ ସ୍ଥାନରେ ୨୦୦ରୁ ଅଧିକ ୱର୍କସପ୍ ଅନ୍ ହ୍ୱିଲ୍ସ ସାମିଲ ରହିଛି। ଏସମ୍ପର୍କରେ ରେନଲ୍ଟ ଇଣ୍ଡିଆର ସେଲ୍ସ୍ ଆଣ୍ଡ ନେଟ୍‌ୱର୍କ ବିଭାଗର ସୁଧୀର ମଲହୋତ୍ରା କହିଛନ୍ତି ରେନଲ୍ଟ ଇଣ୍ଡିଆର ନେଟ୍‌ୱର୍କ ଉପସ୍ଥିତି ରଣନୈତିକ ଭାବେ ସମ୍ପ୍ରସାରିତ ହେଉଛି ଯାହାକି ହେଉଛି ଆମେ ଉଭୟ ଗ୍ରାହକ ଓ ଡିଲର ପାର୍ଟନରଙ୍କଠାରୁ ଗ୍ରହଣ କରୁଥିବା ଉତ୍ସାହଜନକ ପ୍ରତିକ୍ରିୟାର ସାକ୍ଷ୍ୟ ଅଟେ। ବର୍ତମାନ ସମରେ ଆମେ ନୂଆ ଡିଲରଙ୍କୁ ଆକର୍ଷିତ କରିବା ସହିତ ବିଦ୍ୟମାନ ପୁରୁଣା ପାର୍ଟନରଙ୍କଠାରୁ ଅଧିକ ନିବେଶ ଓ ସମ୍ପ୍ରସାରଣ ଅନୁରୋଧ ମଧ୍ୟ ହାସଲ କରୁଛୁ। ଏକ ବର୍ଦ୍ଧିତ ନେଟ୍‌ୱର୍କ ଉପସ୍ଥିତି ଆମ ପାଇଁ ଏହାକୁ ସମ୍ଭବ କରିଛି ଯାହାଫଳରେ ଆମେ ଦେଶବ୍ୟାପୀ ଅଧିକ ଗ୍ରାହକଙ୍କ ଆବଶ୍ୟକତାକୁ ପୂରଣ କରିପାରୁଛୁ ଏବଂ ଆମର ନିରନ୍ତର ବିକ୍ରି ସଂଖ୍ୟାରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିପାରୁଛୁ। ରେନଲ୍ଟ ଇଣ୍ଡିଆ ବିଭିନ୍ନ ଶୃଙ୍ଖଳାରେ ଆକର୍ଷଣୀୟ ଅଫର୍ ଘୋଷଣା କରିବା ସହିତ ସରକାରୀ ପବ୍ଲିକ୍ ସେକ୍ଟର କର୍ମଚାରୀ, କେନ୍ଦ୍ର ଓ ରାଜ୍ୟ ସରକାରଙ୍କ କର୍ମଚାରୀଙ୍କ ସମେତ ଡାକ୍ତର ଓ ଶିକ୍ଷକମାନଙ୍କ ପାଇଁ ସ୍ୱତନ୍ତ୍ର ଅଫରମାନ ଘୋଷଣା କରିଛି। ଏହି ଅଫରଗୁଡିକ ମଧ୍ୟରେ ୨୨,୦୦୦ ଟଙ୍କାର ଅତିରିକ୍ତ ସ୍ୱତନ୍ତ୍ର ଅଫର୍ ସାମିଲ ରହିଛି ଯାହାକୁ ପୂର୍ବରୁ ଡଷ୍ଟର ଉପରେ ୭୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ, କ୍ୱିଡ୍ ଉପରେ ୪୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ଓ ଟ୍ରାଇବର ଉପରେ ୩୦,୦୦୦ ଟଙ୍କା ପର୍ଯ୍ୟନ୍ତ ଲାଭ ସହିତ ଆରମ୍ଭ କରାଯାଇଥିବା ଆକର୍ଷଣୀୟ ପାର୍ବଣ ଅଫର୍ ସହିତ ସାମିଲ କରାଯାଇଛି। ରେନଲ୍ଟ ଇଣ୍ଡିଆ ଡିଫେନ୍ସ (ସିଏସ୍‌ଡି) ଓ ପୋଲିସ୍ (ସିପିସି) ସର୍ଭିସ୍‌ମେନ୍‌ଙ୍କ ପାଇଁ ଦେଶବ୍ୟାପୀ ଉପଲବ୍ଧ କ୍ୟାନ୍‌ଟିନ୍ ଷ୍ଟୋର୍‌ଗୁଡିକ ମାଧ୍ୟମରେ ଏକ ବ୍ୟାପକ ଶୃଙ୍ଖଳାର ଉତ୍ପାଦ ପ୍ରଦାନ କରୁଛି। ରେନଲ୍ଟ ପକ୍ଷରୁ କ୍ରୟକୁ ଅଧିକ ସହଜ କରିବା ପାଇଁ ଆକର୍ଷଣୀୟ ଋଣ ଅଫର୍ ମଧ୍ୟ ଘୋଷଣା କରାଯାଇଛି। ଏଥିରେ କ୍ୱିଡ୍ ଓ ଟ୍ରାଇବର୍ ଉପରେ ୩.୯୯%ର ଏକ ସ୍ୱତନ୍ତ୍ର ସୁଧ ହାର ସାମିଲ ରହିଛି। ନୂତନ ଭାବେ ଲଂଚ୍ ହୋଇଥିବା ଡଷ୍ଟର ୧.୩ ଲିଟର ଟର୍ବୋ ଉପରେ ରେନଲ୍ଟ ୨୦,୦୦୦ ଟଙ୍କାର ଲୟାଲ୍‌ଟି ଲାଭ ଓ ୩ ବର୍ଷ କିମ୍ବା ୫୦,୦୦୦ କିମିର ଏକ ସହଜ କେୟାର ପ୍ୟାକେଜ୍ ଘୋଷଣା କରିଛି। ଉତ୍ପାଦ କ୍ଷେତ୍ରରେ ରେନଲ୍ଟ ଇଣ୍ଡିଆ ନିକଟରେ ୨୦୨୦ କ୍ୱିଡ୍ ନିଓଟେକ୍ ଏଡିସନ୍ ଶୁଭାରମ୍ଭ କରିଛି। ଏହି ଲିମିଟେଡ୍ ଏଡିସନରେ ଫାର୍ଷ୍ଟ-ଇନ୍- ସେଗ୍‌ମେଂଟ୍ ଷ୍ଟାଇଲିସ୍ ଓ ଫ୍ରେସ୍ ଡୁଆଲ ଟୋନ୍ ଏକ୍ସଟେରିୟର ଫିଚର ରହିଛି। ଉପଭୋକ୍ତାମାନେ ଦୁଇଟି କଲର୍ କମ୍ବିନେଶନ- ଜାନ୍‌ସ୍କାର ବ୍ଲୁ ବଡି ସହିତ ସିଲ୍‌ଭର ରୁଫ୍ ଏବଂ ସିଲ୍‌ଭର ବଡି ସହିତ ଜାନ୍‌ସ୍କାର ବ୍ଲୁ ରୁଫ୍ ମଧ୍ୟରୁ ଚୟନ କରିପାରିବେ। ୩୦,୦୦୦ ଟଙ୍କାର ଏକ ଇନ୍‌କ୍ରିମେଂଟାଲ ବୃଦ୍ଧି ସହିତ କ୍ୱିଡ୍ ନିଓଟେକ୍ ଏକ ଉନ୍ନତ ଭାଲ୍ୟୁ ପ୍ୟାକେଜ୍ ପ୍ରଦାନ କରୁଛି ଏବଂ ଏକାଧିକ ଉନ୍ନତ ଫିଚର ସହିତ ଗ୍ରାହକଙ୍କ ଲାଭକୁ ସର୍ବାଧିକ କରୁଛି।

# ବାୟାପଡ଼ା ଘାଟିରେ ପିକଅପ୍ ଭ୍ୟାନ୍ ଓଲଟି ଦୁର୍ଘଟଣା, ୪ ଗୁରୁତର

ମାଲକାନଗିରି, - କୋରୁକୁଣ୍ଡା ବ୍ଲକ ଅନ୍ତର୍ଗତ ନାକାମାମୁଡ଼ି ପଞ୍ଚାୟତର ବାୟାପଡ଼ା ଘାଟିରେ ଏକ ମର୍ମନ୍ତୁଦ ସଡକ ଦୁର୍ଘଟଣା ଘଟିଯାଇଛି । ବାୟାପଡା ଘାଟିକୁ ଏକ ଯାତ୍ରା ନାଟକ ପରିବେଷଣ କରିବା ପାଇଁ ଯାଉଥିବା ପିକଅପ ଗାଡ଼ିଟି ଭାରସାମ୍ୟ ହରାଇ ଷାଠିଏ ଫୁଟ ତଳକୁ ଖସି ପଡିଥିବା ସୂଚନା ମିଳିଛି । ସୌଭାଗ୍ୟ ବସତଃ ସେହି ରାସ୍ତା ଦେଇ କୁଡୁମୁଲୁଗୁମ୍ମା ଦିଦାୟି ଉନ୍ନୟନ ସଂସ୍ଥାର ପିଏମ ନିଜ ଟିମ୍ ସଦସ୍ୟ ମାନଙ୍କୁ ଧରି ଘାଟିରୁ ଓହ୍ଲାଇଥିବା ବେଳେ ହଠାତ୍ ଏଭଳି ଏକ ଘଟଣା ଦେଖି ହତଭାଗ୍ ହୋଇଯାଇ ଥିଲେ ଓ ତୁରନ୍ତ ଉକ୍ତ ବିଷୟରେ ସ୍ଥାନୀୟ ପୋଲିସ ଓ ୧୦୮ କୁ ଖବର ଦେଇଥିଲେ । ଏକ ମାନବିକତାର ପରିଚୟ ଦେଇ ଦିଦାୟୀ କର୍ମଚାରୀ ମାନେ କିଛି ନିକଟସ୍ଥ ଗ୍ରାମବାସୀଙ୍କ ସହାୟତାରେ ଦୁର୍ଘଟିତ ପିକ ଅପ ଭ୍ୟାନ ରେ ଫସି ରହିଥିବା ଲୋକଙ୍କୁ ତୁରନ୍ତ ଉଦ୍ଧାର କରିଥିଲେ । ଏହାର କିଛି ସମୟ ମଧ୍ୟରେ କୁଡୁମୁଲୁଗୁମ୍ମା ଅଗ୍ନିଶମ ବାହିନୀ ଓ କୁଡୁମୁଲୁଗୁମ୍ମା ଫାଣ୍ଡି ଅଧିକାରୀ ଙ୍କ ନେତୃତ୍ୱରେ ଏକ ଦଳ ଘଟଣା ସ୍ଥଳରେ ପହଞ୍ଚି ଅବଶିଷ୍ଟ ଆହତଙ୍କୁ ଉଦ୍ଧାର କରି କୁଡୁମୁଲୁଗୁମ୍ମା ଗୋଷ୍ଠି ସ୍ୱାସ୍ଥ୍ୟ କେନ୍ଦ୍ରକୁ ଆଣିଥିଲେ । କୁଡୁମୁଲୁଗୁମ୍ମା ସ୍ୱାସ୍ଥ୍ୟ କେନ୍ଦ୍ର ତରଫରୁ ଘଟଣାରେ ମୋଟ ୧୩ ଜଣ ଆହତଙ୍କୁ ପ୍ରାଥମିକ ଚିକିତ୍ସା କରାଯାଇଥିଲା ବେଳେ ଅନ୍ୟ ଚାରି ଜଣ ଗୁରୁତର ଆହତଙ୍କୁ ଉତ୍ତମ ଚିକିତ୍ସା ନିମନ୍ତେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ କୁ ସ୍ଥାନାନ୍ତର କରାଯାଇଥିବା ବିଷୟରେ ଭାରପ୍ରାପ୍ତ ଚିକିତ୍ସାଧିକାରୀ ଡାକ୍ତର ସନ୍ତୋଷ କୁମାର ଷଡଙ୍ଗୀ ସୁଚନା ଦେଇଛନ୍ତି । ପ୍ରକାଶ ଥାଉକି ଉକ୍ତ ପିକ ଅପ ଭ୍ୟାନ ଟି ବିରଲକ୍ଷ୍ମଣପୁର ଗ୍ରାମର ଓ ଏଥିରେ ଗଣନାଟ୍ୟ କଳାକାର ମାନଙ୍କୁ ନେଇ ବାୟାପଡ଼ା ଯାଉଥିବା ବେଳେ ଭାରସାମ୍ୟ ହରାଇ ରାସ୍ତା ତଳକୁ ଖସି ପଡ଼ିଥିଲା । ଉକ୍ତ ଗାଡ଼ିରେ ଓରାଙ୍ଗୀ, ମୁଦୁଲିଗୁଡ଼ା, ମାର୍କାପାଲି,ରେଙ୍ଗାବେଡା, କର୍ତନପାଲି, ବିଜାପଦର ଗ୍ରାମର ଲୋକ କଳାକାର ମାନଙ୍କୁ ନେଇ ପାଣ୍ଡିରିପାଣି ଅଞ୍ଚଳର ଡ୍ରାଇଭର ନେଇ ଯାଉଥିବା ବିଷୟରେ କୁଡୁମୁଲୁଗୁମ୍ମା ଫାଣ୍ଡି ଅଧିକାରୀ ଅଜିତ୍ ସିଂ ବରିହା ସୂଚନା ଦେଇଛନ୍ତି।

# ମିରିଗଶିଙ୍ଗା ମେଗା ପାନୀୟ ଜଳ ଯୋଗାଣ ପ୍ରକଳ୍ପ : ମଜୁରୀ ନ ପାଇ କାମ ବନ୍ଦ କଲେ ଶ୍ରମିକ : ଠିକାଦାର ଛୁ

ଚମ୍ପୁଆ,(ପି.ଏନ): ଚମ୍ପୁଆ ବ୍ଲକ କୋଦଗାଡ଼ିଆ ପଂଚାୟତ ଅନ୍ତର୍ଗତ ମିରିଗଶିଙ୍ଗା ଠାରେ ପାନୀୟ ଜଳ ଯୋଗାଣ ପାଇଁ ନିର୍ମାଣ ହେଉଥିବା ମେଗା ପାନୀୟ ଜଳ ଯୋଗାଣ ପ୍ରକଳ୍ପରେ କାମ କରୁଥିବା ଶ୍ରମିକ ମାନେ ଠିକାଦାର ମଜୁରୀ ଦେଉନଥିବା ଅଭିଯୋଗରେ ଆଜି କାମ ବନ୍ଦ କରିଦେଇଥିବା ଜଣାପଡିଛି । ସୂଚନା ଅନୁଯାୟୀ, କେନ୍ଦୁଝର ଜିଲ୍ଲାକୁ ପାନୀୟ ଜଳ ଯୋଗାଣ ପାଇଁ ଜିଲ୍ଲା ଖଣିଜ ପାଣ୍ଠିରୁ ଅନୁଦାନ ଯୋଗାଇ ଦିଆଯାଇଛି କ୍ଷ ଏଲଏଣ୍ଡଟି କମ୍ପାନୀ ଏହି କାର୍ଯ୍ୟକୁ ଠିକାରେ କରୁଛି କ୍ଷ ଏହି ପ୍ରକଳ୍ପର ଅର୍ଦ୍ଧାଧିକ କାମର କାର୍ଯ୍ୟ ଶେଷ ହେବାକୁ ବସିଲାଣି, କିନ୍ତୁ ପ୍ରକଳ୍ପରେ କାର୍ଯ୍ୟ କରୁଥିବା ଶ୍ରମିକ ମାନଙ୍କୁ ଠିକାଦାର ଦରମା ଦେଉନଥିବା ଅଭିଯୋଗ କରି ଆଜି ଶ୍ରମିକ ମାନେ ପ୍ରକଳ୍ପରେ ଚାଲୁଥିବା ସମସ୍ତ କାର୍ଯ୍ୟକୁ ବନ୍ଦ କରି ଦେଇଥିବା ଜଣାପଡିଛି କ୍ଷ ମାସ ମାସ ଧରି ମଜୁରୀ ମିଳୁ ନ ଥିବାରୁ ଶ୍ରମିକ ମାନେ ଏକଜୁଟ ହୋଇ ପ୍ରକଳ୍ପର କାମ ବନ୍ଦ କରିଦେଇଛନ୍ତି କ୍ଷ ଶ୍ରମିକ ମାନେ କାର୍ଯ୍ୟ ବନ୍ଦ କରୁଥିବା ଦେଖି ପ୍ରକଳ୍ପରୁ ଠିକା ସଂସ୍ଥାର କର୍ମଚାରୀମାନେ ଛୁ ମାରିଛନ୍ତି କ୍ଷ ଏହି ପ୍ରକଳ୍ପ ଏଲ ଏଣ୍ଡ ଟି କମ୍ପାନୀ ଠିକାରେ ନେଇ କାର୍ଯ୍ୟ କରୁଥିବାବେଳେ ଏଠାରେ ଶ୍ରମିକଙ୍କୁ ଶୋଷଣ କରାଯାଉଥିବା ଅଭିଯୋଗ ହୋଇଛି କ୍ଷ ଶ୍ରମିକଙ୍କୁ ମଜୁରୀ ଦେବାରେ ଠିକାଦାର କୌଣସି ଗୁରୁତ୍ୱ ଦେଉ ନ ଥିବାରୁ ବାଧ ହୋଇ ଆଜି ଶ୍ରମିକ ମାନେ କାମ ବନ୍ଦ କରିଥିବାବେଳେ ଶ୍ରମିକ ମାନଙ୍କୁ ବକେୟା ମଜୁରୀ ନ ମିଳିବା ଯାଏ ପ୍ରକଳ୍ପରେ କାମ କରିବାକୁ ଦିଆଯିବ ନାହିଁ ବୋଲି ଶ୍ରମିକ ମାନେ ପ୍ରକାଶ କରିଛନ୍ତି।

# ରୁଗୁଡିପଡା ଦୁର୍ଗାପୂଜା ଟ୍ରଷ୍ଟର ଉପଦେଷ୍ଟା ତଥା ମାର୍ଗଦର୍ଶକ ସ୍ୱର୍ଗତ ବିଶ୍ୱଜିତ ନାୟକ(ବିଶୁ)ଙ୍କୁ ଅଶ୍ରୁଳ ଶ୍ରଦ୍ଧାଞ୍ଜଳି

ବଲାଙ୍ଗୀର, (ପି.ଏନ): ବିଶିଷ୍ଟ ସମାଜସେବୀ ପୂର୍ବତନ କ୍ରିକେଟ ଖେଳାଳୀ ରୁଗୁଡିପଡା ଦୁର୍ଗାପୂଜା ଟ୍ରଷ୍ଟ ର ଉପଦେଷ୍ଟା ପୂର୍ବତନ ଟେକ୍ସ ବାର ଆସୋସିଏସନର ସଭାପତି ସ୍ୱର୍ଗତ ବିଶ୍ୱଜିତ ନାୟକଙ୍କ ଦ୍ୱାଦଶାହରେ ବଲାଙ୍ଗିର ରୁଗୁଡିପଡା ଦୁର୍ଗାମଣ୍ଡପ ଠାରେ ଦୁର୍ଗାପୂଜା ଟ୍ରଷ୍ଟ ଆନୁକୁଲ୍ୟରେ ସ୍ୱର୍ଗତ ବିଶୁ ଦାଙ୍କୁ ଶୋକସଭା ମାଧ୍ୟମରେ ଅଶ୍ରୁଳ ଶ୍ରଦ୍ଧାଞ୍ଜଳୀ ଜ୍ଞାପନ କରାଯାଇଥିଲା। ଏହି ସଭାରେ ସଭାପତିତ୍ୱ କରିଥିଲେ ଟ୍ରଷ୍ଟର ସଭାପତି ଚେତନାନନ୍ଦ ପଣ୍ଡା, ହରି ନାରାୟଣ ପୂଝାରୀଙ୍କ ଆବାହକତ୍ୱ ଏବଂ ବରିଷ୍ଠ ସାମ୍ବାଦିକ ସୁବାଷ ଚନ୍ଦ୍ର ପଣ୍ଡାଙ୍କ ସଂଯୋଜନାରେ ସଭା ଅନୁଷ୍ଠିତ ହୋଇଥିବା ବେଳେ ବିଶ୍ୱଜିତ ଦାଶ, କୃଷ୍ଣଚନ୍ଦ୍ର ମିଶ୍ର, ଗଣେଷ ଦୀକ୍ଷିତ, ରାଜୁ ଶର୍ମା, ସନାତନ ଠାକୁର, ଭବାନୀ ଶଙ୍କର ଶତପଥି, ରାହାସ ବିହାରୀ ମାଝି, ହିମାଂଶୁ ଶେଖର ପାଢ଼ି, ଲକ୍ଷ୍ମୀ ପଟ୍ଟନାୟକ, ଚିତରଞ୍ଜନ ଦାଶ, ପ୍ରଭାସ ପାଣିଗ୍ରାହୀ, ତେଜରାଜ ସିଂ, ସାନ୍ତନୁ ଭୋଇ, ପ୍ରଦିପ କୁମାର ମହାନ୍ତି, ରମଣୀ ରଞ୍ଜନ ପଣ୍ଡା ଓ ଅର୍ଜୁନ ରଞ୍ଜନ ପଣ୍ଡା ସ୍ତୁତିଚାରଣ କରିଥିବା ବେଳେ ଏହି

# କମ୍ପାକ୍ଟ ଏସ୍‌ୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜାର ୫.୫ ଲକ୍ଷ ବିକ୍ରି ସହ ଅଗ୍ରଣୀ ସ୍ଥାନ ଅଧିକାର

ଭୁବନେଶ୍ୱର: ଭାରତର ଏକ ନମ୍ବର ଏସୟୁଭି ମାରୁତି ସୁଜୁକି ଭିଟାରା ବ୍ରିଜା ମାତ୍ର ୪.୫ ବର୍ଷର କମ୍ ସମୟ ଭିତରେ ୫.୫ ଲକ୍ଷ ବିକ୍ରି ଉତ୍ସବ ପାଳନ କରିଛି। ବର୍ତମାନ ସୁଦ୍ଧା ଯେକୌଣସି କମ୍ପାକ୍ଟ ଏସ୍‌ୟୁଭି ପାଇଁ ଏହି ସଫଳତା ଦ୍ରୁତତମ। ୨୦୧୬ ଆଦ୍ୟ ଭାଗରେ ଉନ୍ମୋଚିତ ହୋଇଥିବା ଭିଟରା ବ୍ରିଜା କମ୍ପାକ୍ଟ ଏସ୍‌ୟୁଭି କ୍ଷେତ୍ରରେ ଏହାର ଗ୍ଲାମରସ୍ ଲୁକ୍ ସହିତ ବିପ୍ଳବ ଆଣିଥିଲା ଯାହା ପୂର୍ବରୁ ଏହି କ୍ଷେତ୍ରରେ ଦେଖିବାକୁ ମିଳୁନଥିଲା। ଲୁକ୍, ପ୍ରଦର୍ଶନ ଏବଂ ଚଲାଇବାରେ ସହଜତା ଦୃଷ୍ଟିରୁ ଏକ ସମ୍ପୂର୍ଣ୍ଣ ପ୍ୟାକେଜ୍ ଭାବେ ଏହା ଗ୍ରାହକ ଏବଂ କ୍ରିଟିକ୍ (ସମାଲୋଚକ) ପ୍ରଶଂସା ତୁରନ୍ତ ପାଇଥିଲା। ଉତ୍ପତି ସମୟରୁ ବ୍ରାଣ୍ଡ୍ ଭିଟାରା ବ୍ରିଜାକୁ କମ୍ପାକ୍ଟ ଏସ୍‌ୟୁଭି ଗ୍ରାହକମାନଙ୍କ ସ୍ୱତନ୍ତ୍ର ଜୀବନଶୈଳୀକୁ ବିଚାରକୁ ନେଇ ସେମାନଙ୍କ ଉଦୀୟମାନ ଆବଶ୍ୟକତା ଅନୁସାରେ ଡିଜାଇନ୍ କରାଯାଇଥିଲା। ଗ୍ରାହକମାନଙ୍କ ଆବଶ୍ୟକତାରେ ହେଉଥିବା ଦ୍ରୁତ ପରିବର୍ତନ ପ୍ରତି ପ୍ରତିକ୍ରିୟା ପ୍ରଦାନ କରି ସମ୍ପୂର୍ଣ୍ଣ ନୂଆ ଭିଟାରା ବ୍ରିଜାକୁ ୨୦୨୦ ଅଟୋ ଏକ୍ସପୋରେ ସତେଜ ଭାବେ ଉପସ୍ଥାପନ କରାଯାଇଥିଲା। ଏବେ ଏଥିରେ ସୁଦୃଢ଼ ଏବଂ ଶକ୍ତିଶାଳୀ ୪ ସିଲିଣ୍ଡର ୧.୫ ଲିଟର କେ-ସିରିଜ୍ ବିଏସ୍୬ ପେଟ୍ରୋଲ୍ ଇଞ୍ଜିନ ରହିଛି, ସବୁଠୁ ଅଧିକ ପୁରସ୍କାର ପାଇଥିବା ଏହି କମ୍ପାକ୍ଟ ଏସ୍‌ୟୁଭି ଅତୁଳନୀୟ ଗାଡ଼ି ଚାଳନା ଅନୁଭୂତି ପ୍ରଦାନକରିବା ପାଇଁ ଶକ୍ତି, ସ୍ପୋର୍ଟିନେସ୍ ଓ ସହଜତାର ଏକ ସମ୍ପୂର୍ଣ୍ଣ ସମିଶ୍ରଣ ପ୍ରଦାନ କରୁଛି। ଭିଟାରା ବ୍ରିଜାର ଏକ ନିର୍ଦ୍ଦିଷ୍ଟ ଲାଭ ହେଉଛି ଏହାର ହୁଡ୍ ତଳେ ଏକ ବଡ଼, ପ୍ରତିକ୍ରିୟାଶୀଳ ଓ ପେପି ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ରହିଛି। ଗ୍ରାହକମାନେ ଚାହିଦା ସମୟରେ ଆକର୍ଷଣୀୟ ମାର୍ଜିତ ଏବଂ ଅତୁଳନୀୟ ଶକ୍ତି ପାଇପାରିବେ। ଏହି ସଫଳତା ସମ୍ପର୍କରେ ଶ୍ରୀଯୁକ୍ତ ଶଶାଙ୍କ ଶ୍ରୀବାସ୍ତବ, କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ (ମାର୍କେଟିଂ ଓ ସେଲସ୍), ମାରୁତି ସୁଜୁକି ଇଣ୍ଡିଆ ଲିମିଟେଡ୍ କହିଛନ୍ତି ଯେ, "ଏହା ଉନ୍ମୋଚନ ହେବା ପରଠାରୁ କମ୍ପାକ୍ଟ ଏସ୍‌ୟୁଭି ବର୍ଗରେ ଏହାର ଦବଦବା ରହିଛି। ଏକ ଧାରା ସୃଷ୍ଟିକାରୀ ଭାବେ ଏହାର ଦୃଢ଼ ଡିଜାଇନ୍ ଭାଷା, ଶକ୍ତିଶାଳୀ ପ୍ରଦର୍ଶନ ଏବଂ ସ୍ପୋର୍ଟି ଚରିତ୍ର ପାଇଁ ଏହା ଏସୟୁଭି ଗ୍ରାହକଙ୍କ ଅଭିଳାଷ ସହ ଯୋଡ଼ିହୋଇଯାଇଛି। ଏହା ଶୀଘ୍ର ସବୁଠୁ ଅଧିକ ପୁରସ୍କାରପ୍ରାପ୍ତ କମ୍ପାକ୍ଟ ଏସ୍‌ୟୁଭିରେ ପରିଣତ ହେବା ସହ ବିକ୍ରି ସାରଣୀରେ ଦବଦବା ବଜାୟ ରଖିଥିଲା। ଶକ୍ତିଶାଳୀ ୧.୫ ଲିଟର ପେଟ୍ରୋଲ୍ ଇଞ୍ଜିନ ଉପସ୍ଥାପନ କରାଯିବା ସହ ଅନେକ ସଂଖ୍ୟକ ଡିଜାଇନ୍ ଅପ୍‌ଡେଟ୍‌କୁ ନେଇ ଭିଟାରା ବ୍ରିଜା ଗ୍ରାହକମାନଙ୍କୁ ଆହୁରି ଉଲ୍ଲସିତ କରିଛି ଏବଂ ଏହି କ୍ଷେତ୍ରରେ ନିଜର ସ୍ଥିତିକୁ ଆହୁରି ସୁଦୃଢ଼ କରିପାରିଛି। ୫.୫ ଲକ୍ଷ ବିକ୍ରି ମାଇଲଖୁଂଟ ସହ ଭିଟାରା ବ୍ରିଜା ହେଉଛି ନିରନ୍ତର ଭାବେ ନବସୃଜନ ପାଇଁ ଆମ ଉଦ୍ୟମର ଶ୍ରେଷ୍ଠ ସ୍ୱୀକୃତି ଏବଂ ପ୍ରଚଳିତ ଗ୍ରାହକ ପସନ୍ଦ ଏବଂ ବଜାର ଧାରା ଅନୁସାରେ ଏହା ମାରୁତି ସୁଜୁକିର ଉତ୍ପାଦ ପୋର୍ଟଫୋଲିଓକୁ ଆହୁରି ସୁଦୃଢ଼ କରିପାରିଛି।''

# ଆପାହାତୁ ରେଳ ସାଇଡିଂର ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ଆତ୍ମସାତ ଉଦ୍ୟମ ଅଭିଯୋଗ

ଯୋଡା, (ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣି ମଣ୍ଡଳର ଜୁରୁଡି ସ୍ଥିତ ଏସେଲ୍ ମାଇନିଂ ଇଣ୍ଡଷ୍ଟ୍ରିଜ୍ ଲିମିଟେଡ କମ୍ପାନୀର ଆପାହାତୁ ସ୍ଥିତ ରେଳ ସାଇଡିଂରେ ଗ୍ରାମବାସୀଙ୍କ ଲୋଡିଂ ଅର୍ଥକୁ ସ୍ଥାନୀୟ ଜଳହରି ସରପଞ୍ଚ ବାଟ ମାରଣା କରିଥିବା ଅଭିଯୋଗ ହୋଇଛି । ଜଳହରି ଗ୍ରାମବାସୀଙ୍କ ଅଭିଯୋଗ ଅନୁଯାୟୀ ଜଣାପଡିଛି ଯେ, ଏସେଲ୍ ଖଣି କମ୍ପାନୀର ନିଜସ୍ୱ ଆପାହାତୁ ରେଳ ସାଇଡିଂରେ ର୍ୟାକ୍ ଲୋଡିଂ ଆରମ୍ଭ ହେବା ବେଳେ ସ୍ଥାନୀୟ ଜଳହରି ଗ୍ରାମ ପଞ୍ଚାୟତ ବାସୀ ନିଯୁକ୍ତି, ଲୋଡିଂ ଓ ପରିବହନ କାର୍ଯ୍ୟ ଦାବିକରି ଆନ୍ଦୋଳନ କରିଥିଲେ । କମ୍ପାନୀ କର୍ତୃପକ୍ଷ ସ୍ଥାନୀୟ ସରପଞ୍ଚ , ସମିତି ସଭ୍ୟ ଓ ସ୍ଥାନୀୟ କିଛି ନେତୃଶ୍ରେଣୀୟ ବ୍ୟକ୍ତି ବିଶେଷଙ୍କ ସହିତ ଆଲୋଚନା କରି ରେଳ ସାଇଡିଂରେ ର୍ୟାକରେ ପରିବହନ ହେଉଥିବା ଖଣିଜର ପ୍ରତି ମେଟ୍ରିକ ଟନ୍ ହିସାବରେ ସ୍ଥାନୀୟ ଲୋକଙ୍କୁ ଦିଆଯିବାର ଚୁକ୍ତି ହୋଇଥିଲା । ଏହି ଚୁକ୍ତି ଅନୁଯାୟୀ ପ୍ରତି ର୍ୟାକ୍‌ରେ ପରିବହନ ହେଉଥିବା ଖଣିଜର ୮ ଟଙ୍କା ପ୍ରତି ମେଟ୍ରିକ ଟନ୍ ହିସାବରେ କମ୍ପାନୀ ସରପଞ୍ଚ ଙ୍କ ମାଧ୍ୟମରେ ଦେବାର ଚୁକ୍ତି କରିଥିଲା । ଗତ ପ୍ରାୟ କିଛି ମାସ ପୂର୍ବେ ସ୍ଥାନୀୟ ସରପଞ୍ଚ ମିତା ମୁଣ୍ଡା କମ୍ପାନୀ ଠାରୁ ପ୍ରାୟ ୪୦ ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କା ଉଠାଇ ନେଇ ସ୍ଥାନୀୟ କିଛି ଗ୍ରାମବାସୀଙ୍କୁ ମାତ୍ର ୧ ହଜାର ଟଙ୍କା ଲେଖାଏଁ ଦେଇ ଏକ ନିର୍ଦ୍ଦିଷ୍ଟ ଦଳର ସମର୍ଥକଙ୍କୁ ୮ ହଜାର ଟଙ୍କା ଲେଖାଏଁ ବନ୍‌ଟନ କରିଥିବାରୁ ଏହାକୁ କେନ୍ଦ୍ରକରି ସ୍ଥାନୀୟ ଅଂଚଳରେ ଉତେଜନା ପ୍ରକାଶ ପାଇ ଟଙ୍କା ପାଇନଥିବା ଗ୍ରାମବାସୀ ମାନେ ସରପଞ୍ଚ ଙ୍କୁ ପନ୍‌ଚାୟତ କାର୍ଯ୍ୟାଳୟରେ ଘେରି ମିଳିଥିବା ଟଙ୍କାର ହିସାବ କିତାବ ମାଗିଥିଲେ । ମାତ୍ର ସରପଞ୍ଚ ସେମାନଙ୍କୁ କୌଣସି ହିସାବ କିତାବ ନଦେଇ ଗ୍ରାମବାସୀଙ୍କ ସ୍ୱରକୁ ଚପାଇ ଦେଇଥିଲେ । ଉକ୍ତ ଘଟଣା ପରେ ରେଳ ସାଇଡିଂରେ ପ୍ରାୟ ୬ ମାସ ହେବ ରେଳ ର୍ୟାକ୍ ପରିବହନ ହୋଇଛି । ଏହି ପରିବହନ ହୋଇଥିବା ର୍ୟାକ ର ଲୋଡିଂ ଅର୍ଥକୁ ସ୍ଥାନୀୟ ସରପଞ୍ଚ କମ୍ପାନୀ ଠାରୁ ନେଇ ନିଜ ପାଖରେ ରଖି ଦୁର୍ଗାପୂଜାରେ ଲୋକଙ୍କୁ ବାଣ୍ଟିନଥିବା ସ୍ଥାନୀୟ ଆଇଟିସି ଗ୍ରାମର ଲାଦୁ ମୁଣ୍ଡା, ଅଭିଯୋଗ କରିଛନ୍ତି । ଜୁରୁଡି ଅଂଚଳର ବିଶିଷ୍ଟ ଶ୍ରମିକ ନେତା ତଥା ସଂଗଠକ ମହେନ୍ଦ୍ର କୁମାର ମହାନ୍ତି, ଓ ତାଙ୍କର ସମର୍ଥକ ମହେଶ୍ୱର ପାତ୍ର, ପ୍ରଭୁରଂଜନ ଶତପଥୀ ପ୍ରମୁଖ ଅଭିଯୋଗ କରିଛନ୍ତି ଯେ, ଆପାହାତୁ ରେଳ ଲୋଡିଂ ଅର୍ଥକୁ ପ୍ରଭାବିତ ସ୍ଥାନୀୟ ଗ୍ରାମବାସୀଙ୍କୁ ଦେବା ପରିବର୍ତେ ଏହାକୁ ଆତ୍ମସାତ କରିବା ଉଦ୍ଦେଶ୍ୟରେ କାହାକୁ ଜଣାଇ ନାହାନ୍ତି । ଏ ସମ୍ପର୍କରେ ଶ୍ରମିକ ନେତା ଜଳହର ସରପଞ୍ଚ ମିତା ମୁଣ୍ଡାଙ୍କୁ ପଚାରିବାରୁ ସରପଞ୍ଚ କମ୍ପାନୀ ଠାରୁ ଉଠାଇଥିବା ଟଙ୍କା ସମ୍ପର୍କରେ ତଥ୍ୟ ନଦେଇ ଲୁଚାଉଥିବା ଅଭିଯୋଗ କରିଛନ୍ତି । ଆପାହାତୁ ରେଳ ସାଇଡିଂ ରେ ରେଳ ଲୋଡିଂ ଆରମ୍ଭ ହେବାଠାରୁ ଆଜି ପର୍ଯ୍ୟନ୍ତ ହୋଇଥିବା କାର୍ଯ୍ୟର ହିସାବ କିତାବ ରଖିବାକୁ ଅନୁରୋଧ କରିଥିଲେ ହେଁ ସରପଞ୍ଚ ଏହାକୁ ଅଣଦେଖା କରୁଥିବା କହିଛନ୍ତି । ସ୍ଥାନୀୟ ସରପଞ୍ଚ ମିତା ମୁଣ୍ଡା, ପୂର୍ବତନ ସରପଞ୍ଚ ରାଧାକାନ୍ତ ନାଏକ ଓ ଏକ ନିର୍ଦ୍ଦିଷ୍ଟ ଦଳର କିଛି ସମର୍ଥକଙ୍କ ସହ ମିଶି ଏହି ଅର୍ଥ ହରିଲୁଟ୍ ଉଦ୍ୟମ କରାଯାଉଥିବା ସେ ଅଭିଯୋଗ କରିଛନ୍ତି । ଏ ସମ୍ପର୍କରେ ଜଳହରି ସରପଞ୍ଚ ମିତା ମୁଣ୍ଡା କୌଣସି ଉତର ଦେଇନଥିଲେ ହେଲେ ପୂର୍ବତନ ଜଳହରି ସରପଞ୍ଚ ଇଂ ରାଧାକାନ୍ତ ନାଏକ ପ୍ରତିକ୍ରିୟା ଦେଇ କହିଥିଲେ ଯେ, ଏ ବାବଦରେ ସେ ଅନଭିଜ୍ଞ ତାଙ୍କ ନାମରେ ମିଥ୍ୟା ଅପପ୍ରଚାର କରାଯାଉଛି ।

# କ୍ୟାନନ ଇଣ୍ଡିଆ ଗ୍ରାହକଙ୍କ ପାଇଁ ଆକର୍ଷଣୀୟ ନୂଆ ଅଫର ସହିତ ଉତ୍ସବରେ ଉଲ୍ଲାସ ଭରିଛି

ଭୁବନେଶ୍ୱର: ଚଳିତ ବର୍ଷ ଉତ୍ସବକୁ ପାଳନ କରିବା ଲାଗି ପ୍ରସ୍ତୁତ ହେବା ଏବଂ ଗ୍ରାହକମାନଙ୍କୁ ଉଲ୍ଲସିତ କରିବା ଲାଗି ପ୍ରତିବଦ୍ଧ କ୍ୟାନନ ଇଣ୍ଡିଆ ପକ୍ଷରୁ ଏହି ଉତ୍ସବ ଋତୁରେ ଖୁସିକୁ ଦ୍ୱିଗୁଣିତ କରିବା ଲାଗି ଅନେକ ଗ୍ରାହକ କୈନ୍ଦ୍ରୀକ ଅଫର ଓ ସୁବିଧା ଘୋଷଣା କରାଯାଇଛି। ଏହି ଉତ୍ସବ ଋତୁରେ ଫଟୋଗ୍ରାଫି ସଂସ୍କୃତିର ପ୍ରସାର କରିବା ଏବଂ ଫଟୋଗ୍ରାଫି ପ୍ରେମୀଙ୍କ ମଧ୍ୟରେ ଉତ୍ସାହକୁ ଜାଗ୍ରତ କରିବା ଲାଗି କ୍ୟାନନ ଇଣ୍ଡିଆ ପକ୍ଷରୁ ଏହାର ଇମେଜିଂ ଉତ୍ପାଦ ଉପରେ ଆକର୍ଷଣୀୟ ଅଫର ଘୋଷଣା କରାଯାଇଛି। ରଙ୍ଫ ଗ୨୦୦,କିଣା ଉପରେ ଗ୍ରାହକମାନେ ୭୯୯୯/ୟୁ ମୂଲ୍ୟର ବ୍ଲୁପଙ୍କଟ ଇୟରବଡ ବିନା ମୂଲ୍ୟରେ ପାଇବେ ଏବଂ ଏହି ରିଡିପଂସନ ଭିତିକ ଅଫର ୨୦୨୦ ଅକ୍ଟୋବର ପର୍ଯ୍ୟନ୍ତ ବୈଧ ରହିବ। ପୁନଶ୍ଚ, ଗ୍ରାହକମାନେ ବର୍ଦ୍ଧିତ ୩ ବର୍ଷର ୱାରେଂଟି ଉପଭୋଗ କରିବେ ଯାହା କ୍ୟାନନର ସମସ୍ତ ଫୁଲ ଫ୍ରେମ କ୍ୟାମେରାରେ ଉପଲବ୍ଧ ହୋଇଛି। ଏହି ଦୁର୍ଗାପୂଜା ଓ ନବରାତ୍ରୀ ପାଳନକୁ ଅଧିକ ଉଲ୍ଲାସର ସହ ପାଳନ କରି ବ୍ରାଣ୍ଡ ପକ୍ଷରୁ କ୍ୟାନନ ସହିତ ଗ୍ରାହକଙ୍କ ସପିଂ ଅନୁଭୂତି ବଢ଼ାଇବା ଲାଗି ସେମାନଙ୍କୁ ଆକର୍ଷଣୀୟ ଇଏମଆଇ ଓ କ୍ୟାସବ୍ୟାକ ଅଫର ପ୍ରଦାନ କରାଯାଉଛି। ଏହି ଆକର୍ଷଣୀୟ ଅଫରକୁ ଉନ୍ମୋଚନ କରି ଶ୍ରୀଯୁକ୍ତ କାଜୁଟାଡା କୋବାୟାସି, ସଭାପତି ଓ ସିଇଓ, କ୍ୟାନନ ଇଣ୍ଡିଆ କହିଛନ୍ତି ଯେ, ଝକ୍ତଙ୍କକ୍ଟସ୍ପ;କୋଭିଡ-୧୯ ପାଇଁ ଚଳିତ ବର୍ଷ ସାରା ବିଶ୍ୱର ବ୍ୟକ୍ତିବିଶେଷ ଓ ସଂସ୍ଥାଗୁଡ଼ିକ ଅଭାବନୀୟ ସ୍ଥିତି ସାମ୍ନା କରିଛନ୍ତି, ମାତ୍ର ଦୃଢ଼ ଭାବେ ଉଭା ହେବା ପାଇଁ ଆମେ ସମସ୍ତେ ସହନଶୀଳତା ଓ ଇଚ୍ଛାଶକ୍ତି ପ୍ରଦର୍ଶନ କରିଛୁ ।ଉତ୍ସବ ଋତୁ ପାଖେଇ ଆସିଥିବା ବେଳେ ଚର୍ତୁପାର୍ଶ୍ୱରେ ଖୁସି ବାଂଟିବା ପାଇଁ ଓ ମାନବିକତା ଓ ଏକତ୍ୱର ଭାବ ପାଳନ କରିବା ଲାଗି ଏହା ସମସ୍ତ ପାଇଁ ଏକ ଅବସର। ଯଦିଓ ଚଳିତ ବର୍ଷର ଉତ୍ସବ ପାଳନ କ୍ଷୁଦ୍ର ଆକାରରେ ହେବ, ମାତ୍ର ଆମକୁ ଉପସ୍ଥାପନ କରାଯାଉଥିବା ମୁହୂର୍ତଗୁଡ଼ିକୁ ପାଳନ କରିବା ଅଧିକ ଗୁରୁତ୍ୱପୂର୍ଣ୍ଣ। ଏହି ଉତ୍ସବ ଋତୁରେ ଆମର ଅଫର ଏବଂ ଅଧିକ ସୁବିଧା ଜରିଆରେ ଆମେ ଗ୍ରାହକଙ୍କ ମନରେ ଖୁସି ଆଣିବା ଏବଂ ସେମାନଙ୍କ ଉଲ୍ଲାସକୁ ଦ୍ୱିଗୁଣିତ କରିବାରେ ପ୍ରମୁଖ ପ୍ରତ୍ୟକ୍ଷ ଭୂମିକା ନିର୍ବାହ କରିବାକୁ ଚାହୁଁଛୁ। ଗ୍ରାହକଙ୍କ ଉଲ୍ଲାସ ନେଇ ରହିଥିବା ଆମର ଦର୍ଶନ ଅନୁସାରେ ଆମେ ବାସ୍ତବରେ ବିଶ୍ୱାସ କରୁଛୁ ଯେ ଜଣେ ଖୁସି ଗ୍ରାହକ ବ୍ରାଣ୍ଡର ଉଲ୍ଲେଖନୀୟ ବୃଦ୍ଧି କରିଥାନ୍ତି। ଆମର ସର୍ବଭାରତୀୟ ଅଭିଯାନ ଓ ବ୍ୟକ୍ତିଗତ ସୁହାଇବା ଭଳି ଅଫର ଜରିଆରେ ଆମେ ଆମର ଉତ୍ପାଦ ଜରିଆରେ ବଜାରକୁ ଅଧିକ୍ ବରାନ୍ୱିତ କରିବା ଏବଂ ଆମର ଅଭିବୃଦ୍ଧିକୁ ବର୍ଷ ଶେଷସୁଦ୍ଧା ବାଢ଼ଇବାକୁ ଆଶା ରଖିଛୁ। ଏହି ଅଫରଗୁଡ଼ିକ କ୍ୟାମେରା ଠାରୁ ଆଗକୁ ବଢ଼ି ପ୍ରିଂଟର ବର୍ଗରେ ମଧ୍ୟ ପ୍ରଦାନ କରାଯାଉଛି।

# କେନ୍ଦୁଝର ଜିଲ୍ଲାରୁ ପୁଣି ୬୩ ଜଣ ନୂତନ କରୋନା ଚିହ୍ନଟ : ଜିଲ୍ଲାର ଆକ୍ରାନ୍ତଙ୍କ ସଂଖ୍ୟା ୫୮୫୫ ହେଲା

କେନ୍ଦୁଝର, (ପିଏନ): କେନ୍ଦୁଝର ଜିଲ୍ଲାରୁ ଶୁକ୍ରବାର ଦିନ ୬୩ ଜଣ ନୂତନ କରୋନା ଆକ୍ରାନ୍ତ ଚିହ୍ନଟ ହୋଇଥିବା ସୂଚନା ମିଳିଛି। ଶୁକ୍ରବାର ସକାଳ ୯ଟା ସୁଦ୍ଧା ଜିଲ୍ଲାର ମୋଟ କରୋନା ଆକ୍ରାନ୍ତଙ୍କ ସଂଖ୍ୟା ୫୮୫୫ ରେ ପହଞ୍ଚିଛି। ଏଥିମଧ୍ୟରୁ ୫୩୭୪ ଜଣ ଆରୋଗ୍ୟ ଲାଭ କରି ଘରକୁ ଫେରି ସାରିଛନ୍ତି। ଇତିମଧ୍ୟରେ ଜିଲ୍ଲାରୁ ୧୩ ଜଣ କରୋନା ଆକ୍ରାନ୍ତଙ୍କ ମୃତ୍ୟୁ ହୋଇ ସାରିଥିବାବେଳେ ଏବେ ମଧ୍ୟ ୪୬୮ ଆକ୍ଟିଭ କେଶ ରହିଥିବା ଜଣାପଡିଛି। ଶୁକ୍ରବାର ଚିହ୍ନଟ ୬୩ ଜଣ ସ୍ଥାନୀୟ ସଂକ୍ରମିତଙ୍କ ମଧ୍ୟରେ ଆନନ୍ଦପୁର ବ୍ଲକ କଣ୍ଟିପାଳରୁ ୨ଜଣ,ଆନନ୍ଦପୁର ପୌରପାଳିକା ୪ନଂ ୱାର୍ଡରୁ ଜଣେ ଓ ୧୦ନଂ ୱାର୍ଡରୁ ଜଣେ,ଚମ୍ପୁଆ ବ୍ଲକ ଭୁଇଁପୁରରୁ ୪ଜଣ ଓ ଭଣ୍ଡାରୁ ଜଣେ, ଘସିପୁରା ବ୍ଲକ ବରିପାଳରୁ ଜଣେ, ବାତୋରୁ ୨ଜଣ,ଗଁପୁରରୁ ଜଣେ, ଗୋହିରାରୁ ଜଣେ,ଖାଳିଆମେଣ୍ଟାରୁ ଜଣେ ଓ ମଦନପୁରରୁ ଜଣେ,ଘଟଗାଁ ବ୍ଲକ ବିନିଦାରୁ ଜଣେ, ମୁକ୍ତାପୁରରୁ ଜଣେ, ଢେଙ୍କିକୋଟରୁ ୨ଜଣ, ବଡଜାମୁପଶିରୁ ୨ଜଣ ଓ ତରାରୁ ୪ଜଣ, ହାଟଡିହି ବ୍ଲକ ଢେଙ୍କାରୁ ୩ଜଣ, ଝୁମ୍ପୁରା ବ୍ଲକ ଝୁମ୍ପୁରାରୁ ଜଣେ, ଯୋଡା ବ୍ଲକ ବଲାଣିରୁ ୨ଜଣ ଓ ବିରିକଳାରୁ ଜଣେ,ଯୋଡା ପୌରପାଳିକା ୨ନଂ ୱାର୍ଡରୁ ଜଣେ, ୩ନଂ ୱାର୍ଡରୁ ଜଣେ,୫ନଂ ୱାର୍ଡରୁ ଜଣେ, ୬ନଂ ୱାର୍ଡରୁ ଜଣେ ଓ ୮ନଂ ୱାର୍ଡରୁ ୩ଜଣ, କେନ୍ଦୁଝରଗଡ ପୌରପାଳିକା ୨ନଂ ୱାର୍ଡରୁ ଜଣେ,୫ନଂ ୱାର୍ଡରୁ ୨ଜଣ,୬ନଂ ୱାର୍ଡରୁ ଜଣେ,୮ନଂ ୱାର୍ଡରୁ ଜଣେ,୧୨ନଂ ୱାର୍ଡରୁ ଜଣେ,୧୩ନଂ ୱାର୍ଡରୁ ୨ଜଣ,୧୭ନଂ ୱାର୍ଡରୁ ଜଣେ,୨୦ନଂ ୱାର୍ଡରୁ ଜଣେ ଓ ୨୧ନଂ ୱାର୍ଡରୁ ଜଣେ,ପାଟଣା ବ୍ଲକ ବାଉଁଶୂଳୀରୁ ଜଣେ, କେନ୍ଦୁଝର ସଦର ବ୍ଲକ ଶିରିଶପାଳରୁ ଜଣେ, ନରଣପୁରରୁ ଜଣେ, ରାଇସୁଆଁରୁ ଜଣେ ଓ ପଳାଶପଙ୍ଗାରୁ ଜଣେ, ସାହାରପଡା ବ୍ଲକ ଖାଡିଆବେଡାରୁ ୨ଜଣ, ତେଲକୋଇ ବ୍ଲକ କରଦାଙ୍ଗିରୁ ଜଣେ, ସଲେଇକେନାରୁ ୩ଜଣ ଓ ଜଗମୋହନପୁରରୁ ଜଣେ କରୋନା ଆକ୍ରାନ୍ତ ଚିହ୍ନଟ ହୋଇଥିବା ପ୍ରଶାସନ ସୂଚନା ଦେଇଛି।

# କାସ୍‌ଭି ଖଣିର ପରିବହନ କାର୍ଯ୍ୟ ବନ୍ଦ କଲେ ଟ୍ରକ୍ ମାଲିକ ସଂଘ

ଯୋଡା, ୨୩/୧୦(ପିଏନ): କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଜରିବାହାଲ ସ୍ଥିତ କାସ୍‌ଭି ଖଣିରେ କେତେକ ଦାବିକରି ଜୁରୁଡି ଟ୍ରକ ମାଲିକ ସଂଘ ପକ୍ଷରୁ ପରିବହନ କାର୍ଯ୍ୟକୁ ଶୁକ୍ରବାର ବନ୍ଦ କରିଦିଆଯାଇଛି। ନୂତନ ଲିଜ୍ ପାଇଥିବା କାସ୍‌ଭି ଇଣ୍ଟରନ୍ୟାସନାଲ ପ୍ରାଇଭେଟ୍ ଲିମିଟେଡ୍ କମ୍ପାନୀ ନିଜର ଖଣିଜ ପରିବହନ ପାଇଁ ବାହର ଅଂଚଳର ଭାରିଯାନ ଆଣି ସ୍ଥାନୀୟ ସଂଘର ଗାଡିକୁ ସଂଘରେ ଥିବା ଗାଡିମାନଙ୍କୁ କାର୍ଯ୍ୟ ଦେଉନଥିବା ଅଭିଯୋଗ କରି ଜୁରୁଡି ଟ୍ରକ୍‌ମାଲିକ ସଂଘ ପକ୍ଷରୁ ଧାରଣା ଦିଆଯାଇଥିଲା। ଦୀର୍ଘ ୧୧ ଦିନ ଧାରଣା ଦିଆଯାଇଥିଲେ ହେଁ କମ୍ପାନୀ ପକ୍ଷରୁ ସମାଧାନ ଶୁଣାଣି ନହେବାରୁ ସଂଘ ପକ୍ଷରୁ ପରିବହନ ମୂଲ୍ୟ ସମ୍ପର୍କିତ ଦାବି ପତ୍ର ଦିଆଯାଇଥିଲା । ମାତ୍ର କମ୍ପାନୀ ଏହାକୁ ମଧ୍ୟ ହେୟଜ୍ଞାନ କରୁଥିବାରୁ ଶୁକ୍ରବାର ସଂଘ ପକ୍ଷରୁ ଖଣିର ପରିବହନ କାର୍ଯ୍ୟ ବନ୍ଦ କରିଦିଆଯାଇଥିବା ସଂଘର ବରିଷ୍ଠ କର୍ମକର୍ତ୍ତା ମହେନ୍ଦ୍ର କୁମାର ମହାନ୍ତି, ପ୍ରଭୁରଂଜନ ଶତପଥୀ ପ୍ରମୁଖ ସୂଚନା ଦେଇଛନ୍ତି। ଏଣେ ଏ ନେଇ କାସ୍‌ଭି ଖଣିର ଅଧିକାରୀ ଅନୁପ ରଥ କହିଛନ୍ତି ଯେ ସମାଧାନ ଶୀଘ୍ର କରାଯିବ, ପରିବହନ ମୂଲ୍ୟନେଇ ଆପକ୍ଷ ବୁଝାମଣାରେ ନିଷ୍ପତି ନିଆଯିବ ।




# ସହର ଉପକଣ୍ଠବାସୀଙ୍କୁ ମୌଳିକ ସୁବିଧା

ସହରାଞ୍ଚଳରେ ଲୋକଙ୍କୁ ଯେପରି ସମସ୍ତ ମୌଳିକ ସୁବିଧା ସୁଯୋଗ ମିଳୁଛି, ସହର ଉପକଣ୍ଠରେ ବସବାସ କରୁଥିବା ଲୋକଙ୍କୁ ବି ସେହିପରି ମୌଳିକ ସେବା ଓ ଗମନାଗମନ ସହ ଅନ୍ୟାନ୍ୟ ଭିତ୍ତିଭୂମି ସୁବିଧା ଯୋଗାଇ ଦିଆଯିବ। ଏଥିପାଇଁ ପାଞ୍ଚବର୍ଷିଆ କାର୍ଯ୍ୟ ଯୋଜନା ପ୍ରସ୍ତୁତ କରିବାକୁ ନିକଟରେ ସରକାରୀ ଭାବେ ନିଷ୍ପତ୍ତି ନିଆଯାଇଛି। ଏହାପରେ ରାଜ୍ୟର ପ୍ରମୁଖ ସହରର ଉପକଣ୍ଠ ଅଞ୍ଚଳରେ ସୁଗମ ଯୋଗାଯୋଗ ଉପରେ ଗୁରୁତ୍ୱ ଆରୋପ କରି ମୁଖ୍ୟ ସଚିବ କହିଥିଲେ ଯେ ବଡ଼ ବଡ଼ ସହରଗୁଡ଼ିକରେ ବିଭିନ୍ନ ପ୍ରକାର ନିଯୁକ୍ତି ଓ ଜୀବିକା ସୁଯୋଗ ସୃଷ୍ଟି ହୋଇଥାଏ। ବିଭିନ୍ନ ଆର୍ଥିକ ବର୍ଗର ଲୋକମାନେ ଏହାର ସୁଯୋଗ ନେଇଥାଆନ୍ତି। ଯେଉଁମାନେ କି ମୁଖ୍ୟତଃ ପାର୍ଶ୍ୱବର୍ତ୍ତୀ ଅଞ୍ଚଳରେ ବସବାସ କରିଥାନ୍ତି। ଏହାଛଡ଼ା ନିଜର ବୃତ୍ତି, ଶିକ୍ଷା, ଚିକିତ୍ସା, ଜମିଜମା ଖର୍ଦ୍ଦି ବିକ୍ରି, ନ୍ୟାୟାଳୟ କାର୍ଯ୍ୟ, ଉତ୍ପାଦ ଦ୍ରବ୍ୟ ବିକ୍ରିବଟା ଓ ବାଣିଜ୍ୟ ଆଦି କାର୍ଯ୍ୟ ପାଇଁ ଅନେକ ଦୈନିକ ସହରକୁ ଯିବା ଆସିବା କରିଥାନ୍ତି। ପାର୍ଶ୍ୱବର୍ତ୍ତୀ ଅଞ୍ଚଳରେ ଉତ୍ତମ ରାସ୍ତା ତିଆରି ହେଲେ ସହରକୁ ଯାତାୟାତ ସୁଗମ ହେବ। ଟ୍ରାଫିକ ଭିଡ଼ ଓ ଦୁର୍ଘଟଣା ଆଦି କମିବ। ତା'ଛଡ଼ା ସହର ପାର୍ଶ୍ୱବର୍ତ୍ତୀ ଅଞ୍ଚଳରେ ଗୁଣାତ୍ମକ ପାନୀୟ ଜଳ ଯୋଗାଣ, ବିଦ୍ୟୁତ ଯୋଗାଣ ଓ ନାଗରିକ ସେବାକେନ୍ଦ୍ର ଆଦି ବିକଶିତ ହେଲେ ଲୋକମାନଙ୍କ ଜୀବନଧାରଣ ମାନର ଉନ୍ନତି ହେବ। ସହର ଉପରେ ମଧ୍ୟ ଆବାସିକ ଚାପ କମିବ। ତେଣୁ ବିଭିନ୍ନ ପ୍ରମୁଖ ସହରର ପାର୍ଶ୍ୱବର୍ତ୍ତୀ ଅଞ୍ଚଳରେ ରାସ୍ତା ପ୍ରଶସ୍ତିକରଣ ସହ ବିଭିନ୍ନ ମୌଳିକ ସେବାର ଉନ୍ନତି ପାଇଁ ଏକ ପାଞ୍ଚବର୍ଷିଆ କାର୍ଯ୍ୟ ଯୋଜନା ଚିଠା ପ୍ରସ୍ତୁତ କରିବାକୁ ମୁଖ୍ୟ ସଚିବ ପୂର୍ତ୍ତ, ଗ୍ରାମ୍ୟ ଉନ୍ନୟନ, ପଞ୍ଚାୟତିରାଜ ଓ ପାନୀୟ ଜଳଯୋଗାଣ ଏବଂ ଜଳସମ୍ପଦ ବିଭାଗକୁ ନିର୍ଦ୍ଦେଶ ଦେଇଥିଲେ। ସହର ଉପକଣ୍ଠବାସୀଙ୍କ ସାମଗ୍ରୀକ ସୁବିଧା ସୁଯୋଗ ଓ ଦ୍ୱୈତନଗରୀ କଟକ-ଭୁବନେଶ୍ୱରର ଉନ୍ନତିକଳ୍ପେ ସରକାର ଅନେକ ଯୋଜନା ହାତକୁ ନେଉଥିଲେ ବି ତାହା ବାଟବଣା ବା ବାଟମାରଣା ବି ହେଉଛି। ଭାତହାଣ୍ଡିରୁ ଗୋଟିଏ ପରି ଜାଗା ମିଶନ କଥା ଦେଖନ୍ତୁ। ଗରିବ ଭୂମିହୀନ ଲୋକ ଓ ବସ୍ତିବାସିନ୍ଦା ତଥା ଅସହାୟମାନଙ୍କୁ ଥଇଥାନ ପାଇଁ ସରକାରୀ ଜମିରେ ଜାଗା ମିଶନର ପ୍ରକଳ୍ପ କରାଯାଇଛି; କିନ୍ତୁ ବଡ଼ ଦୁର୍ଭାଗ୍ୟର ବିଷୟ ନିକଟରେ ଜାତୀୟ ମାନବିକ ଅଧିକାର ଆୟୋଗ ଓ କେନ୍ଦ୍ରୀୟ ତଦନ୍ତ ବ୍ୟୁରୋ ନିକଟରେ ଉପସ୍ଥାପିତ ହୋଇଥିବା ଅଭିଯୋଗ ଅନୁଯାୟୀ କଟକ ଆଠଗଡ଼ ତହସିଲ ଅନ୍ତର୍ଗତ ଧବଳେଶ୍ୱରଗଡ଼ାରେ ସରକାରୀ ଜମିକୁ ବର୍ଷ ବର୍ଷ ଧରି କିଛି ସ୍ଥାନୀୟ ଜମି ମାଫିଆ ଶାଗ ମାଛ ଦରରେ ବିକ୍ରି କରିଦେଉଛନ୍ତି। ରାତାରାତି ସେଠି ନୂଆ ନୂଆ ଘର ଗଢ଼ି ଉଠୁଛି। ଦୁର୍ଭାଗ୍ୟର ବିଷୟ ସ୍ଥାନୀୟ ମ୍ୟୁନିସିପାଲଟି ଏ ସବୁ ଜାଣି ମଧ୍ୟ ସେମାନଙ୍କୁ ରାସ୍ତା, ପାନୀୟ ଜଳ, ବିଜୁଳି, ଅଙ୍ଗନବାଡ଼ି କେନ୍ଦ୍ର ଓ ବିଦ୍ୟାଳୟ ଆଦି ଖୋଲୁଛନ୍ତି। ସେଠାରେ ଅସାମାଜିକମାନେ କେବଳ ଜାଗା ବିକ୍ରି କରୁନାହାଁନ୍ତି ଏକ ଗୋଷ୍ଠୀ ତିଆରି କରି ସ୍ଥାନୀୟ ପ୍ରଶାସନ, ଥାନା ଓ ନେତାମାନଙ୍କୁ କରାୟତ୍ତ କରି ବାହାର ଅପରାଧୀମାନଙ୍କୁ କିଛି ଅର୍ଥ ବିନିମୟରେ ନିରାପଦ ରହଣିର ସୁଯୋଗ ସୃଷ୍ଟି କରୁଛନ୍ତି। ଯାହାର ପରିଣତି ସ୍ୱରୂପ ପାର୍ଶ୍ୱବର୍ତ୍ତୀ ଇଲାକାରେ ଦିନକୁ ଦିନ ଆଇନଶୃଙ୍ଖଳା ପରିସ୍ଥିତି ଜଟିଳ ହେଉଛି। ସିବିଆଇ ପାଖରେ ଉପସ୍ଥାପିତ ହୋଇଥିବା ଅଭିଯୋଗ ମୁତାବକ ସ୍ଥାନୀୟ ରାଜନେତା, ପ୍ରଶାସନ ଓ ତହସିଲର ଝିଅ ଜ୍ୱାଇଁ ଭାବେ ପରିଚତ ନୟନା ନାୟକ, ମମତା ନାୟକ, ଚଞ୍ଚଳା ବାରିକ, ରଞ୍ଜୁ ନାୟକ, ବାସନ୍ତୀ ନାୟକ, ଧୁସା ନାୟକ, ବାପି ନାୟକ, କାମ୍ପ ନାୟକ, ଧନେଶ୍ୱର ମହାନ୍ତି, ମଳୟ ଭଦ୍ର, ଅରକ୍ଷିତ ମଲ୍ଲିକ ପ୍ରମୁଖ ଏହି ଜମି ମାଫିଆ। ଶାଗମାଛ ଦରରେ ସେମାନେ ଦିନ ଦିପ୍ରହରରେ ପ୍ରଶାସନ ଆଖିରେ କଣ୍ଢା ଗେଞ୍ଜି ବର୍ଷ ବର୍ଷ ଧରି ଜମି ବିକ୍ରି କରୁଛନ୍ତି। ସରକାର କିନ୍ତୁ ଏ ଦିଗକୁ ଗୁରୁତର ସହ ନେବା ପାଇଁ ଅନୁସନ୍ଧାନ ଆରମ୍ଭ କରିଛନ୍ତି ବୋଲି ନିକଟରେ ଗଣମାଧ୍ୟମରେ ଖବର ପ୍ରକାଶ ପାଇଛି।

ଆସନ୍ତୁ ସହର ଉପକଣ୍ଠବାସୀଙ୍କ ସୁବିଧା ସୁଯୋଗ ଆଲୋଚନାର ଶେଷବିନ୍ଦୁରେ ପହଞ୍ଚିବା। ସହରକୁ ବିଭିନ୍ନ ଦିଗକୁ ସଂଯୋଗ କରୁଥିବା ରାସ୍ତାଗୁଡ଼ିକୁ ଚିହ୍ନଟ କରି ସେସବୁର ତାଲିକା ପ୍ରସ୍ତୁତ କରିବା ପାଇଁ ନିର୍ଦ୍ଦେଶ ଦିଆଯାଇଛି। ଚିହ୍ନିତ ରାସ୍ତାଗୁଡ଼ିକ ମଧ୍ୟରେ ଆନ୍ତଃ ସଂଯୋଗୀକରଣ ମାଧ୍ୟମରେ ଏକ ରୋଡ୍ ନେଟୱାର୍କ ସୃଷ୍ଟି କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ଏକ ମାସ ମଧ୍ୟରେ ଏହି କାର୍ଯ୍ୟ ଯୋଜନା ତିଆରି କରିବାକୁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଛି। ସେହିପରି ପାନୀୟ ଜଳ ଓ ନର୍ଦ୍ଦମା ପାଇପ, ବିଭିନ୍ନପ୍ରକାର କେବୁଲ ଆଦି ନିମନ୍ତେ ସହର ମଧ୍ୟସ୍ଥ ରାସ୍ତାକୁ କାଟିବା, ପ୍ରଶସ୍ତିକରଣ ନିମନ୍ତେ ଚିହ୍ନିତ ରାସ୍ତା ଓ ଛକସ୍ଥାନଗୁଡ଼ିକରୁ ବିଦ୍ୟୁତ ଓ ଟେଲିଫୋନ ଆଦି ଖୁଣ୍ଟ ସ୍ଥାନାନ୍ତର କରିବା ନେଇ ବୈଠକରେ ସବିଶେଷ ଆଲୋଚନା ହୋଇଛି। ଏ କ୍ଷେତ୍ରରେ ରହିଥିବା ସମସ୍ୟାର ତୁରନ୍ତ ସମାଧାନ ପନ୍ଥା ନିର୍ଦ୍ଧାରଣ କରାଯାଇଛି। ଏହାସହ ସହରରେ ଟ୍ରାଫିକ ସମସ୍ୟାର ସମାଧାନ ପାଇଁ ପ୍ରଶସ୍ତିକରଣ ନିମନ୍ତେ କ୍ଷେତ୍ରସ୍ତରୀୟ ସମସ୍ୟାର ସମାଧାନ ପନ୍ଥା ବାହାର କରାଯାଇଛି। ସରକାର କେବଳ ସସହର ଉପକଣ୍ଠବାସୀ ନୁହଁନ୍ତି ଗରିବ ଭୂମିହୀନମାନଙ୍କ ପାଇଁ ଯେଉଁ ଯୋଜନା କରୁଛନ୍ତି ତାହା ଫଳବତୀ ହେଉ, ସରକାରୀ ଜମିକୁ ଜବରଦଖଲ କରୁଥିବା ଲୋକମାନଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ନିଅନ୍ତୁ। ଯାହାଦ୍ୱାରା ସରକାରଙ୍କ ପ୍ରଶଂସନୀୟ ଉଦ୍ୟମର ସୁଫଳ ସମସ୍ତଙ୍କୁ ମିଳିବ।

**-ବେଣୁଧର ଦାସ,** ମାନବାଧିକାର କର୍ମୀ, ସେକ୍ଟର-୧୨, ସିଡିଏ, କଟକ

## ସିଲିଂ ପ୍ଲାଷ୍ଟର ଖସିବା ପରେ ମରାମତି କରାଗଲା



କେନ୍ଦୁଝର (ପିଏନ୍): ଘଟଗାଁ ବ୍ଲକ ଢେଙ୍କିକୋଟ ସତ୍ୟନାରାୟଣ ବିଦ୍ୟାପୀଠ ଉଚ୍ଚ ବିଦ୍ୟାଳୟର କମନ ରୁମରେ ସିଲିଂ ପ୍ଲାଷ୍ଟର ଖସିବା ପରେ ଏହାକୁ ଯୁଦ୍ଧକାଳୀନ ଭିତ୍ତିରେ ମରାମତି କରାଯାଇଛି। ନିରାପଦ ଭାବେ ଶିକ୍ଷକ/ଶିକ୍ଷୟିତ୍ରୀମାନେ ଉକ୍ତ ରୁମରେ ବସିପାରିବେ। ୫-ଟି ଅନ୍ତର୍ଗତ ଏହି ବିଦ୍ୟାଳୟର ଉନ୍ନତିକରଣ ଗତ ୪ ମାସ ତଳେ କରାଯାଇଥିଲା। ୫୧ ବର୍ଷ ପୁରାତନ ଏହି ଉଚ୍ଚ ବିଦ୍ୟାଳୟର ବହୁ ପୁରୁଣା ଶ୍ରେଣୀଗୃହ ଏବଂ ବୈଠକ କକ୍ଷ ମରାମତି କରାଯାଇ ରଙ୍ଗ ଦିଆଯାଇଥିଲା। ତେବେ ମରାମତି ପରେ ଶିକ୍ଷକ/ଶିକ୍ଷୟିତ୍ରୀ ବସିବା ପାଇଁ ଉଦ୍ଦିଷ୍ଟ କମନ ରୁମର ସିଲିଂ ପ୍ଲାଷ୍ଟର ଖସିପଡିବା ପରେ ଶିକ୍ଷକମାନେ ଭୟଭୀତ ହୋଇପଡିଥିଲେ। ଘଟଣା ପରେ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ଜିଲ୍ଲା ପରିଷଦ ବିଷ୍ଣୁ ପ୍ରସାଦ ଆଚାର୍ଯ୍ୟ ତୁରନ୍ତ ମରାମତି କରିବାକୁ ନିର୍ଦ୍ଦେଶ ଦେଇଥିଲେ। ଜିଲ୍ଲା ପରିଷଦ ଦାୟିତ୍ୱରେ ଥିବା ନିର୍ବାହୀ ଯନ୍ତ୍ରୀ ଇଂ ସୁଧାଂଶୁଶେଖର ସାହୁ, ଘଟଗାଁ ବ୍ଲକ ସହକାରୀ ନିର୍ବାହୀ ଯନ୍ତ୍ରୀ ଇଂ ଦିପାଶ୍ରୀ ସିଂ, କନିଷ୍ଠ ଯନ୍ତ୍ରୀ ଇଂ ଭୋଳାନାଥ ମହାନ୍ତିଙ୍କ ପ୍ରତ୍ୟକ୍ଷ ତଦାରଖରେ କମନ ରୁମର ମରାମତି କାମ କରାଯାଇ ବ୍ୟବହାର ଉପଯୋଗୀ କରାଯାଇଥିଲା। କମନ ରୁମର ପୁରୁଣା ସିଲିଂ ପ୍ଲାଷ୍ଟର ଛଡାଯାଇ ଉକ୍ତ ସ୍ଥାନରେ ପୁଟି ମରାଯାଇ ରଙ୍ଗ ଦିଆଯାଇଛି। ବାରମ୍ବାର ଛାତ ସିଲିଂ ପ୍ଲାଷ୍ଟର ବିଭିନ୍ନ ବିଦ୍ୟାଳୟରେ ଖସୁଥିବାରୁ ଛାତ୍ରଛାତ୍ରୀ ଏବଂ ଶିକ୍ଷକ/ଶିକ୍ଷୟିତ୍ରୀ ଭୟଭୀତ ହୋଇପଡିଛନ୍ତି। ୫-ଟି ଯୋଜନାରେ ଉଚ୍ଚ ବିଦ୍ୟାଳୟର ଉନ୍ନତିକରଣ ପାଇଁ ଏଣିକି ସ୍ୱତନ୍ତ୍ର ଗାଇଡ ଲାଇନ ପ୍ରସ୍ତୁତ କରାଯାଇ କାମ କରାଯିବ ବୋଲି ନିର୍ବାହୀ ଯନ୍ତ୍ରୀ ଇଂ ସୁଧାଂଶୁଶେଖର ସାହୁ କହିଛନ୍ତି। ଯେଉଁସବୁ ବିଦ୍ୟାଳୟରେ କାମ ସରିଛି ତାହାର ମଧ୍ୟ ତଦାରଖ ପାଇଁ କୁହାଯାଇଛି।

# ହାସ୍ୟ-ବ୍ୟଙ୍ଗ ସାହିତ୍ୟର ମହାନ୍ ସାଧକ



ଓଡ଼ିଆ ହାସ୍ୟ-ବ୍ୟଙ୍ଗ ସାହିତ୍ୟ ଆକାଶର ଚନ୍ଦ୍ରମା ମାଧବ ଚନ୍ଦ୍ର ଶତପଥୀଙ୍କର ୨୦୧୭ ମସିହା ଫେବୃଆରୀ ୨୫ ତାରିଖରେ ବିୟୋଗ ହୋଇଯାଇଛି। ସୂର୍ଯ୍ୟପରି ସେ ପ୍ରଚଣ୍ଡ ନଥିଲେ, ସେ ଚନ୍ଦ୍ରପରି ଥିଲେ ଶାନ୍ତ ସ୍ନିଗ୍ଧ କୋମଳ। ତାଙ୍କର ବ୍ୟଙ୍ଗ କାହାକୁ ଆଘାତ ଦେଉ ନଥିଲା ଶୀତଳ ଜ୍ୟୋତ୍ସ୍ନା ପରି ଦେହ ମନକୁ ଛୁଇଁ ଯାଉଥିଲା। ପଢ଼ିଲା ମାତ୍ରେ ଓଠରେ ହସ ଫୁଟି ଉଠୁଥିଲା। ସାମ୍ପ୍ରତିକ ରାଜନୀତି, ରାଜନୈତିକ ନେତା, ରାଜନୈତିକ ଦଳ ପ୍ରତି ତାଙ୍କର ବ୍ୟଙ୍ଗ ବେଶ୍ ହୃଦୟଗ୍ରାହୀ। ବିଦ୍ୟୁତ୍ ଆଘାତ ପରି ତାହା ସମସ୍ତଙ୍କ ମର୍ମସ୍ଥଳକୁ ଭେଦିଯାଏ। କାନ୍ତକବି ଲକ୍ଷ୍ମୀକାନ୍ତ ମହାପାତ୍ରଙ୍କ ପରେ ଫତୁରାନନ୍ଦ, ମାଧବଚନ୍ଦ୍ର ଶତପଥୀ, କୁଳମଣି ମହାପାତ୍ର ପ୍ରମୁଖ ବ୍ୟଙ୍ଗକାରମାନେ ଓଡ଼ିଆ ସାହିତ୍ୟକୁ ବହୁ ଭାବରେ ବର୍ଣ୍ଣାଢ଼୍ୟ କରିଛନ୍ତି। ସ୍ରଷ୍ଟାଙ୍କର ନିୟମ ବଡ଼ ବିଚିତ୍ର ଫତୁରାନନ୍ଦ ଥିଲେ ଜଣେ ଏଲ୍.ଏମ୍.ପି ଡାକ୍ତର, ମାଧବ ଚନ୍ଦ୍ର ଶତପଥୀ ଥିଲେ ଗଣିତ ବିଭାଗର ଅଧ୍ୟାପକ। ଗଣିତର ଜଟିଳା ଧାରା ଭିତରୁ ବାହାରି ଆସି ସେ ସୃଷ୍ଟି କରୁଥିଲେ ହାସ୍ୟବ୍ୟଙ୍ଗ। ତାଙ୍କର ପରୀକ୍ଷା ନିରୀକ୍ଷା ସମାଜର ସବୁ କ୍ଷେତ୍ରରେ ଥିଲା। ୧୯୬୪ ମସିହାରେ ତାଙ୍କର ପ୍ରଥମ ପୁସ୍ତକ 'ନିଶ ଓ ପରିବାର ନିୟନ୍ତ୍ରଣ' ପ୍ରକାଶ ପାଇଥିଲା। ତାହା ପାଠକମାନଙ୍କ ପାଖରେ ଏତେ ଜନପ୍ରିୟ ହେଲା ଯେ ତା'ପରଠାରୁ ତାଙ୍କର ଲେଖନୀ ଆଉ ବନ୍ଦ ହୋଇନାହିଁ। ୧୯୭୯ ମସିହାରୁ ୨୦୧୬ ପର୍ଯ୍ୟନ୍ତ ତାଙ୍କର ପୁସ୍ତକ ପ୍ରକାଶନ ଅବ୍ୟାହତ ରହିଥିଲା। ହାସ୍ୟବ୍ୟଙ୍ଗ-ଗଳ୍ପ ପୁସ୍ତକ ଗୁଡ଼ିକ ହେଲା ନାମରୁ ରାଶି ନକ୍ଷତ୍ର, ପ୍ରହାରେଣ ଧନଞ୍ଜୟ, କଂକୀତୋଳୀ ଉପାଖ୍ୟାନ, ପିତୃପରାମର୍ଶ କେନ୍ଦ୍ର, ବେସରକାରୀ ମରଣ, ପାପୀ ଚିହ୍ନଟ, ଚତୁର୍ନୟନ ବାବା, ମଡର୍ଣ୍ଣ ବେତାଳ ପଞ୍ଚ ବିଂଶତି, ମାଧବ ଶତପଥୀଙ୍କ ଶ୍ରେଷ୍ଠ ଗଳ୍ପ, ଦୁଷ୍ପ୍ରାପ୍ୟ ହୃଦୟ, ଛାଡ଼ପତ୍ରରୁ ପତ୍ରଛାଡ଼, କପି ତୁ କାହୁଁ ଅଇଲୁ, ତୈଳ ମର୍ଦ୍ଦନ, ଅର୍ବାଚୀନ ଇସ୍ତାହାର, ଚେଙ୍ଗିଜ୍ ଖାଁ ଠାରୁ ଚିଙ୍ଗୁଡ଼ି ପର୍ଯ୍ୟନ୍ତ। ଚାପ ଚରିତ, ସୁନ୍ଦରୀ ହେବାର ନିଶା, ତୋ ଜୀବନ ପଛେ ନର୍କେ ପଡ଼ିଥାଉ, ପ୍ରଭୁ ମୋ ବିବେକ ନେଇଯାଅ, କହିବାକୁ ଲାଜ, ଜରା ଯାତନା ପ୍ରଭୃତି ୨୫ ଖଣ୍ଡ ଗଳ୍ପ ପୁସ୍ତକ, ତିନୋଟି କବିତା ପୁସ୍ତକ। ପ୍ରତ୍ୟେକଟି ଗଳ୍ପ ଓ କବିତା ହାସ୍ୟବ୍ୟଙ୍ଗରେ ପରିପୂର୍ଣ୍ଣ। ତାଙ୍କ ଗଳ୍ପ ଯିଏ ଥରେ ପଢ଼ିଛି ସିଏ ନିଶ୍ଚୟ ଖୋଜି ଖୋଜି ତାଙ୍କ ଲେଖା ପଢ଼ିବ। ବ୍ୟଙ୍ଗ ସାହିତ୍ୟ ଛଡ଼ା, ଅନେକଗୁଡ଼ିଏ ଉପାଦେୟ ପାଠ୍ୟପୁସ୍ତକ ରଚନା କରି ସମସ୍ତଙ୍କର ଶ୍ରଦ୍ଧା ଭାଜନ ହୋଇଥିଲେ। ବର୍ତ୍ତମାନ ସୁଦ୍ଧା ତାଙ୍କ ରଚିତ ପୁସ୍ତକ-ପିଲାଙ୍କୁ ଗଢ଼ିବେ କିପରି ? ନିଜ ପିଲାର ମୂଳଦୁଆ ନିଜେ ଗଢ଼ନ୍ତୁ, ଛୋଟ ପିଲାଙ୍କୁ ପଢ଼ାଇବେ କିପରି, ଜନସଂଖ୍ୟା ଓ ବିକାଶ ଶିକ୍ଷା, ପ୍ରତ୍ୟେକ ଛାତ୍ରଛାତ୍ରୀ ଅଭିଭାବକଙ୍କ ଗାଇଡ଼ ଲାଇନ ହୋଇଛି।

ମାଧବ ଚନ୍ଦ୍ର ଶତପଥୀ ୧୯୨୮ ମସିହା ମାର୍ଚ୍ଚ ୨୧ ତାରିଖରେ ଅବିଭକ୍ତ କଟକ ଜିଲ୍ଲାର ବଡ଼ଚଣା ଥାନା ଅନ୍ତର୍ଗତ କାଦୁଅ ମାଗୁରା ଗ୍ରାମରେ ଜନ୍ମଗ୍ରହଣ କରିଥିଲେ। ତାଙ୍କ ପିତାଙ୍କ ନାମ ସ୍ୱର୍ଗତଃ ଦୀନବନ୍ଧୁ ଶତପଥୀ, ମାତା ସ୍ୱର୍ଗତା ସାରମଣି ଦେବୀ। ଗାଁ ସ୍କୁଲରୁ ପ୍ରାଇମେରୀ ଶିକ୍ଷା ଓ ମାଧ୍ୟମିକ ଶିକ୍ଷା ସମାପ୍ତ କରି ରେଭେନ୍‌ସା କଲେଜରୁ ସ୍ନାତକ ଓ ସ୍ନାତକୋତ୍ତର ଉପାଧି ଲାଭ କରିଥିଲେ। ପ୍ରଥମେ ସେ ସମ୍ବଲପୁର ସରକାରୀ ଟ୍ରେନିଂ କଲେଜର ଅଧ୍ୟାପକ ଭାବେ ଚାକିରି ଜୀବନ ଆରମ୍ଭ କରିଥିଲେ। ଗଙ୍ଗାଧର ମେହେର କଲେଜ, ରାଧାନାଥ ଟ୍ରେନିଂ କଲେଜ, କଟକ, ସରକାରୀ ଟ୍ରେନିଂ କଲେଜ ଅନୁଗୁଳ, ରେଭେନ୍‌ସା କଲେଜରେ ପ୍ରାଧ୍ୟାପକ ଭାବେ କାର୍ଯ୍ୟକରି ବଲାଙ୍ଗୀରଠାରେ ଥିବା ସରକାରୀ ଟ୍ରେନିଂ କଲେଜର ଅଧ୍ୟକ୍ଷ ଦାୟିତ୍ୱ ଗ୍ରହଣ କରିଥିଲେ। ତା'ପରେ ଅନ୍ୟାନ୍ୟ ଦୁଇଟି କଲେଜର ଅଧ୍ୟକ୍ଷ ଦାୟିତ୍ୱ ସୁଚାରୁ ରୂପେ ପରିଚାଳନା କରି ଶିକ୍ଷା ବିଭାଗରୁ ଅବସର ଗ୍ରହଣ କରିଥିଲେ। କଲେଜରେ ଅଧ୍ୟାପନା କରିବା ସମୟରେ ଯେପରି ଲେଖୁଥିଲେ ଅବସର ପରେ ମଧ୍ୟ ସେହିପରି ଲେଖିଚାଲିଲେ। ତାଙ୍କର ସାହିତ୍ୟକୃତି ପାଇଁ ଓଡ଼ିଶାର ବିଭିନ୍ନ ଅନୁଷ୍ଠାନ ତାଙ୍କୁ ପୁରସ୍କୃତ କରିଛନ୍ତି। ସରସ ସାହିତ୍ୟ ସମିତି ପକ୍ଷରୁ ତାଙ୍କୁ 'ରସରାଜ' ଉପାଧିରେ ଭୂଷିତ କରାଯାଇଥିଲା। ହାସ୍ୟବ୍ୟଙ୍ଗର ସର୍ବୋଚ୍ଚ ପୁରସ୍କାର 'କାନ୍ତକବି ପୁରସ୍କାର' ହାସ୍ୟ ବିକାଶ କେନ୍ଦ୍ର ପକ୍ଷରୁ ୧୯୯୭ ମସିହାରେ ପ୍ରଦାନ କରାଯାଇଥିଲା। ଫତୁରାନନ୍ଦ ଫାଉଣ୍ଡେସନ, ଓଡ଼ିଶା ସାହିତ୍ୟ ଏକାଡ଼େମୀ, ପ୍ରଜାତନ୍ତ୍ର ବିଷୁବ ସମ୍ମିଳନୀ, ଉତ୍କଳ ସାହିତ୍ୟ ସମାଜ, କଟକ ଲେଖକ ସହଯୋଗ ସମିତି, ପୁନର୍ନବା ସାହିତ୍ୟ ସଂସଦ ପକ୍ଷରୁ ତାଙ୍କୁ ପୁରସ୍କାର ପ୍ରଦାନ କରାଯାଇଛି। ୨୦୧୭ ମସିହା ଜାନୁଆରୀ ମାସ ୨୨ ତାରିଖରେ ରେଭେନ୍‌ସା କଲେଜର ୧୫୦ ବର୍ଷ ପୂର୍ତ୍ତି ଅବସରରେ ଶ୍ରେଷ୍ଠ ପ୍ରଫେସର ଭାବେ ତାଙ୍କୁ ସମ୍ମାନିତ କରାଯାଇଛି। ଏହା ହେଉଛି ତାଙ୍କ ଜୀବନର ଶେଷ ସମ୍ମାନ। ଏହାଛଡ଼ା ତାଙ୍କୁ ସମ୍ବର୍ଦ୍ଧିତ କରିଥିବା ଅନୁଷ୍ଠାନ ଗୁଡ଼ିକର ତାଲିକା ବହୁତ ଲମ୍ବା ହେବ, ତାହା ମୁଁ ଏଠାରେ ଉଲ୍ଲେଖ କରୁନାହିଁ। ଏହି ମହାନ ସାହିତ୍ୟ ସାଧକ ବ୍ୟକ୍ତି ହିସାବରେ ଥିଲେ ଅତ୍ୟନ୍ତ ସରଳ ଓ ବାସ୍ତବବାଦୀ, ଆଚରଣ ଆଉ ଉଚ୍ଚାରଣରେ କୌଣସି ପାର୍ଥକ୍ୟ ନଥିଲା। ଅନ୍ୟକୁ ଆନନ୍ଦ ଦେବାରେ ସଦାସର୍ବଦା ମୁଖର ଥିଲେ। ସାହିତ୍ୟ ରଚନା ଛଡ଼ା ସଂଗୀତ ପ୍ରତି ମଧ୍ୟ ତାଙ୍କର ରୁଚି ରହିଥିଲା। କଳାବିକାଶ କେନ୍ଦ୍ରରୁ ସେ ତବଲା ବାଦକ ଭାବେ ବିଶାରଦ ଉପାଧି ଲାଭ କରିଥିଲେ। ରାଷ୍ଟ୍ରଭାଷା ପ୍ରଚାର ସମିତି ୱାର୍ଦ୍ଧାରୁ ସେ ହିନ୍ଦୀ ବିଶାରଦ ଉପାଧି ଲାଭ କରିଥିଲେ। ସାହିତ୍ୟ, କଳା, ସଂସ୍କୃତି ସବୁ କ୍ଷେତ୍ରରେ ଜଣେ ପରିପୂର୍ଣ୍ଣ ମଣିଷ। ତାଙ୍କୁ ହରାଇ ଉତ୍କଳ ଭାରତୀ ମ୍ରିୟମାଣ, କାରଣ ତାଙ୍କ ସମକକ୍ଷ ସାହିତ୍ୟିକ ସୃଷ୍ଟି ହେବାପାଇଁ କେତେ କାଳ ଲାଗିବ, ସେକଥାର କିଏ ଉତ୍ତର ଦେଇପାରିବ ?

**-ରଘୁନାଥ ମହାପାତ୍ର,** ସତ୍ୟଶ୍ରୀ ନିଳୟ, ତାରାଚାନ୍ଦ ପାଟଣା, କଟକ, ଦୂରଭାଷ :୯୨୩୮୬୩୨୭୫୦

## ଅଲ୍ ଇଣ୍ଡିଆ ଡିଏସ୍‌ଓ ପକ୍ଷରୁ ଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ




ଯାଜପୁର (ପିଏନ୍)-ଅଲ୍ ଇଣ୍ଡିଆ ଡିଏସ୍‌ଓ ଯାଜପୁର ଜିଲ୍ଲା କମିଟି ପକ୍ଷରୁ ରାଜ୍ୟର ବି.ଏଡ୍ କଲେଜଗୁଡ଼ିକରେ ଯୁଦ୍ଧକାଳୀନ ଭିତ୍ତିରେ ନାମଲେଖା ଆରମ୍ଭ କରାଯାଉ ଏବଂ ସେଲ୍ଫ ଫାଇନାନ୍ସ ଭିତ୍ତିରେ ନାମଲେଖା ବ୍ୟବସ୍ଥା ସମ୍ପୂର୍ଣ୍ଣ ଉଚ୍ଛେଦ କରିବା ସହ ବି.ଏଡ୍, ସିଟ୍ ସଂଖ୍ୟା ବୃଦ୍ଧି କରିବା ଦାବୀରେ ଜିଲ୍ଲାପାଳଙ୍କ ଜରିଆରେ ଉଚ୍ଚଶିକ୍ଷା ମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ଦାବୀପତ୍ର ପ୍ରଦାନ କରାଯାଇଥିଲା। ଆପଣ ଅବଗତ ଯେ ଚଳିତ ଶିକ୍ଷା ବର୍ଷରେ ରାଜ୍ୟର ବିଭିନ୍ନ କଲେଜମାନଙ୍କରେ ବି.ଏଡ୍ ପାଠ୍ୟକ୍ରମରେ ନାମଲେଖା ପାଇଁ ସେପ୍ଟେମ୍ବର ୨୨ ଓ ୨୩ ତାରିଖକୁ ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ଧାର୍ଯ୍ୟ କରାଯାଇଥିଲା। ମାତ୍ର ଧାର୍ଯ୍ୟ ତାରିଖ ଠିକ୍ ପୂର୍ବଦିନ ଅର୍ଥାତ୍ ସେପ୍ଟେମ୍ବର ୨୧ ତାରିଖ ଦିନ ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ଏହି ନାମଲେଖାକୁ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ସ୍ଥଗିତ କରାଯାଇଛି। ଫଳରେ ର୍‍ୟାଙ୍କ୍ କାର୍ଡ଼ ଧରି ଆଶାୟୀ ଛାତ୍ରଛାତ୍ରୀମାନେ ହତାଶ ହୋଇ ବସିରହିଥିବାବେଳେ ସେମାନଙ୍କର ଗୋଟିଏ ଶିକ୍ଷାବର୍ଷ ନଷ୍ଟ ହେବାକୁ ଯାଉଛି। ଯଦ୍ଦ୍ୱାରାକି ସେମାନଙ୍କ ମାନସିକ ଭାରସାମ୍ୟ ଅତ୍ୟନ୍ତ ଜଟିଳ ପରିସ୍ଥିତି ଦେଇ ଗତି କରୁଛି। ଏପରି ବାହାର କରିଥିବା ର୍‍ୟାଙ୍କକୁ ମଧ୍ୟ ବାରମ୍ବାର ପରିବର୍ତ୍ତନ କରାଯାଉଛି। ଅନ୍ୟପଟେ ରାଜ୍ୟର ବିଭିନ୍ନ ଶିକ୍ଷାନୁଷ୍ଠାନରେ ସେଲ୍ଫ ଫାଇନାନ୍ସ ଭିତ୍ତିରେ ବି.ଏଡ୍ ପାଠକ୍ରମରେ ନାମଲେଖା ହୋଇଛି। ଅର୍ଥାତ୍ ପ୍ରକାରାନ୍ତରେ ସେଲ୍ଫ ଫାଇନାନ୍ସ ଭିତ୍ତିରେ ବି.ଏଡ୍ ପାଠ୍ୟକ୍ରମରେ ନାମ ଲେଖାଇବାକୁ ସରକାର ଛାତ୍ରଛାତ୍ରୀ ମାନଙ୍କୁ ବାଧ୍ୟ କରୁଛନ୍ତି। ଫଳରେ ଛାତ୍ରଛାତ୍ରୀମାନେ ଆର୍ଥିକ ଶୋଷଣର ଶିକାର ହେଉଛନ୍ତି। ତେଣୁ ବି.ଏଡ୍ ସିଟ୍ ସଂଖ୍ୟା ବୃଦ୍ଧି କରାଯାଇ ଯୁଦ୍ଧକାଳୀନ ଭିତ୍ତିରେ ସମସ୍ତ ବିଏଡ୍ କଲେଜ ଗୁଡ଼ିକରେ ନାମଲେଖା ଆରମ୍ଭ କରାଯାଉ ଏବଂ ସେଲ୍ଫ ଫାଇନାନ୍ସ ଭିତରେ ନାମଲେଖା ବ୍ୟବସ୍ଥା ସଂପୂର୍ଣ୍ଣ ଉଚ୍ଛେଦ କରିବାପାଇଁ ଦାବୀ ଜଣାଇଛନ୍ତି। ଉକ୍ତ ଦାବୀପତ୍ର ପ୍ରଦାନ କରିଛନ୍ତି ଅଲ ଇଣ୍ଡିଆ ଡି.ଏସ୍.ଓ ଜିଲ୍ଲା ସମ୍ପାଦିକା ସସ୍ମିତା ଯେନା, ସମ୍ପାଦକ ମଣ୍ଡଳୀର ସଦସ୍ୟ ପଲ୍ଲୀ ମଲିକ, ଜିତେନ୍ଦ୍ର ମାଝୀ, ସସ୍ମିତା ମଲ୍ଲିକ, ମୁଧୁସ୍ମିତା ସିଂ।

## ଖୋର୍ଦ୍ଧା ଆଇନ ମହାବିଦ୍ୟାଳୟ ନୂତନ ଛାତ୍ରଛାତ୍ରୀଙ୍କୁ ୨୦୨୨-୨୩ ପାଇଁ ସ୍ୱାଗତ ସମ୍ବର୍ଦ୍ଧନା



ଖୋର୍ଦ୍ଧା (ପିଏନ୍)-ମୁକୁନ୍ଦପ୍ରସାଦସ୍ଥିତ ଖୋର୍ଦ୍ଧା ଆଇନ ମହାବିଦ୍ୟାଳୟରେ ନାମ ଲେଖାଇଥିବା ତିନିବର୍ଷିଆ ଡ଼ିଗ୍ରୀ କୋର୍ସ ଓ ପାଂଚବର୍ଷିଆ ଇଂଟିଗ୍ରେଟେଡ୍ ଲ କୋର୍ସର ଛାତ୍ରଛାତ୍ରୀଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା ଜଣାଇବା ପାଇଁ ଏକ ବିଶେଷ କାର୍ଯ୍ୟକ୍ରମ ଆୟୋଜିତ ହୋଇଯାଇଛି। ସଭାପତି ପ୍ରତାପ ଚନ୍ଦ୍ର ସାମନ୍ତରାୟଙ୍କ ଅଧ୍ୟକ୍ଷତାରେ ମୁଖ୍ୟ ଅତିଥି ରୂପେ ବିଧାୟକ ଜ୍ୟୋତିରିନ୍ଦ୍ର ନାଥ ମିତ୍ର ଯୋଗଦେଇ କଲେଜ ସଂଲଗ୍ନ ଅନ୍ୟ ଏକ ନୂତନ କୋଠାରେ ବିନୋଦ ବିହାରୀ ପାଠାଗାର ଉଦ୍‌ଘାଟନ କରିଥିଲେ। କଲେଜ ପାଇଁ ସରକାରୀ ଯୋଜନା ଅନୁଯାୟୀ ନୂତନ ଜାଗା ମିଳିବ ବୋଲି ସୂଚନା ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ପ୍ରଫେସର ଡ. ନାରାୟଣ ରାଓ, ଖ୍ୟାତନାମା ବ୍ୟଙ୍ଗକବି ଜ୍ଞାନ ହୋତା, ଦୂରଦର୍ଶୀର ସମ୍ପାଦକ ଦୁର୍ଗାପ୍ରସାଦ ସାମନ୍ତରାୟ, ଐତିହାସିକ ସତ୍ୟବାଦୀ ବଳିଆରସିଂ, ଡ. ବିଷ୍ଣୁ ଚରଣ ସାହୁ, ବ୍ରିଗେଡ଼ିୟର ଅଭିମନ୍ୟୁ ରାଉତ, ଡ. ଦିଲ୍ଲୀପ କୁମାର ପତି, ସମାଜସେବୀ ଇତିଶ୍ରୀ ସାହୁ ପ୍ରମୁଖ ଯୋଗଦେଇ ନୂତନ ଛାତ୍ରଛାତ୍ରୀମାନେ ନିଷ୍ଠାପର ଭାବେ ଅଧ୍ୟୟନଶୀଳ ହେବାସହ ସମାଜ ଗଠନରେ ନୀତି ନିପୁଣ ହେବାପାଇଁ ଆହ୍ୱାନ ଦେଇଥିଲେ। ଭାରପ୍ରାପ୍ତ ଅଧ୍ୟକ୍ଷ ଡ଼. ଗିରିଶ ରଂଜନ ସାହୁ ଅତିଥି ପରିଚୟ ଦେବାସହ ୩ ବର୍ଷିଆ ପାଠ୍ୟକ୍ରମରେ ସିଟ ସଂଖ୍ୟା ୬୦ରୁ ୧୮୦କୁ ବୃଦ୍ଧିପାଇଥିବା ଏବଂ ଗତ ୫ ବର୍ଷିଆ ଇଂଟିଗ୍ରେଟଡ଼ କୋର୍ସ ପରୀକ୍ଷାରେ ଛାତ୍ରଛାତ୍ରୀମାନେ ସଫଳତା ହାରରେ ଆଇନ ବିଶ୍ୱବିଦ୍ୟାଳୟ ମଧ୍ୟରେ ୨ୟ ସ୍ଥାନ ପାଇଥିବା ସୂଚନା ଦେଇଥିଲେ। ଛାତ୍ରଛାତ୍ରୀମାନଙ୍କ ମଧ୍ୟରୁ ମୁସକିମ୍ କଉର, ସ୍ୱସ୍ତିକ କୁମାର ହୋତା, ଅଜିତ୍ ନାଏକ, ସୌମ୍ୟ ସାହୁ, ଅଂଶୁମାନ ବାରିକ ସୌମ୍ୟା ଚୌଧୁରୀଙ୍କୁ ପୁରସ୍କୃତ କରାଯାଇଥିଲା। ନଳିନୀ ପ୍ରଧାନ ଧନ୍ୟବାଦ ଦେଇଥିଲେ। ଛାତ୍ରଛାତ୍ରୀଙ୍କ ସହିତ ଅଭିଭାବକମାନେ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ। ମହାବିଦ୍ୟାଳୟ ସମ୍ପାଦକ ସୁଧୀର କୁମାର ମାନସିଂହ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ଧର୍ମଶାଳାରେ ବ୍ଲକସ୍ତରୀୟ ଏନ୍‌ଆର୍‌ଇଜିଏସ୍ ଜନଶୁଣାଣି ଶିବିର



ଧର୍ମଶାଳା (ପିଏନ୍): ଧର୍ମଶାଳା ପଂଚାୟତ ସମିତି ସଭାଗୃହରେ ବ୍ଲକ ସ୍ତରୀୟ ମହାତ୍ମାଗାନ୍ଧି ନିଶ୍ଚିତ କର୍ମନିଯୁକ୍ତି ଯୋଜନା ସମ୍ପର୍କିତ ଏକ ଜନଶୁଣାଣୀ ଶିବିର ଅନୁଷ୍ଠିତ ହୋଇଯାଇଛି । ଏହି ଶିବିରରେ ଯାଜପୁର ଅତିରିକ୍ତ ଜିଲ୍ଲାପାଳ ଅକ୍ଷୟ କୁମାର ମଲିକ ଯୋଗଦେଇ ଯୋଜନାର କାର୍ଯ୍ୟକାରିତା ଉପରେ ସମୀକ୍ଷା କରିବା ସହ ଜନପ୍ରତିନିଧିମାନଙ୍କୁ ଏହାର ରୂପାୟନ ସମ୍ପର୍କରେ ପରାମର୍ଶ ଦେଇଥିଲେ । ଏହି କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ବ୍ଲକ ଉପାଧ୍ୟକ୍ଷା ବିଜୟିନୀ ମିଶ୍ର, ବିଡିଓ ଦେବେନ୍ଦ୍ର ପ୍ରସାଦ ବଳ, ଏବିଡିଓ ଅସିତ ପାତ୍ର ଯୋଗଦେଇଥିଲେ । ଏହି ଶିବିରରେ ମନରେଗା ଯୋଜନା ସହ ଜାତୀୟ ସାମାଜିକ ସହାୟତା ଓ ପଂଚଦଶ ଅର୍ଥ କମିସନ ସମ୍ପର୍କରେ ଆଲୋଚନା କରାଯାଇଥିଲା । ଏଥିରେ ବ୍ଲକର ସମସ୍ତ ପଂଚାୟତର ଜନପ୍ରତିନିଧି ଓ ବିଭିନ୍ନ ବିଭାଗର ଅଧିକାରୀ ମାନେ ଯୋଗ ଦେଇଥିଲେ । ଏହି ଅବସରରେ ମନରେଗା କାର୍ଯ୍ୟର ସଫଳ ରୂପାୟନ ପାଇଁ ଏହି ବ୍ଲକର ସଂପାରୁ, ଉତରପ୍ରତାପ, ଦେଓଦା, କାଏମା ଓ କୋତପୁର ପଂଚାୟତ ପ୍ରତିନିଧିଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା ।

## ଜନଶୁଣାଣିରେ ମର୍ଜିତାପୁର ବାଲିଘାଟକୁ ବିରୋଧ

ଧର୍ମଶାଳା (ପିଏନ୍): ଧର୍ମଶାଳା ତହସିଲ ଅନ୍ତର୍ଗତ ବ୍ରାହ୍ମଣୀ ନଦୀର ମର୍ଜିତାପୁରଠାରେ ପ୍ରଶାସନ ପକ୍ଷରୁ ନିଲାମ ଦିଆଯାଇଥିବା ବାଲିଘାଟକୁ ବିରୋଧ ପରେ ଏହାକୁ ନେଇ ଏକ ଜନଶୁଣାଣି ଅନୁଷ୍ଠିତ ହୋଇଯାଇଛି । ସୂଚନା ମୁତାବକ ସ୍ଥାନୀୟ ଅଂଚଳର ଜୟନ୍ତ ଜେନା ବ୍ରହ୍ମଣୀ ନଦୀର ମର୍ଜିତାପୁର ବାଲିଘାଟକୁ ନିଲାମ ସୂତ୍ରରେ ନେଇଥିବା ବେଳେ ସ୍ଥାନୀୟ ଲୋକେ ବିଭିନ୍ନ କାରଣ ଦର୍ଶାଇ ଏହାକୁ ବିରୋଧ କରିବା ସହ ବାଲିଘାଟକୁ ବନ୍ଦ କରିବା ପାଇଁ ଧର୍ମଶାଳା ତହସିଲଦାର ଓ ଯାଜପୁର ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଥିଲେ । ଏହି ବାଲିଘାଟରୁ ବାଲି ଉତୋଳନ କରାଯାଇ ବନ୍ଧ ରାସ୍ତାଦେଇ ପ୍ରତ୍ୟେହ ଶହ ଶହ ସଂଖ୍ୟାରେ ଗାଡି ଯାତାୟାତ କରିବା ଫଳରେ ରାସ୍ତାସାରା ବାଲିପଡିବା ଯୋଗୁଁ ଯାତାୟାତରେ ବାଧା ଉପୁଯିବା ସହ ଲୋକେ ଦୁର୍ଘଟଣାର ଶିକାର ହେଉଥିବା ସ୍ଥାନୀୟ ଲୋକେ ଅଭିଯୋଗ କରିଛନ୍ତି । ଏହାକୁ ନେଇ ଜିଲ୍ଲା ପ୍ରଶାସନ ପକ୍ଷରୁ ମର୍ଜିତାପୁର କଲ୍ୟାଣ ମଣ୍ଡପ ଠାରେ ଏକ ଜନଶୁଣାଣିର ଆୟୋଜନ କରାଯାଇଥିଲା । ଏଥିରେ ଯାଜପୁର ଅତିରିକ୍ତ ଜିଲ୍ଲାପାଳ ଅକ୍ଷୟ କୁମାର ମଲିକ, କଳିଙ୍ଗନଗର ଅତିରିକ୍ତ ଜିଲ୍ଲାପାଳ ସନ୍ତୋଷ ମିଶ୍ର, ଧର୍ମଶାଳା ତହସିଲଦାର ସ୍ୱାଗତ ଦାସ, ଏସଡିପିଓ ସଂଜୟ କୁମାର ପଟ୍ଟନାୟକ, ଜେନାପୁର ଥାନା ଅଧିକାରୀ ଉମାକାନ୍ତ ନାୟକ ଓ ସ୍ଥାନୀୟ ରାଜସ୍ୱ ଅଧିକାରୀମାନେ ଉପସ୍ଥିତ ରହିଥିଲେ । ଏହି ଶିବିରରେ ଆଖପାଖ ଅଂଚଳର ୪ ଶହରୁ ଉର୍ଦ୍ଧ ଲୋକ ଉପସ୍ଥିତ ରହିଥିବା ବେଳେ ଅଧିକାଂଶ ଲୋକେ ବାଲିଘାଟକୁ ବିରୋଧ କରିଥିଲେ । ଆଇନ ଶୃଙ୍ଖଳାକୁ ନଜରରେ ରଖି ପୁଲିସ ପ୍ରଶାସନ ପକ୍ଷରୁ ସେଠାରେ ଏକ ପ୍ଲାଟୁନ ଫୋର୍ସ ମୁତୟନ କରାଯାଇଥିଲା । ତେବେ ପ୍ରଶାସନ ନିଲାମ ପୂର୍ବରୁ ଜନଶୁଣାଣି ନକରି ନିଲାମ ଦେବା ପରେ ଜନଶୁଣାଣି କରି ହରଡଘଣାରେ ଫସିଯାଇଛି । ସ୍ଥାନୀୟ ଲୋକଙ୍କ ବିରୋଧ ପରେ ଉକ୍ତ ବାଲିଘାଟକୁ ବନ୍ଦ କରାଯାଇ ନିଲାମଧାରୀକୁ ଟଙ୍କା ଫେରସ୍ତ କରାଯାଇ ନିଲାମ ବାତିଲ କରାଯାଉଛି କିମ୍ବା ଅନ୍ୟ କି ପଦକ୍ଷେପ ନିଆଯାଉଛି ତାହାକୁ ନେଇ ପ୍ରଶାସନ ଅଡୁଆ ପରିସ୍ଥିତିରେ ପଡିଯାଇଛି ।


# DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs.8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact
Near Mukteswar Temple, Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG, U.K.G, Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ମାନବଧିକାର ଆୟୋଗ ଅଧ୍ୟକ୍ଷ ଓଡିଶା ବିଚାରପତି ଶତ୍ରୁଘ୍ନ ପୂଜାହାରୀଙ୍କ ସୁବର୍ଣ୍ଣପୁର ଜିଲ୍ଲା ପରିଦର୍ଶନ

ସୁବର୍ଣ୍ଣପୁର,(ପି.ଏନ): ରାଷ୍ଟ୍ରର ପ୍ରତ୍ୟେକ ଜନସାଧାରଣ ସେମାନଙ୍କ ମାନବିକ ଅଧିକାର ପାଇବାକୁ ହକଦାର, ଏଣୁ ଜିଲ୍ଲାର କାର୍ଯ୍ୟରତ ପ୍ରତ୍ୟେକ ଅଧିକାରୀ ନିଜ ନିଜ ସ୍ତରରେ ବିବେକାନୁମୋଦିତ ଭାବେ ଜନସାଧାରଣଙ୍କୁ ସେମାନଙ୍କ ମାନବିକ ଅଧିକାର ଯୋଗାଇବା ଉପରେ ଗୁରୁତ୍ୱାରୋପ କରିଛନ୍ତି ଅଧ୍ୟକ୍ଷ ମାନବଧିକାର ଆୟୋଗ ଓଡିଶା ଜଷ୍ଟିସ ଶତ୍ରୁଘ୍ନ ପୂଜାହାରୀ । ଆଜି ଅଧ୍ୟକ୍ଷ ମାନବଧିକାର ଆୟୋଗ ଓଡିଶା ଜଷ୍ଟିସ ଶତ୍ରୁଘ୍ନ ପୂଜାହାରୀ ସୁବର୍ଣ୍ଣପୁର ଜିଲ୍ଲା ଗସ୍ତରେ ଆସି ସହର ସ୍ଥିତ ଜିଲ୍ଲାର ମାତୃ ଓ ଶିଶୁ ଚିକିତ୍ସାଳୟ ସହ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ପରିଦର୍ଶନ କରିଥିଲେ। ଅଧ୍ୟକ୍ଷ ଏହି ଅବସରରେ ଜିଲ୍ଲାପାଳ ସୁବର୍ଣ୍ଣପୁର, ଜିଲ୍ଲାସ୍ତରୀୟ ସ୍ୱାସ୍ଥ୍ୟ ଅଧିକାରୀ ପ୍ରମୁଖ ଙ୍କ ସହ ସ୍ୱାସ୍ଥ୍ୟ ବିଭାଗ ତଥା ଚିକିତ୍ସାଳୟ ସମ୍ବନ୍ଧୀୟ ଆଲୋଚନା କରିଥିଲେ। ଚିକିତ୍ସାଳୟ ର ଭିତିଭୂମି ତଥା ପରିଚାଳନା ସହ ଜନସାଧାରଣଙ୍କୁ ପ୍ରଦତ ଚିକିତ୍ସାସେବାରେ ମାନ୍ୟବର ଅଧ୍ୟକ୍ଷ ଖୁସି ବ୍ୟକ୍ତ କରିଥିବାବେଳେ ବିଭାଗ ତରଫରୁ ଆଲୋଚନା ସମୟରେ ବିଭିନ୍ନ ବିଭାଗ ରେ ଡାକ୍ତର ପଦବୀଖାଲିଥିବା, ବିଭିନ୍ନ ପାରାମେଡିକାଲ ପଦବୀ ଖାଲି ରହିଥିବା ଅଧ୍ୟକ୍ଷଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ଚିକିତ୍ସାଳୟ ପରିଦର୍ଶନ ସମୟରେ ଅଧ୍ୟକ୍ଷ ମହୋଦୟ ଚିକିତ୍ସାଧୀନ ରୋଗୀ ତଥା ରୋଗୀଙ୍କ ସମ୍ପର୍କୀୟଙ୍କ ସହ ଚିକିତ୍ସାସେବା ସମ୍ବନ୍ଧରେ ପ୍ରତ୍ୟକ୍ଷ ଭାବରେ ପଚାରି ବୁଝିଥିଲେ। ପରେ ପରେ ଅଧ୍ୟକ୍ଷ ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷ ଠାରେ ଅନୁଷ୍ଠିତ ନାଗରିକ ସମାଜ ବୈଠକରେ ଉପସ୍ଥିତ ବିଭିନ୍ନ ବର୍ଗର ପ୍ରତିନିଧିଙ୍କ ସହ ଭାବବିନିମୟ କରିଥିଲେ। ବୈଠକ ଆରମ୍ଭରେ ରେଜିଷ୍ଟର ଶ୍ରୀ ରାଜୀବ ଲୋଚନ ସାହୁ ବୈଠକର ଆଭିମୁଖ୍ୟ ତଥା ମାନବାଧିକାର ଆୟୋଗ ଅଧ୍ୟକ୍ଷଙ୍କ ଗସ୍ତ ର ତାତ୍ପର୍ଯ୍ୟ ଉପରେ ଆଲୋକପାତ କରି ଉପସ୍ଥିତ ପ୍ରତିନିଧିଙ୍କୁ ଜିଲ୍ଲାରେ ମାନବଧିକାର ଉଲଂଘନ ସମ୍ପର୍କିତ ତଥ୍ୟ ଅଧ୍ୟକ୍ଷଙ୍କ ସମ୍ମୁଖରେ ଉପସ୍ଥାପନ କରିବାକୁ ଆମନ୍ତ୍ରଣ କରିଥିଲେ। ତତପରେ ମାନ୍ୟବର ଅଧ୍ୟକ୍ଷ ଶ୍ରୀ ପୂଜାହାରୀ ସମସ୍ତ ଜିଲ୍ଲାସ୍ତରୀୟ ଅଧିକାରୀଙ୍କୁ ନେଇ ଅନୁଷ୍ଠିତ ବୈଠକରେ ସମସ୍ତ ଅଧିକାରୀ ସ୍ୱତଃ ଭାବେ ଜନସାଧାରଣଙ୍କ ନିମନ୍ତେ ଉଦ୍ଦିଷ୍ଟ ମାନବିକ ସେବା ହେଉ ଅବା ଅଧିକାରକୁ ଆନ୍ତରିକତା ତଥା ବିବେକାନୁମୋଦିତ ସହ ପ୍ରଦାନ କରିବାକୁ ପରାମର୍ଶ ଦେଇଛନ୍ତି। ନିଜ ନିଜ ସ୍ତରରେ ପ୍ରତ୍ୟେକ ଅଧିକାରୀ ମାନବୀୟ ଅଧିକାର ପ୍ରଦାନ ସହ ସରକାରଙ୍କ ପ୍ରତ୍ୟେକ ଯୋଜନାକୁ ଜନସାଧାରଣଙ୍କ ନିମନ୍ତେ ସୁନିଶ୍ଚିତ କରିବାକୁ ଗୁରୁତ୍ୱାରୋପ କରିଛନ୍ତି। ସେ ଏହି ପରିପ୍ରେକ୍ଷୀରେ ସ୍ୱାସ୍ଥ୍ୟ, ପରିବେଶ, ଶିକ୍ଷା, ଜଳ ଓ ପରିମଳ, ସହ ଭିନ୍ନକ୍ଷମ ବର୍ଗଙ୍କ ଯୋଜନା ସମ୍ବନ୍ଧରେ ଅଧିକାରୀଙ୍କ ସହ ଆଲୋଚନା କରିଥିଲେ, ସେ ବିଶେଷ ଭାବେ ଜିଲ୍ଲା ରେ କନ୍ୟା ଜନ୍ମହାର କ୍ରମଶଃ ହ୍ରାସ ପାଉଥିବାରୁ ଏଥି ନିମନ୍ତେ ବ୍ୟାପକ ସଚେତନତା ସହ ନିର୍ଦ୍ଦିଷ୍ଟ ଯୋଜନା ପ୍ରସ୍ତୁତ କରି ପ୍ରତିହତ କରିବାକୁ ପରାମର୍ଶ ଦେଇଛନ୍ତି। ଚଳିତ ଗ୍ରୀଷ୍ମ ପ୍ରବାହ କୁ ଦୃଷ୍ଟିରେ ରଖି ଜିଲ୍ଲା ପ୍ରଶାସନ ତରଫରୁ ଆବଶ୍ୟକ ପ୍ରସ୍ତୁତି କରିବା ସହ ବିଶେଷ ଭାବେ ସମସ୍ତ ଙ୍କ ପାଇଁ ଆବଶ୍ୟକ ଜଳ ଯୋଗାଣ ଓ ଜିଲ୍ଲାରେ ନିରବଛିନ୍ନ ବିଦ୍ୟୁତ ସେବା ଉପଲବ୍ଧ କରିବାକୁ ବିଭାଗୀୟ ଅଧିକାରୀ ଙ୍କୁ ପରାମର୍ଶ ଦେଇଛନ୍ତି । ଅନୁଷ୍ଠିତ ନାଗରିକ ସମାଜ ବୈଠକରେ ବସ ମାଲିକ ସଂଘ ସଭାପତିଙ୍କୁ କନ୍ୟା ଜନ୍ମ ହ୍ରାସ ଉପରେ ସଚେତନତା ଧର୍ମୀ ପୋଷ୍ଟର ବ୍ୟାନର ଇତ୍ୟାଦି ବସ୍‌ଗୁଡିକରେ ଲଗାଇବାକୁ ପରାମର୍ଶ ଦେଇଛନ୍ତି। ଅଧ୍ୟକ୍ଷଙ୍କ ଜିଲ୍ଲା ଗସ୍ତର ବିଭିନ୍ନ କାର୍ଯ୍ୟକ୍ରମ ରେ ଜିଲ୍ଲାପାଳ ଶ୍ରୀମତୀ ଅବୋଲି ସୁନୀଲ ନରୱଣେ, ଜିଲ୍ଲା ଆରକ୍ଷୀ ଅଧିକ୍ଷକ ଶ୍ରୀ ଅମରେଶ ପଣ୍ଡା, ଅତିରିକ୍ତ ଜିଲ୍ଲାପାଳ ସୂର୍ଯ୍ୟ ନାରାୟଣ ଦାଶ, ଅତିରିକ୍ତ ଜିଲ୍ଲାପାଳ ଶ୍ରୀମତୀ ନିଶି ପୁନମ ମିଞ୍ଜ, ସି ଡି ଓ ତଥା ନିର୍ବାହୀ ଅଧିକାରୀ ନିହାର ରଞ୍ଜନ କହଁର, ଉପଜିଲ୍ଲାପାଳ ସୋନପୁର ଡ଼ଃ ଇପ୍ସିତା ପ୍ରିୟଦର୍ଶିନୀ ମିଶ୍ର, ଉପଜିଲ୍ଲାପାଳ ବୀରମହାରାଜପୁର ଅଶୋକ ଭୋଇ, ଅଧିକ୍ଷଣ ଯନ୍ତ୍ରୀ ଦାମୋଦର କୈବର୍ତ୍ତ, ନିର୍ବାହୀ ଯନ୍ତ୍ରୀ ବିଭୂପ୍ରସାଦ ପଣ୍ଡା, ସିଡିଏମ ଓ ଡ଼ ବିଶ୍ୱରଞ୍ଜନ ପତି, ଏଡିଏମଓ ଡ଼ ଦୈତ୍ୟ ନାରାୟଣ ପାଢ଼ୀ,, ସମସ୍ତ ଜିଲ୍ଲାସ୍ତରୀୟ ଅଧିକାରୀ ପ୍ରମୁଖ ଉପସ୍ଥିତ ରହିଥିବା ବେଳେ ଜିଲ୍ଲା ଓକିଲ ସଂଘ ସଭାପତି ସମେତ ଜିଲ୍ଲାର ବିଭିନ୍ନ ଅନୁଷ୍ଠାନ ର ପଦାଧିକାରୀ ପ୍ରମୁଖ ଆଲୋଚନା ରେ ଅଂଶଗ୍ରହଣ କରିଥିଲେ।

## ଆଦିବାସୀ ବସ୍ତି ଉଠାଇବାକୁ ନେଇ ନୋଟିସ୍, ଚିନ୍ତାରେ ୧୮ ପରିବାର

ଭଦ୍ରକ, (ପି.ଏନ): ଦୀର୍ଘଦିନ ହେବ ରହିଥିବା ସ୍ଥାନରୁ ଉଚ୍ଛେଦ ପାଇଁ ନୋଟିସ୍। ୧୯ ରୁ ୭ ପରିବାରକୁ ଘର ଉଚ୍ଛେଦ ପାଇଁ ଆସିଛି ନୋଟିସ୍। ଯାହାକୁ ନେଇ ଚିନ୍ତାରେ ସ୍ଥାନୀୟ ବାସିନ୍ଦା। ସୂଚନାଯୋଗ୍ୟ ଯେ, ଭଦ୍ରକ ଜିଲା ଭଣ୍ଡାରିପୋଖରୀ ତହସିଲ ଅଧୀନ ନିର୍ଗୁଣ୍ଡି ପଂଚାୟତ, ଅନନ୍ତପୁର ଆଦିବାସୀ ସାହିରେ ୧୮ ରୁ ଅଧିକ ଆଦିବାସୀ ପରିବାର ଦୀର୍ଘବର୍ଷ ହେବ ରହି ଆସୁଛନ୍ତି। ଏହି ସ୍ଥାନକୁ ନେଇ ସ୍ଥାନୀୟ ଲୋକଙ୍କ ମଧ୍ୟରେ ବିବାଦ ପରେ ଅଂଚଳର ୮ ପରିବାରକୁ ଉଚ୍ଛେଦ ପାଇଁ ତହସିଲ ତରଫରୁ ନୋଟିସ୍ ଲଗାଯାଇଛି। ଯଥାଶୀଘ୍ର ଘର ଖାଲି କରିବା ପାଇଁ ନୋଟିସ୍ ପାଇବା ପରେ ଆଦିବାସୀ ପରିବାରର ଲୋକେ ସରକାରୀ ଅଫିସରେ ଚକ୍କର କାଟୁଛନ୍ତି। ତେବେ ଏହି ଆଦିବାସୀ ପରିବାରଗୁଡିକ ଭୂମିହୀନ ହୋଇଥିବାବେଳେ ଏବେ ଉଚ୍ଛେଦ ପରେ କେଉଁଠାରେ ରହିବେ। ସେ ନେଇ ବିକଳ୍ପ ବ୍ୟବସ୍ଥା ନଥିବାରୁ ଚିନ୍ତାରେ ଅଛନ୍ତି। ଏହି ଉଚ୍ଛେଦ ନୋଟିସ୍‌କୁ ମଧ୍ୟ ସ୍ଥାନୀୟ କେତେକ ବାସିନ୍ଦା ନାପସନ୍ଦ କରିଛନ୍ତି। ଭୂମିହୀନ ଆଦିବାସୀଙ୍କୁ ଭୂମି ଯୋଗାଇବା ପରେ ଉଚ୍ଛେଦ ପାଇଁ ଦାବି ହେଉଛି।

# ଭଦ୍ରକ ମହିଳା ମହାବିଦ୍ୟାଳୟରରେ ଲୋକନାୟକ ଜୟପ୍ରକାଶ ନାରାୟଣଙ୍କ ସଂପୂର୍ଣ୍ଣକ୍ରାନ୍ତି ଶୀର୍ଷକ ସଂପାନ

ଭଦ୍ରକ, (ପି.ଏନ): ଭଦ୍ରକ ମହିଳା ମହାବିଦ୍ୟାଳୟର ରାଜନୀତି ବିଜ୍ଞାନ ବିଭାଗ ଆନୁକୂଲ୍ୟରେ "ଲୋକନାୟକ ଜୟପ୍ରକାଶ ନାରାୟଣଙ୍କ ସଂପୂର୍ଣ୍ଣକ୍ରାନ୍ତି" ଶୀର୍ଷକ ଏକ ସଂପାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଅନୁଷ୍ଠାନର ଅଧ୍ୟକ୍ଷା ପ୍ରାଧ୍ୟାପିକା ସୁପ୍ରିତି କରଙ୍କ ପୌରହିତ୍ୟରେ ଉକ୍ତ ସଭାରେ ତୃତୀୟ ବର୍ଷ ଛାତ୍ରୀ ମମତା ରଣାଙ୍କ ଦ୍ୱାରା ମଂଚ ଉପରକୁ ଅତିଥି ମାନଙ୍କୁ ନିମନ୍ତ୍ରଣ ପରେ ଛାତ୍ରୀମାନଙ୍କ ଦ୍ୱାରା ସ୍ୱାଗତ ସଂଗୀତ ପରିବେଷଣ କରାଯାଇଥିଲା। ଉକ୍ତ ସଭାରେ ବିଭାଗୀୟ ମୁଖ୍ୟା ପ୍ରଧ୍ୟାପିକା ଅନିତା ଦଳାଇ ସଭାଟିକୁ ପରିଚାଳନା କରିଥିଲେ। ମହାବିଦ୍ୟାଳୟର ଅଧ୍ୟକ୍ଷା ଶ୍ରୀମତୀ କର, ମୁଖ୍ୟ ଅତିଥି ଡଃ ସୁଧିର ଚନ୍ଦ୍ର ଜେନା, ଅବସରପ୍ରାପ୍ତ ପ୍ରଫେସର ବି.ଜେ.ପି କଲେଜ, ଭୁବନେଶ୍ୱର ଓ ପ୍ରାକ୍ତନ ବିଭାଗୀୟ ମୁଖ୍ୟ ପ୍ରାଧ୍ୟାପକ ମନୋଜ କୁମାର ସ୍ୱାଇଁ ସମେତ ପ୍ରଦୀପ ପ୍ରଜ୍ୱଳନ କରି ସଭା କାର୍ଯ୍ୟ ଆରମ୍ଭ କରିଥିଲେ। ପ୍ରାଧ୍ୟାପକ ମନୋଜ କୁମାର ସ୍ୱାଇଁ ଅତିଥି ପରିଚୟ ପ୍ରଦାନ କରିବା ସହ ସଂପାନ ଶୀର୍ଷକ ବିଷୟରେ ଆଲୋକପାତ କରିଥିଲେ। ଅଧ୍ୟକ୍ଷା ଶ୍ରୀମତୀ କର ପ୍ରାରମ୍ଭିକ ଭାଷଣ ପ୍ରଦାନ କରି ଶିକ୍ଷା କ୍ଷେତ୍ରରେ ଏକ ସଂପାନର ଗୁରୁତ୍ୱ ବର୍ଣ୍ଣନା କରିବା ସହ ପିଲାମାନଙ୍କୁ ଉତ୍ସାହିତ କରିଥିଲେ। ବିଭାଗୀୟ ମୁଖ୍ୟା ପ୍ରାଧ୍ୟାପିକା ଅନିତା ଦଳାଇ ଆଲୋଚ୍ୟ ବିଷୟ ଉପରେ ପ୍ରାରମ୍ଭିକ ତଥ୍ୟ ପ୍ରଦାନ କରିଥିଲେ। ଉକ୍ତ ସଂପାନର ମୁଖ୍ୟ ଅତିଥି ଡ. ସୁଧିର ଚନ୍ଦ୍ର ଜେନା "ଜୟ ପ୍ରକାଶ ନାରାୟଣଙ୍କ ସଂପୂର୍ଣ୍ଣ କ୍ରାନ୍ତି" ଶୀର୍ଷକ ବିଷୟ ଉପରେ ଏକ ବିଶ୍ଳେଷଣତ୍ମକ ବିସ୍ତୃତ ବିବରଣୀ ପ୍ରଦାନ କରିବା ସହ ଆଜି ବି ତାଙ୍କ ଆଦର୍ଶର ପ୍ରାସଙ୍ଗିକତା ଅଛି ବୋଲି ମତବ୍ୟକ୍ତ କରିଥିଲେ। ଶେଷରେ ବିଭାଗୀୟ ଛାତ୍ରୀ ଯଥା- ମମତା ରଣା, ଶିବାନୀ ସୂତାର, ସୁନେହରା ପରୱିନ, ପ୍ରିନ୍ସପ୍ରିୟା ନାୟକ, କବିତା ଦାସ, ପୁଷ୍ପାଞ୍ଜଳି ଖଟୁଆ ଓ ରାଜଲକ୍ଷ୍ମୀ ବୀର ପ୍ରମୁଖ ସନ୍ଦର୍ଭ ଉପସ୍ଥାପନ କରିଥିଲେ। ମୁଖ୍ୟ ଅତିଥି ମାନଙ୍କ ଦ୍ୱାରା କୃତୀ ଛାତ୍ରୀମାନଙ୍କୁ ମାନପତ୍ର ପ୍ରଦାନ କରାଯାଇଥିଲା। ଶେଷରେ ବିଭାଗୀୟ ଅଧାପକ ରାଜେଶ କୁମାର ପାହାରିଙ୍କ ଦ୍ୱାରା ଧନ୍ୟବାଦ ଅର୍ପଣ କରାଯାଇଥିଲା। ଉକ୍ତ ସଭାଟିକୁ ସମସ୍ତ ଛାତ୍ରୀ ଆୟୋଜନ କରିଥିଲେ।

# ଅସହାୟ ବୃଦ୍ଧଙ୍କ ଶବ ସତ୍କାର କଲା ଟିମ୍ ହ୍ୟୁମାନିଟି କନ୍ଧମାଳ

କନ୍ଧମାଳ, (ପି.ଏନ): ପୁଣି ଆଜି ଏକ ଅସହାୟ ବୃଦ୍ଧ ଙ୍କ ସବ ସତ୍କାର କରିଛି ଟିମ୍ ହ୍ୟୁମାନିଟି କନ୍ଧମାଳ। ସୂଚନା ପ୍ରକାରେ ଫୁଲବାଣୀ ସହର ପିଅନପଡ଼ା ମା ମଙ୍ଗଳା ସାହି ବାସିନ୍ଦା ଅଟନ୍ତି ମୃତ ଦିବାକର ପଣ୍ଡା। ପରିବାର କହିଲେ ବୃଦ୍ଧ ବାପା,ଦୁଇ ଭଉଣୀ ଏବଂ ଜଣେ ଭାଇ। ସେ ଅସୁସ୍ଥତା ଯୋଗୁଁ ବିଭିନ୍ନ ଚିକିତ୍ସାଳୟରେ ଚିକିତ୍ସିତ ହେଉଥିଲେ। ଘରେ ରହି ଚିକିତ୍ସିତ ହେଉଥିଲେ। ଆଜି ସକାଳେ ତାଙ୍କର ମୃତ୍ୟୁ ହେଇଥିଲା। ଶବ ସତ୍କାର କରିବା ପାଇଁ ପାଖରେ କେହି ସହାୟକ ବ୍ୟକ୍ତି ବିଶେଷ ନ ଥିବା ଜାଣି ପରିବାର ଲୋକେ ଟିମ୍ ହ୍ୟୁମାନିଟି କନ୍ଧମାଳ କୁ ସହଯୋଗ ମାଗିଥିଲେ। ଟିମ୍ ସଦସ୍ୟ ଭି.ଜଗନ୍ନାଥ ରାଜୁ , ପ୍ରଫୁଲ୍ଲ କୁମାର ପୃଷ୍ଟି , ସାଇରାମ ପାତ୍ର ,ସନ୍ତୋଷ କୁମାର ବାରିକ ରବୀନ୍ଦ୍ର ମହାରଣା ,ଭି ଲୋକନାଥ ରାଜୁ, ଅନୁପବିକ୍ରମ ପାତ୍ର ଏବଂ ସସ୍ମିତା ସାହୁ ପ୍ରମୁଖ ସମ୍ପୂର୍ଣ୍ଣ ଭାବେ ସହଯୋଗ କରି ରୀତି ନିତି ହିସାବରେ ସ୍ଥାନୀୟ ପିଅନ ପଡ଼ା ସ୍ମଶାନ ରେ ଶବଦାହ କରିଥିଲେ।

## ୩୬ଟି କେନ୍ଦ୍ରରେ +୨ ପରୀକ୍ଷା ଆରମ୍ଭ, ୧୧୯୮୨ ଛାତ୍ରଛାତ୍ରୀ ପରୀକ୍ଷା ଦେବେ

ଭଦ୍ରକ, (ପି.ଏନ): ରାଜ୍ୟ ଉଚ୍ଚ ମାଧ୍ୟମିକ ଶିକ୍ଷା ପରିଷଦ (ସିଏଚ୍‌ଏସ୍‌ଇ) ଦ୍ୱାରା ପରିଚାଳିତ ଉଚ୍ଚ ମାଧ୍ୟମିକ (+୨) ପରୀକ୍ଷା ଆଜି ଠାରୁ ଆରମ୍ଭ ହୋଇଛି। ଏପ୍ରିଲ ୫ ତାରିଖରେ ଶେଷ ହେବ। ଚଳିତବର୍ଷ ଭଦ୍ରକ ଜିଲାରୁ ୧୧ ହଜାର ୯୮୨ ଛାତ୍ରଛାତ୍ରୀ କଳା, ବିଜ୍ଞାନ, ବାଣିଜ୍ୟ ଓ ଧନ୍ଦା ମୂଳକ ଶିକ୍ଷାରେ ପରୀକ୍ଷା ଦେବେ। ସେମାନଙ୍କ ମଧ୍ୟରୁ କଳା ବିଭାଗରେ ୮୧୨୪ ଜଣ ଛାତ୍ରଛାତ୍ରୀ ପରୀକ୍ଷା ଦେବେ। ସେହିପରି ବିଜ୍ଞାନରେ ୨୪୬୦, ବାଣିଜ୍ୟରେ ୧୨୦୦ ଓ ଧନ୍ଦାମୂଳକ ଶିକ୍ଷକରେ ୪୬୦ ପିଲା ପରୀକ୍ଷା ଦେବେ। ଆଜି ପରୀକ୍ଷାର ପ୍ରଥମ ଦିନରେ ବିଜ୍ଞାନ ଛାତ୍ରଛାତ୍ରୀ ମାତୃଭାଷା(ଓଡ଼ିଆ) ବିଷୟରେ ପରୀକ୍ଷା ଦେଇଛନ୍ତି। ୩୬ଟି ପରୀକ୍ଷା କେନ୍ଦ୍ରରେ ପରୀକ୍ଷାର୍ଥୀମାନେ ପରୀକ୍ଷା ଦେଇଛନ୍ତି। ପରୀକ୍ଷା ପରିଚାଳନା ପାଇଁ ୫ଟି ହବ୍ ରହିଛି। ଭଦ୍ରକ କଲେଜ ହବ୍ ଅଧୀନରେ ୮ଟି, ତିହିଡିରେ ୩ଟି, ଚାନ୍ଦବାଲିରେ ୩ଟି, ଧାମନଗରରେ ୫ଟି, ଭଣ୍ଡାରିପୋଖରୀରେ ୪ଟି, ବାସୁଦେବପୁରରେ ୮ଟି ଓ ବନ୍ତରେ ୫ଟି ମୋଟ ୨୪ ଟି କେନ୍ଦ୍ର ପ୍ରତିଷ୍ଠା କରାଯାଇଛି।

## ୨୫ତମ ମା ତାରିଣୀ ଚ୍ୟାଲେଞ୍ଜ ଟ୍ରଫି କ୍ରିକେଟ ଟୁର୍ଣ୍ଣାମେଂଟ ଉଦ୍‌ଯାପିତ

ଭଦ୍ରକ, (ପି.ଏନ): ଭଦ୍ରକ ଜିଲା ତିହିଡ଼ି ବ୍ଲକ ମଙ୍ଗଳପୁର ପ ।ୟତ ଅଧୀନ କମାରିଆ ତାରିଣୀ ପଡ଼ିଆରେ ଚାଲିଥିବା ୨୫ତମ ମା' ତାରିଣୀ ଚ୍ୟାଲେଞ୍ଜ ଟ୍ରଫି କ୍ରିକେଟ ଟୁର୍ଣ୍ଣାମେଂଟ ଉଦ୍‌ଯାପିତ ହୋଇ ଯାଇଛି। ଟୁର୍ଣ୍ଣାମେଂଟର ଫାଇନାଲ ମ୍ୟାଚ୍ କ୍ରେଜି ଇଲେଭେନ ଭଦ୍ରକ ଓ ଫିୟୁରିୟସ ଆଟାକ୍ ଭଦ୍ରକ ମଧ୍ୟରେ ଅନୁଷ୍ଠିତ ହୋଇଥିଲା। କ୍ରେଜି ଇଲେଭେନ ଟସ୍ ଜିଣି ପ୍ରଥମେ ବ୍ୟାଟିଂ କରି ନିର୍ଦ୍ଧାରିତ ୧୭ ଓଭରରେ ୭ଉଇକେଟ ହରାଇ ୧୨୭ ରନ୍ ସଂଗ୍ରହ କରିଥିଲା। ଜବାବରେ ଫିୟୁରିୟସ ଆଟାକ୍ ନିର୍ଦ୍ଧାରିତ ୧୭ ଓଭରରେ ୯ ଉଇକେଟ ହରାଇ ମାତ୍ର ୭୮ ରନ୍ ସଂଗ୍ରହ କରିଥିଲା। ଫଳରେ କ୍ରେଜି ଇଲେଭେନ ଚମ୍ପିଆନ ହୋଇଥିଲା। ଏହି ଅବସରରେ ଶିକ୍ଷକ କୃପାସିନ୍ଧୁ ମହାନ୍ତିଙ୍କ ପୌରୋହିତ୍ୟରେ ପୁରସ୍କାର ବିତରଣ ସଭା ଅନୁଷ୍ଠିତ ହୋଇଥିଲା। ଏଥିରେ ମୁଖ୍ୟ ଅତିଥି ଭାବେ ସମାଜସେବୀ ଜୀବନ ପତି, ଡ୍ରାଇଭର ସଂଘର ସଭାପତି ଦିଲୀପ ଦାସ, ଉପସଭାପତି ସୁଧାଂଶୁ ବେହେରା ପ୍ରମୁଖ ଯୋଗ ଦେଇ ଚମ୍ପିଆନ ଦଳକୁ ଟ୍ରଫି ସହ ନଗଦ ୧୫ ହଜାର ଏବଂ ରନର୍ସଅପ୍ ଦଳକୁ କପ୍ ସହ ୧୦ହଜାର ଟଙ୍କା ପୁରସ୍କୃତ କରିଥିଲେ। ମାନସ ନାୟକ ଓ ବିଶ୍ୱନାଥ କରଣ ଅମ୍ପାୟାର ଭାବେ ଖେଳ ପରିଚାଳନା କରିଥିବା ବେଳେ ସ୍କୋରର ସଞ୍ଜୟ ମଲ୍ଲିକ, ରାମଚନ୍ଦ୍ର ସାହୁ କାର୍ଯ୍ୟ ତୁଲାଇଥିଲା ବେଳେ ସତ୍ୟପ୍ରକାଶ ପତି ଏବଂ ରବିନ୍ଦ୍ର ପାଣି ଧାରାବିବରଣୀ ପ୍ରଦାନ କରିଥିଲେ। ମାନସ ନାୟକ, ଈଶ୍ୱର ରାଉଳ, ସୁକାନ୍ତ ସମୀର ନାୟକ, ଦେବାଶିଷ କରଣ ପ୍ରମୁଖ ଟୁର୍ଣ୍ଣାମେ ପରିଚାଳନାରେ ସହଯୋଗ କରିଥିଲେ।

# ଅଜଣା ରୋଗ ନେଲାଣି ୭ ଜୀବନ, ଗୁଣିଆ ଭରଷାରେ ଗ୍ରାମବାସୀ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲାର କାଲିମେଲା ବ୍ଲକ ଅନ୍ତର୍ଗତ ଦୁର୍ଗମ ସାନଟେକଗୁଡା ଗ୍ରାମରେ ଅଜଣା ରୋଗରେ ଯାଇଛି ୭ ଗ୍ରାମବାସୀଙ୍କ ଜୀବନ । ଗ୍ରାମରେ ଏହି ଘଟଣାକୁ ନେଇ ଏକ ପ୍ରକାର ଆତଙ୍କ ଖେଳିଯାଇଥିବା ବେଳେ ଗୁଣିଆ ସାଜିଛି ଏକ ମାତ୍ର ସାହା ଭରସା ! କାଲିମେଲା ବ୍ଲକ ଦୂର୍ଗମ ଅଂଚଳ ଭାବରେ ପରିଚିତ ସାନଟେକଗୁଡା ଗ୍ରାମରେ ୫୨ ଆଦିବାସୀ ସମ୍ପ୍ରଦାୟ ର ଲୋକେ ବସବାସ କରୁଛନ୍ତି ! ସେମାନଙ୍କ ପାଇଁ ବିଶୁଦ୍ଧ ପାଣି ସାତସପନ ପାଲଟିଛି। ଗ୍ରାମରେ ଥିବା ନଳକୂଅ ପାଣି ପିଇବା ଉପଯୋଗି ନୁହେଁ । ସେଥିରେ ନାଲି ରଙ୍ଗର ଗୋଳିଆ ପାଣି ବାହାରୁଛି । ଲୋକ ମାନେ ବାଧହୋଇ ଏହି ଗୋଳିଆ ପାଣି ପିଇ ମୃତ୍ୟୁମୁଖରେ ପଡୁଥିବାର ଦେଖିବାକୁ ମିଳିଛି।ଏଥି ସହିତ ଗ୍ରାମବାସୀମାନେ ନିକଟସ୍ଥ ନାଳ ଓ ଝରଣା ପାଣି ମଧ୍ୟ ପିଇବାକୁ ବାଧ ହେଉଛନ୍ତି। ଗ୍ରାମରେ ୩ ବର୍ଷ ତଳେ ୨ଲକ୍ଷ ଟଙ୍କା ବ୍ୟୟରେ ଏକ ପାନୀୟ ଜଳ ପ୍ରକଳ୍ପ ହୋଇଥିଲେ ମଧ୍ୟ ତାହା ଏବେ ଅକାମୀ ହୋଇପଡ଼ି ରହିଛି। ଫଳରେ ସାନଟେକଗୁଡା ଗ୍ରାମବାସୀ ବିଶୁଦ୍ଧ ପାଣି ଟୋପାଏ ପାଇପାରୁ ନଥିବାର ଅଭିଯୋଗ କରିଛନ୍ତି। ଏହି ଦୂଷିତ ପାଣି ପିଇ ପ୍ରାୟ ୨ମାସଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କ ଜୀବନ ଗଲାଣି। -ସାନଟେକଗୁଡା ଗ୍ରାମରେ ଗତ ୨ମାସ ଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କର ଜୀବନ ଯାଇଥିଲେ ମଧ୍ୟ ଲୋକମାନେ ଏବେ ବି ସଚେତନ ହୋଇନାହାନ୍ତି। ପାଣି ପିଇ ଯଦି କାହାର ଦେହ ଖରାପ ହୁଏ ଗୁଣିଆ ଦ୍ୱାରା ରୋଗୀମାନଙ୍କୁ ଝଡାଫୁଙ୍କା କରା ଯାଉଥିବାର ଦୃଶ୍ୟ ଦେଖିବାକୁ ମିଳିଛି। ଲୋକମାନେ ଡ଼ାକ୍ତରଖାନାଯିବା ପରିବର୍ତେ ଗୁଣିଆ ନିକଟକୁ ଯିବାର ଦେଖି ବାକୁ ମିଳିଛି। ଏହି ଗ୍ରାମବାସୀଙ୍କ ନିକଟରେ ଏ ପଯ୍ୟନ୍ତ ପହଂଚି ନାହିଁ ନି କୋଣସି ସରକାରୀ ସଚେତନତା। ଯାହା ଫଳରେ ଏହି ଗ୍ରାମରେ ଲୋକମାନେ ଗୁଣିଗାରେଡି ଉପରେ ଭରସା କରି ଆସୁଛନ୍ତି ।

# ପୋଲିସ କାର୍ଯ୍ୟନୁଷ୍ଠାନ ନେଉ ନଥିବା ଅଭିଯୋଗ

କେନ୍ଦୁଝର(ପିଏନ) ଝୁମ୍ପୁରା ତହସିଲ ଅନ୍ତର୍ଗତ ବସନ୍ତପୁର ପଞ୍ଚାୟତର ନଈବୁଗା ପଂଚାୟତ ରାସ୍ତାକୁ କେତେକ ମୁଷ୍ଟିମେୟ ଲୋକ ଜେସିବି ମେସିନ ଦ୍ୱାରା ରାସ୍ତା କାଟି ଦେବା ଘଟଣାକୁ ନେଇ ବିବାଦ ଘନୀଭୂତ ହେବାରେ ଲାଗିଛି। ଏହି ଘଟଣାକୁ ନେଇ ଚମ୍ପୁଆ ଉପଜିଲ୍ଲାପାଳ ଝୁମ୍ପୁରା ତହସିଲଦାରଙ୍କୁ ଆଦେଶ କରି ରାସ୍ତା କାଟିଥିବା ବ୍ୟକ୍ତିଙ୍କ ବିରୁଦ୍ଧରେ ପଦକ୍ଷେପ ନେବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି। ସେହିପରି ଏହି ବେଆଇନ କାମ ପ୍ରତିବାଦରେ ସ୍ଥାନୀୟ ବସନ୍ତପୁର ସରପଞ୍ଚ ଲିପାରାଣୀ ନାୟକ ବାମେବାରୀ ଥାନାରେ ଲିଖିତ ଏତଲା ଦେଇଥିଲେ ହେଁ ପୋଲିସ ପକ୍ଷରୁ କାର୍ଯ୍ୟାନୁଷ୍ଠାନ ହେଉନଥିବାରୁ ଅସନ୍ତୋଷ ବଢୁଛି। ପ୍ରକାଶ ଯେ, ଉକ୍ତ ଗ୍ରାମ୍ୟ ରାସ୍ତା ୧୯୬୫ ମସିହାରୁ ଓଏମ୍‌ସି ଖଣି ପରିବହନ ପାଇଁ ବ୍ୟବହାର କରାଯାଇ ଆସୁଥିଲା। ସେହି ରାସ୍ତାରେ ଗ୍ରାମବାସୀ ମଧ୍ୟ ଯାତାୟତ କରୁଥିଲେ। ତେବେ ଦୀର୍ଘ ପ୍ରାୟ ୧୦୦ ବର୍ଷ ପରେ ୨ଜଣ ଆଦିବାସୀ ରାଇମଣୀ ଚମ୍ପିଆ ଓ ଜୟରାମ ମୁଣ୍ଡା ଚମ୍ପୁଆ ଉପଜିଲ୍ଲାପାଳଙ୍କ କୋର୍ଟରେ ତାଙ୍କ ଜମି ଉପରେ ମେସର୍ସ ତାରିଣୀ ପ୍ରସାଦ ମହାନ୍ତି ଜବର ଦଖଲ କରି ରାସ୍ତା ନିର୍ମାଣ କରି ଖଣି ପରିବହନ କରୁଥିବା ଅଭିଯୋଗ କରିଥିଲେ। ଅଭିଯୋଗ ପରେ ଏହି ରାସ୍ତା ଉପରେ ଉପଜିଲ୍ଲାପାଳ ଜମି ଚିହ୍ନଟ ପାଇଁ ପାଇଁ ଝୁମ୍ପୁରା ତହସିଲଦାରଙ୍କୁ ଆଦେଶ ଦେଇଥିଲେ। ୨୧ ତାରିଖ ଦିନ ଅତିରିକ୍ତ ତହସିଲଦାରଙ୍କ ଉପସ୍ଥିତିରେ ମାପଚୁପ କରାଯାଇଥିଲା। ଜମି ମାପଚୁପ ବେଳେ ଝୁମ୍ପୁରା ଅତିରିକ୍ତ ତହସିଲଦାର କ୍ରେସନସିୟା ତିର୍କି କହିଥିଲେ ଉପଜିଲ୍ଲାପାଳଙ୍କ ଫାଇନାଲ ଅର୍ଡର ହେବା ପର୍ଯ୍ୟନ୍ତ ଜମି ଯେପରି ଅଛି ସେପରି ରହିବ ଏବଂ ଯେପରି ବ୍ୟବହାର ହେଉଛି ସେପରି ବ୍ୟବହାର ହେବ। କିନ୍ତୁ ତାଙ୍କ ଆଦେଶକୁ ଅବମାନନା କରି କେତେକ ମୁଷ୍ଟିମେୟ ଲୋକ ରାସ୍ତା କାଟି ଦେବା ଫଳରେ ବିବାଦୀୟ ପରିସ୍ଥିତି ଦେଖାଦେଇଛି। ଜେସିବି ମେସିନ ସହାୟତାରେ ରାସ୍ତାକୁ କାଟି ଗାଁକୁ ଯୋଗାଯୋଗ ବିଚ୍ଛିନ୍ନ କରିବା ଫଳରେ ଗାଁ ଅଶାନ୍ତ ହୋଇପଡିଛି। ଏହି ରାସ୍ତା ଉପରେ ଚୁଡିସାହି,ମୁଣ୍ଡାସାହି, ସାକ୍ରାଡିହି, ନଈବୁଗା ଆଦି ୧୦ଟି ସାହି ବିଚ୍ଛିନ୍ନ ହୋଇଯିବା ଫଳରେ ପାଣି,ଆମ୍ବୁଲାନ୍ସ,ଅତ୍ୟାବଶ୍ୟକ ସାମଗ୍ରୀ ଯୋଗାଣରେ ବାଧାପ୍ରାପ୍ତ ହୋଇଥିଲା। ଏହି ବେଆଇନ ରାସ୍ତା ଖୋଳା ନେଇ ସ୍ଥାନୀୟ ସରପଞ୍ଚ ବାମେବାରୀ ଥାନାରେ ଲିଖିତ ଅଭିଯୋଗ କରିଥିଲେ ମଧ୍ୟ ବାମେବାରୀ ପୋଲିସ ପକ୍ଷରୁ ତତ୍ପରତା ପ୍ରଦର୍ଶନ କରୁନଥିବାରୁ ଉକ୍ତ ଅଞ୍ଚଳ ଅଶାନ୍ତ ହୋଇପଡିଛି। ଗତକାଲି ରାସ୍ତାର ସ୍ଥିତାବସ୍ଥା ଫେରାଇ ଆଣିବାକୁ ଝୁମ୍ପୁରା ତହସିଲଦାର ପ୍ରତିମା ପୃଷ୍ଟି ଏବଂ ଏସ୍‌ଡିପିଓ ବଡବିଲ ହିମାଂଶୁ ବେହେରାଙ୍କ ଉପସ୍ଥିତିରେ ଉଦ୍ୟମ କରିଥିଲେ ହେଁ କିଛି ଅସାମାଜିକ ଲୋକ ଗଣ୍ଡଗୋଳ କରି କାମ କରାଇ ଦେଇନଥିଲେ। ପୋଲିସ ନୀରବଦ୍ରଷ୍ଟା ସାଜି ଚୁପ ବସିଥିବାବେଳେ ଅସାମାଜିକ ଲୋକଙ୍କ ବିରୁଦ୍ଧରେ କାର୍ଯ୍ୟନୁଷ୍ଠାନ ନେଇନଥିଲା। ଏନେଇ ଉପଜିଲ୍ଲାପାଳ ଚମ୍ପୁଆ ପ୍ରତାପ ପ୍ରିତିମୟଙ୍କ ସହ ଯୋଗାଯୋଗ କରିବାରୁ ରାସ୍ତାର ମାପଚୁପ ପାଇଁ କୁହାଯାଇଥିଲା। ଯେଉଁମାନେ ରାସ୍ତା କାଟିଛନ୍ତି ତାଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ନିଆଯିବାକୁ କୁହାଯାଇଛି। ଉପ ଜିଲ୍ଲାପାଳଙ୍କ ନିର୍ଦ୍ଦେଶ ସତ୍ତ୍ୱେ ପୋଲିସ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁନଥିବାରୁ ଗତକାଲି ରାତିରେ କିଛି ଲୋକ ଉକ୍ତ ରାସ୍ତାକୁ ପୁଣି ଥରେ ହାଣି ଦେଇଥିବାରୁ ଯାତାୟତ ବ୍ୟାଘାତ ହୋଇଛି। ସରପଞ୍ଚଙ୍କ ଅଭିଯୋଗ ଅନୁଯାୟୀ ବ୍ରହ୍ମେଶ୍ୱର ମହାକୁଡ,ସୁବାସ ମହାକୁଡ,ମଦନ ମୋହନ ବେହେରା,ସୁବ୍ରତ ପଲେଇଙ୍କ ସମେତ ଅନ୍ୟମାନେ ତାଙ୍କୁ ଜାତିଆଣ ଗାଳିଗୁଲଜ କରିବା ସହ ୨ଟି ଜେସିବି ମେସିନ ସାହାଯ୍ୟରେ ରାସ୍ତା କାଟିଥିବା ନେଇ ଅଭିଯୋଗ କରିଛନ୍ତି। ଦୁଇ ଦୁଇ ଥା ରାସ୍ତା କାଟିବା ପରେ ଅଭିଯୋଗ ପରେ ପୋଲିସ କାର୍ଯ୍ୟନୁଷ୍ଠାନ ନେଉନଥିବାରୁ ସ୍ଥାନୀୟ ଗ୍ରାମବାସୀ ଜିଲ୍ଲାପାଳ ଏବଂ ଆରକ୍ଷୀ ଅଧିକ୍ଷକଙ୍କ ଦ୍ୱାରସ୍ଥ ହେବେ ବୋଲି କହିଛନ୍ତି। କିଛି ଖଳ ପ୍ରକୃତିର ଲୋକ ପରିବହନ କାର୍ଯ୍ୟ ହାତେଇବା ପାଇଁ ଆଦିବାସୀଙ୍କୁ ଢାଲ କରି ବାରମ୍ବାର ଗଣ୍ଡଗୋଳ କରୁଥିବା ଟିପି ମହାନ୍ତି ଖଣିର ପରିଚାଳକ ଇଂ ଚନ୍ଦ୍ରଶେଖର ଜେନା ପ୍ରକାଶ କରିଛନ୍ତି। ଆଦିବାସୀଙ୍କ ଜମି ଟିପି ମହାନ୍ତି ଖଣି ଜବର ଦଖଲ କରିନାହିଁ। ଏହି ରାସ୍ତା ବହୁ ବର୍ଷ ଧରି ଜନସାଧାରଣ ବ୍ୟବହାର କରୁଛନ୍ତି। ଗ୍ରାମ୍ୟ ରାସ୍ତା ଦୀର୍ଘ ବର୍ଷ ଧରି ଜନସାଧାରଣ ବ୍ୟବହାର କରୁଥିବାବେଳେ ଅଭିଯୋଗ ପରେ ସୁପରଭାଇଜର ଭୁବନାନନ୍ଦ ନାୟକ,ମଲଦା ରାଜସ୍ୱ ନୀରିକ୍ଷକ ସୋନାଲୀ ସେଠୀ ଏବଂ ଅମିନ ସୁରେଶ ନାୟକ ଠିକ୍ ଭାବରେ ମାପଚୁପ ନକରି ନଥିବା ସ୍ଥାନୀୟ ସରପଞ୍ଚ ଅଭିଯୋଗ କରିଛନ୍ତି। ମାପଚୁପ କରୁଥିବା କର୍ମଚାରୀ ପ୍ରଭାବିତ ହୋଇ ଚିହ୍ନଟ କରିଥିବା ସେ ଅଭିଯୋଗ କରିବା ସହ ଚମ୍ପୁଆ ଉପଜିଲ୍ଲାପାଳ ଏ ଦିଗରେ ତ୍ୱରିତ ପଦକ୍ଷେପ ନେଇ ଅନ୍ୟ ସର୍କଲରୁ କର୍ମଚାରୀ ଆଣି ମାପଚୁପ କରିବାକୁ ସେ ଦାବୀ କରିଛନ୍ତି। ଏଥିସହ ଏହି ଅଞ୍ଚଳରେ ଦୀର୍ଘ ଦିନ ଧରି ଅରାଜକତା କରୁଥିବା ଲୋକଙ୍କୁ ଗିରଫ କରି ଶାନ୍ତି ଫେରାଇ ଆଣିବାକୁ ଆରକ୍ଷୀ ଅଧିକ୍ଷକଙ୍କ ନିକଟରେ ଦାବୀ କରିଛନ୍ତି।


MAHARISHI PUBLIC SCHOOL

2023-2024



ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2023

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

ଖେଳ
ସାଧାରଣ ଲୋକଙ୍କ ଖବରକାଗଜ
ପର୍ଯ୍ୟବେକ୍ଷକ 25
PARYABEKHYAK
पर्यवेक्षक
Bhubaneswar Friday March 03, 2023 ଭୁବନେଶ୍ୱର ଶୁକ୍ରବାର, ମାର୍ଚ୍ଚ ୦୩,୨୦୨୩ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com


# ପାରାଦୀପ ପୌର କାର୍ଯ୍ୟାଳୟରେ ସାଇକେଲ ବଣ୍ଟନ

ପାରାଦୀପ, (ପି.ଏନ): ଗୁରୁବାର ଦିନ ମାନ୍ୟବର ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ରାଜ୍ୟର ବିଭିନ୍ନ ପୌର ପାଳିକାରେ କାର୍ଯ୍ୟ କରୁଥିବା କର୍ମୀମାନଙ୍କୁ ସାଇକେଲ ବଣ୍ଟନ କରିଥିଲେ । ଅନୁରୂପ ଭାବେ ପାରାଦୀପ ପୌର କାର୍ଯ୍ୟାଳୟ ପରିସରରେ ମିଶନ ଶକ୍ତି ଅଧିନରେ ସାଇକେଲ ବଣ୍ଟନ କରାଯାଇଥିଲା । ପାରାଦୀପର ପୌରପାଳ ବସନ୍ତ ବିଶ୍ୱାଳ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ଏହି ଯୁଗାନ୍ତକାରୀ ପଦକ୍ଷେପକୁ ପ୍ରଶଂସା କରିଥିଲେ । ପାରାଦୀପ ପୌର ପାଳିକା ଅଧିନରେ କାର୍ଯ୍ୟରତ ଏମ୍.ସି.ସି.ପଏଣ୍ଟ, ସ୍ୱଚ୍ଛ କର୍ମୀ,ସ୍ୱଚ୍ଛ ସାଥୀ, ଜଳ ସାଥୀ,ଆହାର କେନ୍ଦ୍ରକର୍ମୀମାନଙ୍କୁ ୮୦ ଗୋଟି ସାଇକେଲ ପ୍ରଦାନ କରାଯାଇଥିଲା । ପୌରପାଳ ଶ୍ରୀ ବିଶ୍ୱାଳଙ୍କ ସମେତ ପୌର ଉପାଧକ୍ଷା ଓ ପାରିଷଦମାନେ ଏହି କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ ।



## ପିଲାଙ୍କ ଭୋଜନାଳୟ ଗୃହର ଶିଳାନ୍ୟାସ

ଭୁବନେଶ୍ୱର,(ପି.ଏନ): ଆଚାର୍ଯ୍ୟ ବିହାର ନିକଟସ୍ଥ ଆର ଆର ଏଲ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରେ ପିଲା ମାନଙ୍କ ପାଇଁ ଭୋଜନାଳୟ ଗୃହ କାର୍ଯ୍ୟର ଶିଳାନ୍ୟାସ ୧୨ ନମ୍ବର ଓାର୍ଡର କର୍ପୋରେଟର ଜୟ'1 ସାହୁଙ୍କ କରକମଳରେ ଅନୁଷ୍ଠିତ ହୋଇଯାଇଛି । ବିଧାୟକ ପାଣ୍ଠିରେ ନିର୍ମିତ ହେବାକୁ ଥିବା ଏହି ଗୃହର ବ୍ୟୟ ଅଟକଳ ୪ ଲକ୍ଷ ୫୦ ହଜାର ଟଙ୍କା ରହିଛି । ମୁଖ୍ୟ ଅତିଥି ଭାବେ ଶ୍ରୀମତୀ ସାହୁ ଯୋଗଦେଇ ଗୃହର ଶୁଭ ଦେଇ କହିଥିଲେ ପିଲାମାନେ ବର୍ଷା ଦିନରେ ମଧ୍ୟାହ୍ନ ଭୋଜନ କରିବା ପାଇଁ ଅସୁବିଧାର ସମ୍ମୁଖୀନ ହେଉଥିଲେ। ନିର୍ବାଚନ ସମୟରେ ସ୍କୁଲ କମିଟି ପକ୍ଷରୁ ମୋତେ ଅନୁରୋଧ କରା ଯାଇଥରଲା । ଏନେଇ ମୁଁ ଆମ ଉ□ରର ଜନପ୍ରିୟ ବିଧାୟକ ସୁଶାନ୍ତ କୁମାର ରାଉତଙ୍କ ଦୃଷ୍ଟି ଆକର୍ଷଣ କରିଥିଲି । ମାନ୍ୟବର ବିଧାୟକ ଏହାର ତୁରନ୍ତ ବିଚାର କରି ବିଧାୟକ ପାଣ୍ଠିରୁ ଅର୍ଥ ମୁର କରିଥିଲେ। ପିଲାମାନଙ୍କ ମୁହଁରେ ହସ ଫୁଟାଇବା ପାଇଁ ବିଧାୟକ ତୁରନ୍ତ ପଦକ୍ଷେପ ଗ୍ରହଣ କରିଥିବାରୁ ବିଧାୟକଙ୍କୁ ଆନ୍ତରିକ କୃତଜ୍ଞତା ଜଣାଇବା ସହିତ ଅଞ୍ଚଳବାସୀଙ୍କ ପକ୍ଷରୁ ଧନ୍ୟବାଦ ଅର୍ପଣ କରିଥିଲେ।

## କେନ୍ଦ୍ରାପଡା ସଦର ଥାନାରେ ପୋଲିସ ଦ୍ୱାରା ପ୍ରେମି ଯୁଗଳଙ୍କ ବିବାହ

କେନ୍ଦ୍ରାପଡ଼ା,(ପି.ଏନ): ପ୍ରଥମେ ପ୍ରେମ ଓ ପରେ ପ୍ରତାରଣା ଓ ଧୋକା ଦେଇ ବିବାହ କରିବାକୁ ରୋକଠୋକ ମନାକରିବା ପରେ ଶେଷରେ ପ୍ରେମିକଙ୍କ ଘର ଦୁଆର ମୁହଁରେ ବୁଧବାର ଧାରଣା ଦେଇଥିଲେ ପ୍ରେମିକାଢ ଅର୍ଚ୍ଚନା। ଏସମ୍ପର୍କରେ ବିଭିନ୍ନ ଗଣମାଧ୍ୟମରେ ଖବର ପ୍ରକାଶ ପାଇବା ପରେ କେନ୍ଦ୍ରାପଡା ସଦର ଥାନା ପୋଲିସ ଘଟଣାସ୍ଥଳରେ ପହଞ୍ଚି ଉଭୟ ପ୍ରେମିକ ଓ ପ୍ରେମିକାଙ୍କୁ ଥାନାକୁ ଉଠାଇ ଆଣିଥିଲା। ଥାନାରେ ଗୋଟିଏ ଦିନ ଅଟକ ରହିବା ପରେ ଉଭୟଙ୍କ ପରିବାର ଥାନାରେ ପହଞ୍ଚିଆପୋଷ ଆଲୋଚନା କରିଥିଲେ। ଏହାପରେ ସେହି ଥାନା ପରିସରରେ ଉଭୟ ପରିବାରଙ୍କ ଉପସ୍ଥିତିରେ ପ୍ରେମିକ ଓ ପ୍ରେମିକାଙ୍କ ସହମତିରେ ଉଭୟ ମାଳା ବଦଳାଇ ହିନ୍ଦୁ ରୀତିନୀତିରେ ବିବାହ କରିଥିଲେ। ପୋଲିସ ଓ ସାଧାରଣ ଜନତାଙ୍କ ଉପସ୍ଥିତିରେ କେନ୍ଦ୍ରାପଡା ସଦର ଥାନା ଅନ୍ତର୍ଗତ କପାଳେଶ୍ୱର ଗ୍ରାମର କୈଳାସ ଚନ୍ଦ୍ର ବାରିକଙ୍କ ପୁଅ ସଚ୍ଚିନ୍ଦ୍ର(୩୨) ସେହି ଗ୍ରାମର ଧ୍ରୁବ ମଳିକଙ୍କ ଝିଅ ଅର୍ଚ୍ଚନା(୨୪)ଙ୍କ ମୁଣ୍ଡରେ ସିନ୍ଦୁର ଲଗାଇ ଦେବା ସହିତ ହାତରେ ଶଙ୍ଖା ପିନ୍ଧାଇ ଦେଇ ବିବାହ କରିଥିଲେ। ସେଠାରେ ଉପସ୍ଥିତ ସମସ୍ତେ ଉଭୟ ନବ ଦମ୍ପ□ଙ୍କୁ ଆଶ୍ରିର୍ବାଦ ପ୍ରଦାନ କରିଥିଲେ। ଏହି କାର୍ଯ୍ୟକ୍ରମରେ ଥାନା ଅଧିକାରୀ ସରୋଜ କୁମାର ସାହୁ, ଏ.ଏସ.ଆଇ. ମାମି ଦେଇ, କପାଳେଶ୍ୱର ପଞ୍ଚାୟତର ସରପଞ୍ଚଙ୍କ ପ୍ରତିନିଧି ଲୋହିତ ମହାନ୍ତି, ଗୁଲନଗର ପଞ୍ଚାୟତର ପୂର୍ବତନ ସରପଞ୍ଚ ପିତବାସ ବେହେରା, ମୀନକେତନ ମହାନ୍ତି, ଶରତ ଚନ୍ଦ୍ର ମଲ୍ଲିକ ପ୍ରମୁଖ ଉପସ୍ଥିତ ଥିଲେ। ବିଗତ ୪ବର୍ଷ ଧରି ଉଭୟ ପ୍ରେମିକ ଓ ପ୍ରେମିକା ଉଭୟଙ୍କୁ ଭଲ ପାଉଥିଲେ। ସଚ୍ଚିନ୍ଦ୍ରଙ୍କ ପରିବାର ଏକଥା ଜାଣିବା ପରେ ଏହି ବିବାହକୁ ବିରୋଧ କରିଥିଲେ। ଫଳରେ ସଚ୍ଚିନ୍ଦ୍ର ଘର ଛାଡି ପଳାଇଯାଇଥିବା ବେଳେ ଅର୍ଚ୍ଚନା ସଚ୍ଚିନ୍ଦ୍ରଙ୍କ ଘର ଦୁଆରମୁହଁରେ ଧାରଣାରେ ବସିଥିଲେ।

## ଶ୍ରୀବଳଦେବଜୀଉଙ୍କ ଝୁଲଣମଣ୍ଡପ ନିକଟରେ ଟଳି ପଡିଲେ ସେବକ

କେନ୍ଦ୍ରାପଡ଼ା, (ପି.ଏନ) : ଇଚ୍ଛାପୁରସ୍ଥିତ ଶ୍ରୀବଳଦେବଜୀଉଙ୍କ ଝୁଲଣ ମଣ୍ଡପ ନିକଟରେ ଗୁରୁବାର ଅପରାହ୍ନ ପ୍ରାୟ ଗୋଟାଏ ୫୦ମିନିଟ ସମୟରେ ଟଳି ପଡିଥିଲେ ଖଡିଅଙ୍ଗ ଗ୍ରାମର ପଣ୍ଡିତ କୃଷ୍ଣାନନ୍ଦ ପଣ୍ଡାଙ୍କ ପୁତ୍ର ତଥା ଶ୍ରୀଜୀଉଙ୍କ ସେବକ ପଦ୍ମଲୋଚନ ପଣ୍ଡା(୪୯)। ତାଙ୍କୁ ସଙ୍ଗେ ସଙ୍ଗେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭ□ କରାଯାଇଥିଲେବି ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ସେ ଶ୍ରୀଜୀଉଙ୍କ ମନ୍ଦିରକୁ ପ୍ରସାଦ ଆଣିବାକୁ ଯାଇଥିବା ବେଳେ ହଠାତ ହୃଦଘାତରେ ଶ୍ରୀଜୀଉଙ୍କ ଝୁଲଣ ମଣ୍ଡପରେ ଟଳି ପଡିଥିଲେ। ଖବର ପାଇ ଟାଉନ ଥାନା ପୋଲିସ ପହଞ୍ଚି ତାଙ୍କ ଶବ ଜବତ କରି ବ୍ୟବଚ୍ଛେଦ କରାଇବା ସହ ପରିବାରକୁ ହସ୍ତାନ୍ତର କରିଥିବା ଜଣାପଡିଛି। ତାଙ୍କ ବିୟୋଗ ଖବର ପାଇ ପୂର୍ବତନ ନଗରପାଳ ଧିରେନ ସାହୁ, ପୂର୍ବତନ ରାଜ୍ୟ ବିଜେଡି ଯୁଗ୍ମସମ୍ପାଦକ ରାଜେଶ ପଣ୍ଡା, ରଞ୍ଜିତ ସାହୁ, କାଉନସିଲର କାଳିପ୍ରସାଦ ମିଶ୍ର, ସଂଗମକେଶରୀ ସାମଲ, ଉମେଶ ଚନ୍ଦ୍ର ନାୟକ, ଯଯାତିକେଶରୀ ମହାନ୍ତି, ପ୍ରଶାନ୍ତ କୁମାର ସିଂ, ନିରାକାର ସ୍ୱାଇଁ, ସଞ୍ଜୟ ଜେନା, ମନୋଜ ସାହୁ, ସୁବାଷ କୁମାର ଚାନ୍ଦ, ଭାଇ ହିରଣ୍ୟ ପଣ୍ଡା, ବିଜୟ କୁମାର ମଣ୍ଡଳ ପ୍ରମୁଖ ତାଙ୍କ ବାସଭବନରେ ପହଞ୍ଚି ଶେଷଦର୍ଶନ କରିବା ସହ ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ। ସମବାୟ ମନ୍ତ୍ରୀ ଅତନୁ ସବ୍ୟସାଚି ନାୟକ ଓ କେନ୍ଦ୍ରାପଡା ବିଧାୟକ ଶଶିଭୂଷଣ ବେହେରା ପ୍ରମୁଖ ଗଭିର ଶୋକବ୍ୟକ୍ତ କରିଛନ୍ତି।

## ଅଟଳ ବିହାରୀ ବାଜପେୟୀ ଟ୍ରଷ୍ଟ ଅଧ୍ୟକ୍ଷଙ୍କ ଉପରେ ମରଣାନ୍ତକ ଆକ୍ରମଣ

ପାରାଦୀପ,(ପି.ଏନ): ପାରାଦୀପର ଅଟଳ ବିହାରୀ ବାଜପେୟୀ ଟ୍ରଷ୍ଟର ଅଧ୍ୟକ୍ଷ ଅଜିତ କୁମାର ଦାସଙ୍କ ଉପରେ ମରଣାନ୍ତକ ଆକ୍ରମଣ ହୋଇଛି । ଶ୍ରୀ ଦାସ ରାତି ପ୍ରାୟ ୧୦ଟା ସମୟରେ ନିଜ ଘର ମଧୁବନ ଜଗନ୍ନାଥ ମନ୍ଦିର ନିକଟସ୍ଥ ଜଗନ୍ନାଥ କଲୋନୀ(ବଙ୍ଗାଳୀପଡା)କୁ ମୋଟର ସାଇକେଲ ଯୋଗେ ଫେରୁଥିବା ବେଳେ ଏହି ଆକ୍ରମଣର ଶୀକାର ହୋଇଥିଲେ । ଆକ୍ରମଣ ପରେ ତାଙ୍କୁ ତୁରନ୍ତ ଅଠରବାଙ୍କୀ ମେଡିକାଲକୁ ନିଆଯାଇଥିଲା । ଅବସ୍ଥା ଗୁରୁତର ଥିବାରୁ ତାଙ୍କୁ କଟକ ସ୍ଥାନାନ୍ତରିତ କରାଯାଇଛି । ଆକ୍ରମଣ ଘଟଣା ସମ୍ପର୍କରେ ଶ୍ରୀ ଦାସଙ୍କ ଝିଅ ଗଙ୍ଗା ଦାସ ବୁଧବାର ଦିନ ରାତିରେ ପାରାଦୀପ ଆଦର୍ଶ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି । ଅଭିଯୋଗ ପାଇବା ପରେ ପୋଲିସ୍ ତଦନ୍ତ ଆରମ୍ଭ କରିଛି । ପୋଲିସ୍ ଆକ୍ରମଣ ଘଟଣାରେ ସଂପୃକ୍ତି ନେଇ ଜଗନ୍ନାଥ କଲୋନୀର ଜଣେ ବ୍ୟକ୍ତିଙ୍କ ଥାନାକୁ ଆନି ପଚରା ଉଚରା କରୁଥିବା ଜଣାପଡିଛି । ପ୍ରକାଶଥାଉକି, ପାରାଦୀପରେ ପୂର୍ବତନ ପ୍ରଧାନମନ୍ତ୍ରୀ ଅଟଳ ବିହାରୀ ବାଜପେୟୀଙ୍କ ପ୍ରତିମୂ□ୀ ପ୍ରତିଷ୍ଠା ସମୟରେ ଭୁବନେଶ୍ୱର ସାଂସଦ ଅପରାଜିତା ଷଡଙ୍ଗୀଙ୍କୁ ଶ୍ରୀ ଦାସ ଆଣି ପ୍ରତିଷ୍ଠା କରାଇଥିଲେ । ଏହା ପରେ ତାଙ୍କୁ ବିଜେପି ଜିଲ୍ଲା ଉପସଭାପତି ପଦବୀରୁ ବହିଷ୍କାର କରାଯାଇଥିଲା । ଦଳୀୟ ଅନ୍ତ କନ୍ଦଳ କିମ୍ବା ବସ୍ତିରେ ଅନ୍ତ କନ୍ଦଳକୁ ନେଇ କିଛି ଦିନ ହେଲା ଶ୍ରୀ ଦାସ ବିବାଦ ଘେରରେ ରହି ଆସିଥିଲେ ।



## କୃତି ଶିକ୍ଷକ ଡ଼ଃ. ସିଦ୍ଧେଶ୍ୱର ପଣ୍ଡାଙ୍କୁ ଏଜୁକେସନ ଆଇକନ ଆୱାର୍ଡ

ଜଗତସିଂହପୁର / ପାରାଦୀପ:(ପି.ଏନ. ଡ଼ି): ଡ଼ଃ. ପଣ୍ଡିତ ସିଦ୍ଧେଶ୍ୱର ପଣ୍ଡା ଜଗତସିଂହପୁର ଜିଲ୍ଲା ତଥା ରାଜ୍ୟ ଶିକ୍ଷା ବିଭାଗରେ ଏକ ପରିଚିତ ନାମ କ୍ଷ ଉତ୍କଳ ବିଶ୍ୱବିଦ୍ୟାଳୟ ରୁ ସ୍ନାତକୋତ୍ତର ସଂସ୍କୃତରେ ଏମଏ ପାସ କରିଥିବା ଏବଂ ଜଗତସିଂହପୁର ଜିଲ୍ଲାରେ ପ୍ରଥମେ ସଂସ୍କୃତ ଅଧ୍ୟାପକ ଓ ପରେ ସଂସ୍କୃତ ଶିକ୍ଷକ ଭାବେ ଡ଼ଃ. ପଣ୍ଡା ଶିକ୍ଷକ ବୃତ୍ତି ମାଧ୍ୟମରେ ଅନେକ ମେଧାବୀ ଛାତ୍ରଛାତ୍ରୀ ସୃଷ୍ଟି କରିଛନ୍ତି କ୍ଷ ଅଧ୍ୟାପନା ସହିତ ସରଳ ସଂସ୍କୃତ ଭାଷାରେ ଅନେକ ଗଳ୍ପ, ପ୍ରବନ୍ଧ ଓ କବିତା ରଚନା କରି ଡ଼ଃ. ପଣ୍ଡା ତାଙ୍କର ଏକ ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିପାରିଛନ୍ତି । ଡ଼ଃ. ପଣ୍ଡାଙ୍କ କାର୍ଯ୍ୟ ଦକ୍ଷତା, କୃତିତ୍ୱ ଓ ଅବଦାନ ପାଇଁ ସେ ଅନେକ ଅନୁଷ୍ଠାନ ଦ୍ୱାରା ସମ୍ବର୍ଦ୍ଧିତ ହୋଇଛନ୍ତି କ୍ଷ ସମ୍ପ୍ରତି ନୂଆଦିଲ୍ଲୀ ସ୍ଥିତ ମ୍ୟାଜିକ ବୁକ ଅଫ ରେକର୍ଡ୍ସ ଦ୍ୱାରା ଡ଼ଃ. ପଣ୍ଡା 'ଏଜୁକେସନ ଆଇକନ ଆୱାର୍ଡ' ରେ ସମ୍ମାନିତ ହୋଇଛନ୍ତି କ୍ଷ ଏବଂ ଏହି କାର୍ଯ୍ୟକ୍ରମରେ ତାଙ୍କୁ ସମ୍ମାନିତ ଅତିଥି ଭାବେ ନିମନ୍ତ୍ରଣ କରାଯାଇଥିଲା କ୍ଷ ଏହି ସଫଳତା ହାସଲ ପରେ ଜିଲ୍ଲା ସମେତ ରାଜ୍ୟର ବିଭିନ୍ନ ଅନୁଷ୍ଠାନ ଓ ବୁଦ୍ଧିଜୀବୀଙ୍କ ପକ୍ଷରୁ ଡ଼ଃ. ପଣ୍ଡାଙ୍କୁ ଶୁଭେଚ୍ଛା ବାର୍ତ୍ତା ମିଳିବାରେ ଲାଗିଛି।



## ରାଧାକୃଷ୍ଣ ଗୋରସ ସମିତିର ପ୍ରସ୍ତୁତି ବୈଠକ

ପାରାଦୀପ, (ପି.ଏନ): ପାରାଦୀପ ଷଣ୍ଢକୁଦ ଅଂଚଳରେ ଥିବା ସର୍ବପୁରାତନ ଅନୁଷ୍ଠାନ ରାଧାକୃଷ୍ଣ ଗୋରସ ସମିତି ପକ୍ଷରୁ ୨୩ ତମ ଫଂଚୁ ଦୋଳମେଳଣ ଉପଲକ୍ଷେ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ସମିତିର ସଭାପତି ଗଦାଧର ଦାସ ଏହି ବୈଠକରେ ସଭାପତିତ୍ୱ କରିଥିଲେ । ୧୨ ତାରିଖ ଦିନ ଲଉଡି ଖେଳ ଶୋଭାଯାତ୍ରା ଏବଂ ଉଦଘାଟନୀ ଉତ୍ସବ ଅନୁଷ୍ଠିତ ହେବା ସହ ୧୩ ତାରିଖ ଦିନ ସଂଧ୍ୟାରେ ଲଉଡି ଖେଳ ପ୍ରତିଯୋଗିତା, ୧୪ ଓ ୧୫ ତାରିଖ ଦିନ ମୁକ୍ତାକାଶ ନାଟକ ପରିବେଷଣ କରାଯିବ । ଏହି କାର୍ଯ୍ୟକ୍ରମରେ ବହୁ ସଂଖ୍ୟାରେ ଯୋଗଦାନ କରିବାକୁ ସଭାପତି ଶ୍ରୀ ଦାସ ନିବେଦନ କରିଛନ୍ତି । ଏହି ପ୍ରସ୍ତୁତି ବୈଠକରେ ନୃସିଂହ ଚରଣ ବେହେରା, ନିତ୍ୟାନନ୍ଦ ବେହେରା,ଅମୁଲ୍ୟ ଦାସ,ରମେଶ ଦାସ,ଅଜୟ ବେହେରା, ମଧୁସୂଦନ ପରିଡା,ଅନିରୁଦ୍ଧ ଗାଇଆ,ମହେନ୍ଦ୍ର ପଲେଇ,ଶ୍ରୀକାନ୍ତ ଶୁକ୍ଲ ପ୍ରମୁଖ ଯୋଗ ଦେଇଥିଲେ।

## ସବାଇ ଘାସ ସାମଗ୍ରୀର ବିବିଧକରଣ ସମ୍ପର୍କିତ ତାଲିମ ଶିବିର ଉଦଯାପିତ




ବାରିପଦା:(ପି.ଏନ) ରାଜ୍ୟ ସରକାରଙ୍କ ଅନୁସୂଚିତ ଜନଜାତି ଓ ଅନୁସୁଚିତ ଜାତି ଉନ୍ନୟନ ବିଭାଗର ଏସସିଏସଟି ଆରଟିଆଇ ଦ୍ୱାରା ଆୟୋଜିତ ଏବଂ ଓମ୍ବାଡସି ସହାୟତାରେ ବାଙ୍ଗିରିପୋଷୀ ବ୍ଲକ ଅନ୍ତର୍ଗତ ତରଡାପାଳ ଠାରେ ନିଝାରିବଡାମ କାରିଗର ଉତ୍ପାଦକ ସଂଗଠନ ଆନୁକୂଲ୍ୟରେ ଆଦିବାସୀ ମହିଳା କାରିଗରମାନଙ୍କ ପାଇଁ ସବାଇଘାସ ସାମଗ୍ରୀର ବିବିଧକରଣ ଉପରେ ଚାଲିଥିବା ୧୦ ଦିନିଆ ତାଲିମ ଶିବିର ଉଦ୍?ଯାପିତ ହୋଇଯାଇଅଛି ।ଏହି ତାଲିମ ଶିବରରେ ଅସନା, ଜୁନା, ତରଡାପାଳ, ଦରାଖୁଟିଆ, ନାଖୁରା ଇତ୍ୟାଦି ଗ୍ରାମରୁ ୫୦ଜଣ ଆଦିବାସି ମହିଳା କାରିଗର ଅଂଶଗ୍ରହଣ କରିଥିବା ବେଳେ, ତାଲିମ ଶିବିରରେ ଉଦଯାପନୀ ଅଧିବେଶନରେ ମୟୂରଭଂଜ ଜିଲ୍ଲା ହସ୍ତଶିଳ୍ପ ବିଭାଗର ସ୍ୱାଗତିକା ନାୟକ, ଅତିଥି ଭାବେ ଯୋଗ ଦେଇ ଆଦିବାସୀ ମହିଳା କାରିଗର ମାନଙ୍କୁ ଉତ୍ସାହିତ କରିଥିଲେ । ତାଲିମ ଶିବିରର ମୁଖ୍ୟ ପ୍ରଶିକ୍ଷକ ମୃତ୍ୟୁଂଜୟ କୁମାର ଯୋଗଦେଇ ଆଦିବାସୀ ମହିଳାମାନେ ଏକତ୍ରିତ ହୋଇ ସବାଇଘାସ ଶିଳ୍ପର ବିବିଧକରଣ କରି ଜିଲ୍ଲା, ରାଜ୍ୟ ତଥା ଜାତୀୟ ସ୍ତରରେ ସବାଇଘାସ ସାମଗ୍ରୀକୁ ବେଶୀ ଆଦୃତ କରିପାରିବେ ଓଏହାଦ୍ୱାରା ମହିଳାମାନେ ସାବଲମ୍ବୀ ହୋଇପାରିବେ ବୋଲି କହିଥିଲେ । ଅଧିବେଶନକୁ ଏସସି ଏସଟି ଆରଟିଆଇ ର କାର୍ଯ୍ୟକ୍ରମ ଅଧିକାରୀ ଶିବ ପ୍ରସାଦ ପାତ୍ର ସଂଚାଳନ କରିଥିବା ବେଳେ, ଜିଲ୍ଲା ସଂଯୋଜକ ବୁଧୁରାମ ପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ। ନିଝାରି ବଡାମ କାରିଗର ଉତ୍ପାଦକ ସଂଗଠନର ସଭାନେତ୍ରୀ ସରସ୍ୱତୀ ନାୟକ, ସଂପାଦିକା ମାଳତୀନାୟକ ଓ କୋଷାଧକ୍ଷା ବିନ୍ଦୁମତୀ ନାୟକ ଅନ୍ୟ ସଭ୍ୟାମାନଙ୍କ ସହିତ ମିଶି ତାଲିମ ଶିବିରଆୟୋଜନ କରିବା ପାଇଁ ସହଯୋଗ କରିଥିଲେ ।

ADMISSION OPEN
MAHARISHI PLAY SCHOOL
A Great Place to Grow @ mps
PLAY GROUP (2+)
NURSERY (3+)
LKG, UKG, STD-I TO V
25% reservation as per RTE Act (2009)



FIND THE DIFFERENCE
●Surveillance through CCTV Camera ●Small Classes ●Congenial Environment ●Intimate, Safe & Secured Place ●Experienced & loving teachers ●Individual attention to each child ●Spacious Playground ●AC Activity Room ●Transport Facilities
TUITION CLASSES for Std I to Std V
Timing: 5 PM to 6.30 PM
MAHARISHI PUBLIC SCHOOL
N4-F/24, IRC Village, Nayapalli, Bhubaneswar, Phone: 0674-2558884,2550786
E-mail: maharishipublic13@gmail.com
25% Seats reserved in Std. 1 under RTE Act

Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray